# ଧରିତ୍ରୀ
DHARITRI

ଧରିତ୍ରୀ 51 Years

ଭୁବନେଶ୍ୱର, ସୋମବାର, ନଭେମ୍ବର ୧୦/୨୦୨୫ (୧୨ ପୃଷ୍ଠା) | Bhubaneswar, Monday, November 10/2025 | Page 12 | ₹ 7.00 | DHENKANAL

୫୧ଶ ଭାଗ ୩୪୪ ସଂଖ୍ୟା | www.orissakhabar.com/www.dharitri.com | Printed at Angul, Bhubaneswar, Sambalpur & Rayagada | VOLUME 51 ISSUE 344 | ମୂଲ୍ୟ ₹୭/-




**ପ୍ରମୋଦ ଭଗତଙ୍କୁ ସ୍ୱର୍ଣ୍ଣିମ ସଫଳତା**

ଜାପାନର ଟୋକିଓରେ ଅନୁଷ୍ଠିତ ହୁଲିକ୍ ଦାଇହାତସୁ ଜାପାନ ପାରା ବ୍ୟାଡ୍‌ମିଣ୍ଟନ ଟୁର୍ନାମେଣ୍ଟରେ ଓଡ଼ିଶାର ପ୍ରମୋଦ ଭଗତ ୩ ସ୍ୱର୍ଣ୍ଣ ପଦକ ହାସଲ କରିଛନ୍ତି। ୧୨

୦୨ **‘ମୁଁ ପୁରୁଷଙ୍କୁ ଈର୍ଷା କରେ’: ଟ୍ୱିଙ୍କଲ ଖାନ୍ନା**

ବଲିଉଡ ଅଭିନେତ୍ରୀରୁ ଲେଖିକା ପାଲଟିଥିବା ଟ୍ୱିଙ୍କଲ ଖାନ୍ନା ‘ମେନୋପଜ’ ଉପରେ ଲେଖିଲା ବେଳେ ପୁରୁଷମାନଙ୍କୁ ଈର୍ଷା କରୁଥିବା ମଜାଳିଆ ଢଙ୍ଗରେ କହିଛନ୍ତି।



## ବଢୁଛି ଶୀତ, ୧୫ ଡିଗ୍ରୀ ତଳେ ୮ ସହର

ଭୁବନେଶ୍ୱର,୯।୧୧(ବନ୍ଦନା ସେଠୀ)

ରାଜ୍ୟକୁ ବିଳମ୍ବରେ ଶୀତ ଆସିଥିଲେ ମଧ୍ୟ ଧୀରେ ଧୀରେ ବଢ଼ିବାରେ ଲାଗିଛି। ଗତ ୨୪ ଘଣ୍ଟାରେ ରାଜ୍ୟର ୮ ସହରର ତାପମାତ୍ରା ୧୫ ଡିଗ୍ରୀ ତଳେ ରହିଥିଲା। ଦାରିଙ୍ଗବାଡିଠାରେ ସର୍ବନିମ୍ନ ତାପମାତ୍ରା ୧୧ ଡିଗ୍ରୀ ଛୁଇଁଥିବାବେଳେ ଝାରସୁଗୁଡା ୧୧.୭ ଡିଗ୍ରୀ, ଫୁଲବାଣୀ ୧୨ଡିଗ୍ରୀ, ରାଉରକେଲା ୧୩.୨ଡିଗ୍ରୀ, ଭଦ୍ରକ ୧୪ଡିଗ୍ରୀ ଏବଂ କୋରାପୁଟ, କେନ୍ଦୁଝରଗଡ଼ ଓ ଅନୁଗୋଳରେ ୧୪.୬ ଡିଗ୍ରୀ ରେକର୍ଡ କରାଯାଇଛି। ସେହିପରି ଆଗାମୀ ୨୪ ଘଣ୍ଟା ପାଇଁ ଭୁବନେଶ୍ୱର ଓ ଏହାର ଆଖପାଖ ଅଞ୍ଚଳରେ ଆକାଶ ମେଘୁଆ ରହିବା ନେଇ ଆଞ୍ଚଳିକ ☞ପୃଷ୍ଠା–୪

**ଆଜିର ସମ୍ପାଦକୀୟ**

ଆଗ ଆମେରିକା



ଐତିହାସିକ କଟକ ବାଲିଯାତ୍ରା ପଡ଼ିଆରେ ରବିବାର ଅପରାହ୍ନରେ ଦେଖାଯାଇଥିବା ଗହଳି । (ଫଟୋ: ରାଜକିଶୋର ମହାନ୍ତି)

## ସରିଲା ପ୍ରଚାର, ଏବେ ଗାଁ ନେତା ଭରସା

- ନିର୍ବାଚନମଣ୍ଡଳୀ ଛାଡ଼ିଲେ ବାହାର ନେତା, ମନ୍ତ୍ରୀ, ବିଧାୟକ
- ଅନ୍ଧାରି ବିଜେ ଉପରେ ନଜର ରଖିବ ଜିଲା ପ୍ରଶାସନ
- ଅସନ୍ତୁଷ୍ଟଙ୍କ କାର୍ଯ୍ୟକଳାପକୁ ନେଇ ଭାଳେଣି

ନୂଆପଡ଼ା,୯।୧୧(ସୁନିତ୍ ମିଶ୍ର)

ନୂଆପଡ଼ା ଉପନିର୍ବାଚନ ଲାଗି ଚାଲିଥିବା ପ୍ରଚାର ରବିବାର ସନ୍ଧ୍ୟା ୬ଟାରେ ଶେଷ ହୋଇଛି। ମଙ୍ଗଳବାର ସକାଳେ ମତଦାନ ଆରମ୍ଭ ହେବାକୁ ଥିବାରୁ ରାଜ୍ୟ ନିର୍ବାଚନ କମିଶନଙ୍କ ପକ୍ଷରୁ ଲଗାଯାଇଥିବା କଟକଣା ମୁତାବକ ସବୁ ଦଳ ସେମାନଙ୍କ ପ୍ରଚାର ବନ୍ଦ କରିଛନ୍ତି। ଏହି ଆସନକୁ ନିଜ ଦଖଲରେ ନେବା ଲାଗି ରାଜ୍ୟର ୩ ପ୍ରମୁଖ ଦଳ ଭାଜପା,ବିଜେଡି ଓ କଂଗ୍ରେସର ମାଲମାଲ ନେତାକର୍ମୀ ୧ ମାସ ଧରି ପକାଇଥିବା ଡେରା ଶେଷରେ ଉଠାଇଛନ୍ତି। ଏଣିକି ରାଜ୍ୟର ବିଭିନ୍ନ ପ୍ରାନ୍ତରୁ ଯାଇଥିବା ନେତାମାନେ ଆଉ ନିଜ ଦଳର ପ୍ରାର୍ଥୀଙ୍କ ପାଇଁ ପ୍ରଚାର କରିବେ ☞ପୃଷ୍ଠା–୪

### ବିଜେଡି, କଂଗ୍ରେସ ନେତାଙ୍କ ଘରେ ଆଇଟି ଚଢ଼ାଉ

ନୂଆପଡ଼ା,୯।୧୧(ମକାରୁ ବେମାଲ)



ମନୋଜ ମିଶ୍ର, ଅଙ୍କିତ ସିଂଘାଇ

ନୂଆପଡ଼ା ଉପନିର୍ବାଚନକୁ ଅବାଧ ଓ ନିରପେକ୍ଷ ଭାବରେ ପରିଚାଳନା କରିବା ପାଇଁ ଜିଲା ପ୍ରଶାସନ ଓ ପୋଲିସ ପ୍ରଶାସନ ପକ୍ଷରୁ ଯାଞ୍ଚ ପ୍ରକ୍ରିୟାକୁ କଡାକଡ଼ି କରାଯାଇଛି। ରବିବାର ବିଜେଡି ନେତା ମନୋଜ ମିଶ୍ର ଓ କଂଗ୍ରେସ ନେତା ଅଙ୍କିତ ସିଂଘାଇଙ୍କ ଘର ଉପରେ ଆୟକର (ଆଇଟି) ବିଭାଗ ପକ୍ଷରୁ ଚଢ଼ାଉ କରାଯାଇଛି। କୋମନାର ପୂର୍ବତନ ବ୍ଲକ ଅଧ୍ୟକ୍ଷ, ବିଜେଡି ପୂର୍ବତନ ଜିଲା ସଭାପତି ☞ପୃଷ୍ଠା–୪

# ରାଜ୍ୟ ବାହାରେ ଅସୁରକ୍ଷିତ ଓଡ଼ିଆ ଯୁବତୀ

**ରାଜ୍ୟ ବାହାରେ ଓଡ଼ିଶାର ଯୁବତୀ ଏବଂ ମହିଳାମାନେ ଏବେ ଅସୁରକ୍ଷିତ ହୋଇପଡ଼ିଛନ୍ତି । କେଉଁଠି ଗଣବଳାତ୍କାର ତ ଆଉ କେଉଁଠି ହତ୍ୟାର ଶିକାର ହେଉଛନ୍ତି । ପଶ୍ଚିମବଙ୍ଗରେ ଗତ ମାସରେ ଜଣେ ଓଡ଼ିଆ ଡାକ୍ତରୀ ଛାତ୍ରୀଙ୍କୁ ଗଣବଳାତ୍କାର ଘଟଣା ମନରୁ ଲିଭି ନ ଥିବାବେଳେ ନିକଟରେ ଉତ୍ତରାଖଣ୍ଡରେ ରାୟଗଡ଼ାର ଜଣେ ଓଡ଼ିଆ ଯୁବତୀଙ୍କୁ ଗଣବଳାତ୍କାର ପରେ ହତ୍ୟା କରାଯାଇଛି । ଏପରି କି ଗତ ମାସରେ ହାଇଦ୍ରାବାଦରେ ଜଣେ ଓଡ଼ିଆ ମହିଳାଙ୍କୁ ବଳାତ୍କାର ପରେ ହତ୍ୟା କରାଯାଇଥିଲା। ମାସକ ମଧ୍ୟରେ ୩ଟି ବର୍ବରତା ପରେ ମହିଳା ଓ ଯୁବତୀଙ୍କ ସୁରକ୍ଷାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି । ବିଶେଷକରି ଝିଅପିଲାଙ୍କୁ ବାହାରକୁ ଛାଡ଼ିବାକୁ ମା’ବାପାମାନେ ଏବେ ଅନିଚ୍ଛା ପ୍ରକାଶ କଲେଣି । ବାହାର ରାଜ୍ୟରେ ଯୁବତୀ ଏବଂ ମହିଳାଙ୍କ କିଛି ହେଲେ, ସେଠାରେ ପୋଲିସ ପୀଡ଼ିତାଙ୍କୁ ସୁରକ୍ଷା ଦେବାକୁ ଯେଉଁଭଳି ସହଯୋଗ କରିବା କଥା ତାହା ନ କରି ଅଭିଯୁକ୍ତମାନଙ୍କୁ ଖସାଇ ଦେବାକୁ ଉଦ୍ୟମ କରୁଛି, ଯାହା ପଶ୍ଚିମବଙ୍ଗ ଘଟଣାରେ ଦେଖିବାକୁ ମିଳିଥିଲା ବୋଲି ପୀଡ଼ିତାଙ୍କ ବାପା ଅଭିଯୋଗ ଆଣିଥିଲେ।**

- ମାସକରେ ୩ଜଣ ବଳାତ୍କାର ସହ ହତ୍ୟାର ଶିକାର
- ନ୍ୟାୟ ପାଇବାରେ ସହଯୋଗ କରୁନି ବାହାର ପୋଲିସ

ଭୁବନେଶ୍ୱର,୯।୧୧(ତ୍ରିନାଥ ମହାନ୍ତି)

ରାୟଗଡ଼ା ଜିଲାର ଜଣେ ୨୩ ବର୍ଷୀୟା ଯୁବତୀଙ୍କୁ ଗତ ୫ତାରିଖରେ ଉତ୍ତରାଖଣ୍ଡ ଲାଲ୍‌ପୁରରେ ଗଣବଳାତ୍କାର ପରେ ହତ୍ୟା କରାଯାଇଛି। ଯୁବତୀଙ୍କୁ ଟର୍ଚ୍ଚିପି ହତ୍ୟା କରିବା ପରେ ବାଇକ୍‌ରେ ନେଇ ଦେହରେ ପଥର ବାନ୍ଧି ନଦୀକୁ ଫିଙ୍ଗି ଦେଇଥିଲେ ଅଭିଯୁକ୍ତ। ୬ମାସ ହେଲା ଉକ୍ତ ଯୁବତୀଜଣଙ୍କ ଉତ୍ତରାଖଣ୍ଡ ଲାଲ୍‌ପୁରରେ ଏକ ଘରଭଡ଼ା ନେଇ ରହିବା ସହ ସେଠାକାର ଏକ କମ୍ପାନୀରେ ଇଣ୍ଟର୍ନଶିପ୍ କରୁଥିଲେ। ଯୁବତୀଙ୍କୁ ଘର ମାଲିକଙ୍କ ପୁଅ ଏବଂ ତାଙ୍କ ସାଙ୍ଗମାନେ ଗଣବଳାତ୍କାର କରି ହତ୍ୟା କରିଥିଲେ। ସେହିପରି ଗତ ଅକ୍ଟୋବର ୧୭ରେ ହାଇଦ୍ରାବାଦରେ ଜଣେ ଓଡ଼ିଆ ମହିଳାଙ୍କୁ ବଳାତ୍କାର ପରେ ହତ୍ୟା କରାଯାଇଥିଲା। ମହିଳା ଜଣଙ୍କ ଘର ଭରତପୁର ଥାନା ଅଞ୍ଚଳରେ ହୋଇଥିବାବେଳେ ପରିବାର ଋଣ ଶୁଝିବା ପାଇଁ ସ୍ୱାମୀ ଏବଂ ଛୋଟ ଛୁଆକୁ ଧରି ହାଇଦ୍ରାବାଦ ଯାଇଥିଲେ। ସେଠାରେ କମ୍ପାନୀରେ ରହି ଶ୍ରମିକଙ୍କ ଛୋଟ ପିଲାଙ୍କୁ ମହିଳା ପାଠ ପଢ଼ାଉଥିଲେ। ହେଲେ ସ୍ୱାମୀ ପାସ୍‌ପୋର୍ଟ କରିବା ପାଇଁ ଭୁବନେଶ୍ୱର ଆସିଥିବା ବେଳେ ମହିଳାଙ୍କୁ ବଳାତ୍କାର ପରେ ହତ୍ୟା କରାଯାଇଥିବା ଅଭିଯୋଗ ହୋଇଥିଲା। ☞ପୃଷ୍ଠା–୪

## ଦିନକ ପରେ ୧୨୨ ଆସନରେ ଭୋଟ

**ବିହାର ପ୍ରଚାର ଶେଷ**

ପାଟନା/ନୂଆଦିଲ୍ଲୀ,୯।୧୧

ବିହାର ବିଧାନସଭା ନିର୍ବାଚନର ଦ୍ୱିତୀୟ ପର୍ଯ୍ୟାୟ ପ୍ରଚାର ରବିବାର ସନ୍ଧ୍ୟା ୬ଟାରେ ଥମିଯାଇଛି। ନଭେମ୍ବର ୬ରେ ଅନୁଷ୍ଠିତ ପ୍ରଥମ ପର୍ଯ୍ୟାୟ ନିର୍ବାଚନବେଳେ ୧୨୧ ଆସନରେ ରେକର୍ଡ ୬୫.୦୮% ମତଦାନ ହୋଇଥିଲା, ଯାହାକି ରାଜ୍ୟର ନିର୍ବାଚନୀ ଇତିହାସରେ ସର୍ବାଧିକ। ଏଭଳି ସ୍ଥିତିରେ ପୋଲିସ ପ୍ରଶାସନ ଓ ନିର୍ବାଚନ କମିଶନଙ୍କ କଡ଼ା ବ୍ୟବସ୍ଥା ମଧ୍ୟରେ ଆସନ୍ତା ମଙ୍ଗଳବାର ୧୨୨ ଆସନରେ ଭୋଟ ଗ୍ରହଣ କରାଯିବ। ହାତରେ କମ୍ ସମୟ ଥିବାରୁ ଉଭୟ ଶାସକ ଓ ବିରୋଧୀ ପକ୍ଷର ସବୁ ଦଳ ସୁଫଳ ଆଶାରେ ଶେଷ ଗୋଟି ଚଳାଇବାରେ ଲାଗିଛନ୍ତି। ୧୪ରେ ନିର୍ବାଚନ ଫଳାଫଳ ପ୍ରକାଶ ପାଇବ। ବିହାର ବିଧାନସଭାକୁ ପୁନଃ ଦଖଲ ପାଇଁ ଶାସକ ଜାତୀୟ ଗଣତାନ୍ତ୍ରିକ ମେଣ୍ଟ (ଏନ୍‌ଡିଏ) ପକ୍ଷରୁ ସର୍ବାଧିକ ପ୍ରଚାର କରାଯାଇଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି, ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ୍ ଶାହା, ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂ ଏବଂ ଅନ୍ୟ କେନ୍ଦ୍ରୀୟ ମନ୍ତ୍ରୀମାନଙ୍କ ସହ ଏନ୍‌ଡିଏ ଶାସିତ ମୁଖ୍ୟମନ୍ତ୍ରୀ ଓ ଉପମୁଖ୍ୟମନ୍ତ୍ରୀମାନେ ପ୍ରଚାର ମଇଦାନକୁ ଓହ୍ଲାଇଥିଲେ। ବିଶେଷକରି ମୋଦି ଓ ଶାହାଙ୍କ ମାରାଥନ୍ ପ୍ରଚାର ବିହାରୀ ଭୋଟରଙ୍କୁ ଅଧିକ ଆକର୍ଷିତ କରିଥିବା ପରିଲକ୍ଷିତ ହୋଇଛି। ସେହିପରି ମୁଖ୍ୟମନ୍ତ୍ରୀ ନୀତିଶ କୁମାର ନିଜ ଗାଦି ରକ୍ଷା ପାଇଁ ସଂଯୁକ୍ତ ଜନତା ଦଳ (ଜେଡିୟୁ) ପ୍ରାର୍ଥୀଙ୍କ ପାଇଁ ଧୂଆଁଧାର ପ୍ରଚାର କରିଥିଲେ। ଏନ୍‌ଡିଏର ଅନ୍ୟ ୨ ସହଯୋଗୀ ଏଲ୍‌ଜେପି ରାମବିଳାଶର ମୁଖ୍ୟ ଚିରାଗ ପାଶ୍ୱାନ ଏବଂ ହିନ୍ଦୁସ୍ତାନୀ ଆୱାମ ପାର୍ଟି (ଧର୍ମନିରପେକ୍ଷ)ର ଜିତନ୍‌ରାମ ମାଞ୍ଝି ମୋଦିଙ୍କ ଲୋକପ୍ରିୟତା ସାଙ୍ଗକୁ ବିହାରରେ ବିକାଶକୁ ପ୍ରସଙ୍ଗ କରି ବୈତରଣୀ ପାର ହେବାକୁ ଉଦ୍ୟମ କରିଛନ୍ତି। ଏଭଳି ସ୍ଥିତିରେ ବିରୋଧୀ ଇଣ୍ଡିଆ ବ୍ଲକ୍ ନୀତିଶଙ୍କଠାରୁ କ୍ଷମତା ଛଡ଼ାଇ ଆଣିବା ପାଇଁ ରଣନୀତି ପ୍ରୟୋଗ କରିଛି। ଗତ ନିର୍ବାଚନରେ ସବୁଠୁ ବଡ଼ ଦଳ ଭାବେ ☞ପୃଷ୍ଠା–୪






## ଆଣ୍ଡାମାନ ନିକୋବରରେ ଭୂକମ୍ପ

ପୋର୍ଟ ବ୍ଲେୟାର,୯।୧୧

ଆଣ୍ଡାମାନ ନିକୋବର ଦ୍ୱୀପପୁଞ୍ଜରେ ରବିବାର ଦିନ ୧୨ଟା ୬ ମିନିଟ୍ ସମୟରେ ଭୂକମ୍ପ ଅନୁଭୂତ ହୋଇଛି। ଏହାର ତୀବ୍ରତା ୫.୪ ଏବଂ କେନ୍ଦ୍ରସ୍ଥଳ ଆଣ୍ଡାମାନ ସାଗର ନିକଟରେ ୯୦ କିଲୋମିଟର ଗଭୀରରେ ବୋଲି ନ୍ୟାଶନାଲ ସେଣ୍ଟର ଫର୍ ସିସ୍ମୋଲୋଜି ପକ୍ଷରୁ କୁହାଯାଇଛି। ଅନ୍ୟପକ୍ଷରେ ଭୂକମ୍ପର ତୀବ୍ରତା ୬.୦୭ ବୋଲି ଜର୍ମାନ ରିସର୍ଚ୍ଚ ସେଣ୍ଟର ଫର୍ ଜିଓସାଇନ୍ସ ପକ୍ଷରୁ ଆକଳନ କରାଯାଇଛି। ଏଥିରେ ଧନଜୀବନ ହାନିର କୌଣସି ଖବର ମିଳିନାହିଁ। ମାୟାବୁନ୍ଦର, ରଙ୍ଗାତ ଏବଂ ଉତ୍ତର ଓ ମଧ୍ୟ ଆଣ୍ଡମାନ୍‌ର ଆଖପାଖ ଅଞ୍ଚଳରେ କମ୍ପନ ଅନୁଭୂତ ହୋଇଥିଲା। ସତର୍କତା ପଦକ୍ଷେପ ସ୍ୱରୂପ ମତ୍ସ୍ୟଜୀବୀ ଓ ପର୍ଯ୍ୟଟକମାନଙ୍କୁ ସମୁଦ୍ର ମଧ୍ୟକୁ ନ ଯିବା ଲାଗି ପରାମର୍ଶ ଦିଆଯାଇଛି।

## ଆମେରିକାରେ ଓଡ଼ିଆ ପୋଷ୍ୟକନ୍ୟାଙ୍କୁ ନିର୍ଯାତନା

### ଓଡ଼ିଶା ଫେରାଇ ଆଣିବାକୁ ଆକୁଳ ନିବେଦନ

- ୮ବର୍ଷ ତଳେ ସାଙ୍ଗରେ ନେଇଯାଇଥିଲେ ଆମେରିକା ଦମ୍ପତି
- ସାଙ୍ଗଙ୍କୁ ଭିଡିଓ ପଠାଇ ମୁଖ୍ୟମନ୍ତ୍ରୀ, ଓଡ଼ିଶାବାସୀଙ୍କୁ ଅନୁରୋଧ କଲେ

ଭୁବନେଶ୍ୱର,୯।୧୧(ସତ୍ୟଜିତ ରାଉତ)

ଛୋଟବେଳେ ଟ୍ରେନ୍‌ରେ ମା’ ଓ ବାପାଙ୍କଠାରୁ ଅଲଗା ହୋଇଯାଇଥିଲେ। ଭୁବନେଶ୍ୱରର ଏକ ଅନାଥ ଆଶ୍ରମରେ ରହୁଥିବାବେଳେ ଆମେରିକାର ଜଣେ ମହିଳା ତାଙ୍କୁ ପୋଷ୍ୟକନ୍ୟା ଭାବେ ଗ୍ରହଣ କରି ସାଙ୍ଗରେ ନେଇଯାଇଥିଲେ। ଆମେରିକୀୟ ମା’, ବାପାଙ୍କୁ ପାଇ ନୂଆ ଜୀବନ ଜିଇବାକୁ ସ୍ୱପ୍ନ ଦେଖି ବଡ଼ ହୋଇଥିବା ଏହି ଯୁବତୀଙ୍କ ଆଖିରେ ଏବେ ଲୁହ। ସେ ହେଲେ ପୂଜା ନାୟକ ଓରଫ ସେଜଲ ଜୋହନ (୨୧)। ଆମେରିକାରେ ପୋଷ୍ୟକନ୍ୟା ଭାବେ ରହୁଥିବା ପୂଜା ଓଡ଼ିଶା ଫେରି ଆସିବାକୁ ଆକୁଳ ନିବେଦନ କରିଛନ୍ତି। ବାଲେଶ୍ୱରରେ ରହୁଥିବା ସାଙ୍ଗ ଅମର ଦାସଙ୍କୁ ଭିଡିଓ ପଠାଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ରବିବାର ଏହି ଘଟଣା ପଦାକୁ ଆସିଛି।

ଅମର କହିଛନ୍ତି, ପୂଜା ନହରକଣ୍ଟାସ୍ଥିତ ପଲ୍ଲୀ ଉନ୍ନୟନ ସେବା ସମିତି କନ୍ୟା ଆଶ୍ରମରେ ରହି ପଢୁଥିବାବେଳେ ତାଙ୍କ ସହ ପରିଚିତ ହୋଇଥିଲା। ପୂଜା ଟ୍ରେନରେ ହଜିଯିବା ପରେ ☞ପୃଷ୍ଠା–୪




ଦିଲ୍ଲୀରେ ଆଜି




ଦିଲ୍ଲୀରେ ବାୟୁ ପ୍ରଦୂଷଣ ବଢ଼ିବାରେ ଲାଗିଥିବାବେଳେ ପ୍ରତିକାର ଦିଗରେ ଉଦାସୀନ ରହୁଥିବା ପ୍ରଶାସନ ବିରୋଧରେ ଇଣ୍ଡିଆ ଗେଟ୍ ନିକଟରେ ଲୋକେ ବିକ୍ଷୋଭ କରୁଛନ୍ତି। (ଫଟୋ- ଚମନ ଗୌତମ)

# ବାୟୁ ପ୍ରଦୂଷଣରେ ଦିଲ୍ଲୀବାସୀ ଅତିଷ୍ଠ

ନୂଆଦିଲ୍ଲୀ,୯।୧୧

ଦିଲ୍ଲୀ ବାୟୁ ପ୍ରଦୂଷଣ କ୍ରମଶଃ ଉତ୍କଟ ହୋଇ ଶନିବାର ବାୟୁ ଗୁଣବତ୍ତା ସୂଚକାଙ୍କ (ଏକ୍ୟୁଆଇ) ୪୦୦ ଅତିକ୍ରମ କରିଥିଲା। ଦିଲ୍ଲୀ ରେଡ୍ ଜୋନ୍‌ରେ ପ୍ରବେଶ କରିଥିବାବେଳେ ପ୍ରଦୂଷଣ ରୋକିବା ଦିଗରେ ତୁରନ୍ତ ପଦକ୍ଷେପ ଗ୍ରହଣ କରାଯିବା ଦାବିରେ ରବିବାର ଜନସାଧାରଣ ବିକ୍ଷୋଭ ଶୋଭାଯାତ୍ରାରେ ଇଣ୍ଡିଆ ଗେଟ୍ ପର୍ଯ୍ୟନ୍ତ ଯାଇଥିଲେ। ଆକ୍ଟିଭିଷ୍ଟ ଏବଂ ବିକ୍ଷୋଭକାରୀଙ୍କ ସହ ବିରୋଧୀ ଆମ୍ ଆଦ୍‌ମୀ ପାର୍ଟି ଓ କଂଗ୍ରେସ ନେତାମାନେ ସାମିଲ ହୋଇଥିଲେ। ଜାତୀୟ ରାଜଧାନୀରେ ବାୟୁ ପ୍ରଦୂଷଣ ରୋକିବା ଦିଗରେ ସରକାର ପ୍ରଭାବଶାଳୀ ନୀତି ପ୍ରଣୟନ କରିବାକୁ ସେମାନେ ଦାବି କରିଛନ୍ତି।

ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶନାମା ଅନୁଯାୟୀ କେବଳ ଯନ୍ତର ମନ୍ତରରେ ବିକ୍ଷୋଭ ଲାଗି ଅନୁମତି ଦିଆଯାଇଥିବାରୁ ଇଣ୍ଡିଆ ଗେଟ୍ ନିକଟରେ ରାଲି କରୁଥିବା

## କାର୍ଯ୍ୟାନୁଷ୍ଠାନ ଦାବିରେ ରାଲି

ଅନେକ ବିକ୍ଷୋଭକାରୀଙ୍କୁ ପୋଲିସ ଅଟକ ରଖିଥିଲା। ଗାଇଡ୍‌ଲାଇନ୍‌କୁ ସମସ୍ତେ ମାନିବା ଆବଶ୍ୟକ ବୋଲି ବରିଷ୍ଠ ପୋଲିସ ଅଧିକାରୀ ଦେବେଶ କୁମାର ମହଲା କହିଛନ୍ତି। ପୋଲିସ ଚଢ଼ାଉ ପୂର୍ବରୁ ଇଣ୍ଡିଆ ଗେଟ୍‌ଠାରେ ୩୦ ମିନିଟ୍ ଧରି ବିକ୍ଷୋଭ ହୋଇଥିଲା। ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶନାମା ସମ୍ପର୍କରେ ବରିଷ୍ଠ ଆଇନଜୀବୀ ପ୍ରଶାନ୍ତ ଭୂଷଣ କହିଛନ୍ତି, ଶାନ୍ତିପୂର୍ଣ୍ଣ ବିକ୍ଷୋଭ କରିବା ପ୍ରତ୍ୟେକ ନାଗରିକଙ୍କ ମୌଳିକ ଅଧିକାର। ଏକାଧିକ ଘଟଣାରେ ସୁପ୍ରିମକୋର୍ଟ ଏହାକୁ କାଏମ ରଖିଛନ୍ତି। ଶାନ୍ତିପୂର୍ଣ୍ଣ ବିକ୍ଷୋଭ ଚାଲିଥିବାବେଳେ ଏହା ଉପରେ କାର୍ଯ୍ୟାନୁଷ୍ଠାନ ପାଇଁ ପୋଲିସକୁ ସରକାର ନିର୍ଦ୍ଦେଶ ଦେବା ଦୁର୍ଭାଗ୍ୟଜନକ ବୋଲି ସେ କହିଛନ୍ତି।

## ଆସାମରୁ ୬୦୦ ବଙ୍ଗଳାଭାଷୀ ମୁସଲମାନ ପରିବାର ଉଚ୍ଛେଦ

ଗୁଆହାଟୀ,୯।୧୧

ଆସାମ ସରକାର ଡାହିକାଟା ରିଜର୍ଭ ଫରେଷ୍ଟ ମଧ୍ୟରେ ୧,୧୪୦ ବିଘା (୩୭୬ ଏକରରୁ ଊର୍ଦ୍ଧ୍ୱ) ଜଙ୍ଗଲ ଜମିକୁ ଜବରଦଖଲ ମୁକ୍ତ କରିବା ପାଇଁ ଗୋଲପରା ଜିଲାରେ ରବିବାର ପୁନର୍ବାର ଉଚ୍ଛେଦ ଅଭିଯାନ ଆରମ୍ଭ କରିଛନ୍ତି। ଫଳରେ ୬୦୦ ପରିବାର ପ୍ରଭାବିତ ହୋଇଛନ୍ତି। ସେମାନେ ମୁଖ୍ୟତଃ ବଙ୍ଗଳାଭାଷୀ ମୁସଲମାନ ବୋଲି ଜଣାପଡ଼ିଛି। ଉଚ୍ଛେଦ ପାଇଁ ୨ ସପ୍ତାହ ପୂର୍ବରୁ ନୋଟିସ୍ ଜାରି କରାଯାଇ ସ୍ଥାନ ଖାଲି କରିବାକୁ ବାସିନ୍ଦାମାନଙ୍କୁ କୁହାଯାଇଥିଲା। ତଦନୁଯାୟୀ ରବିବାର ଉଚ୍ଛେଦ ଅଭିଯାନ ଶାନ୍ତିପୂର୍ଣ୍ଣ ଭାବେ ଚାଲିଥିବା ଗୋଲପରା ଡେପୁଟି କମିଶନର କହିଛନ୍ତି। ନୋଟିସ୍ ପାଇବା ପରେ ପ୍ରାୟ ୭୦ ପ୍ରତିଶତ ପରିବାର ସ୍ଥାନ ଛାଡ଼ି ଚାଲିଯାଇଥିଲେ। ଅବଶିଷ୍ଟ ପରିବାରକୁ ଉଚ୍ଛେଦ କରାଯାଇଛି। ଏଥିପାଇଁ ବ୍ୟାପକ ସୁରକ୍ଷା ବଳ ଓ ମେଶିନ୍ ବ୍ୟବହାର କରାଯାଇଛି।

# ବିହାର ଭୋଟ: ମହିଳା ନେବେ ନିର୍ଣ୍ଣାୟକ ଭୂମିକା

ପାଟନା/ନୂଆଦିଲ୍ଲୀ, ୯।୧୧(ପି.ଟି./ଏଜେନ୍ସି)

ବିହାର ବିଧାନସଭାର ଅନ୍ତିମ ପର୍ଯ୍ୟାୟ ନିର୍ବାଚନ ପ୍ରଚାର ଶେଷ ହୋଇଯାଇଛି। ହାତରେ ମାତ୍ର ୨ ଦିନ ଥିବାରୁ ସବୁ ଦଳ ଭୋଟରଙ୍କୁ ନିଜ ସପକ୍ଷକୁ ଟାଣିବା ପାଇଁ କୌଣସି ସୁଯୋଗ ହାତଛଡ଼ା କରୁନାହାନ୍ତି। ମୁଖ୍ୟମନ୍ତ୍ରୀ ନୀତିଶ କୁମାର ବିଶେଷକରି ମହିଳା ଭୋଟରଙ୍କୁ ନିଜ ସପକ୍ଷକୁ ଟାଣି ସଫଳତା ଦୋହରାଇବା ପାଇଁ ଅଣ୍ଟା ଭିଡ଼ିଛନ୍ତି। ନଗଦ ଅର୍ଥରାଶି ପ୍ରଦାନ, ଶିକ୍ଷା ଓ ଅନ୍ୟ ସୁବିଧା ସମେତ ମଦ ବନ୍ଦ ଉପରେ ନୀତିଶ ଗୁରୁତ୍ୱ ଦେଉଥିବାବେଳେ ବିରୋଧୀ ପକ୍ଷ ଶେଷ ମୁହୂର୍ତ୍ତରେ ମଧ୍ୟ ମହିଳା ମତଦାତାଙ୍କ ଉପରେ ଧ୍ୟାନ କେନ୍ଦ୍ରିତ କରିଛନ୍ତି। ମହିଳା ଭୋଟରଙ୍କ ମତଦାନ ପ୍ରଥମ ପର୍ଯ୍ୟାୟ ତୁଳନାରେ ଦ୍ୱିତୀୟ ପର୍ଯ୍ୟାୟରେ ଅଧିକ ରହିବା ଅନୁମାନ କରାଯାଉଛି।



ବିହାରରେ ରାଜନୈତିକ ପରିବର୍ତ୍ତନର ପବନ ପ୍ରବାହିତ ହୋଇଛି ନା ନାହିଁ, ମଙ୍ଗଳବାର ୧୨୨ ଆସନରେ ହେବାକୁ ଥିବା ମତଦାନରୁ ତାହା ଏକପ୍ରକାର ଠଉରାଇ ହେବ। ଦ୍ୱିତୀୟ ପର୍ଯ୍ୟାୟ ମତଦାନ ହାର ମହିଳା ଭୋଟରଙ୍କ ଉପରେ ନିର୍ଭର କରେ ବୋଲି କୁହାଯାଉଛି। ବିହାରରେ ମୋଟ ୭.୪୩ କୋଟି ପଞ୍ଜୀକୃତ ଭୋଟର ଥିବାବେଳେ ସେମାନଙ୍କ ମଧ୍ୟରୁ ୩.୫ କୋଟି ଅର୍ଥାତ୍ ୪୭% ହେଉଛନ୍ତି ମହିଳା। ଗତ କିଛି ନିର୍ବାଚନରେ ଏମାନେ ବଡ଼ ଭୂମିକା ନେଇଆସିଛନ୍ତି। ୨୦୧୦ ପରଠାରୁ ପୁରୁଷଙ୍କ ତୁଳନାରେ ମହିଳାଙ୍କ ମତଦାନ ହାର ଅଧିକ ରହିଆସିଛି।

ନଭେମ୍ବର ୬ରେ ରେକର୍ଡ ୬୫.୮% ମତଦାନ ପଛରେ ମଧ୍ୟ ମହିଳାଙ୍କ ଯୋଗଦାନ ରହିଥିବା ରାଜନୈତିକ ବିଶ୍ଳେଷକ ଡ. ରବି କେ. ସିହ୍ନା କହିଛନ୍ତି। ମାସେ ଧରି ଚାଲିଥିବା ପ୍ରଚାର ବେଳେ ମୁଖ୍ୟମନ୍ତ୍ରୀ ନୀତିଶ କୁମାର ମହିଳାଙ୍କ ପାଇଁ କରାଯାଇଥିବା କଲ୍ୟାଣକାରୀ ଯୋଜନାଗୁଡ଼ିକ ଉପରେ ଫୋକସ୍ କରିଥିଲେ। ତାଙ୍କ ସରକାର ନିକଟରେ ମୁଖ୍ୟମନ୍ତ୍ରୀ ମହିଳା ରୋଜଗାର ଯୋଜନା ଅଧୀନରେ ୨ କୋଟିରୁ ଅଧିକ ମହିଳାଙ୍କୁ ୧୦,୦୦୦ ଟଙ୍କା ଲେଖାଏ ପ୍ରତ୍ୟକ୍ଷ ନଗଦ ସହାୟତା ଘୋଷଣା କରିଛନ୍ତି। ଏହାଦ୍ୱାରା ମହିଳାମାନେ ଆର୍ଥିକ ସ୍ୱାବଲମ୍ବୀ ହେବା ସହ ପରିବାରରେ ସ୍ଥିରତା ଆଣିପାରିବେ ବୋଲି ନୀତିଶ ସରକାର ଆଶା କରିଛନ୍ତି। ଶାସକ ମେଣ୍ଟ ଆର୍‌ଜେଡିର ପୂର୍ବ ଶାସନ ଅମଳରେ ଚାଲିଥିବା 'ଜଙ୍ଗଲରାଜ' ପ୍ରସଙ୍ଗ ଉଠାଇ ବିରୋଧୀ ମହାମେଣ୍ଟକୁ ଟାର୍ଗେଟ କରୁଛି। ତେବେ ଏହାର ମୁକାବିଲା ପାଇଁ ବିରୋଧୀ ଦଳ ନେତା ତଥା ମହାମେଣ୍ଟର ମୁଖ୍ୟମନ୍ତ୍ରୀ ଚେହେରା ତେଜସ୍ୱୀ ଯାଦବ ଜୀବିକା ଦିଦିଙ୍କ ଦରମା ବୃଦ୍ଧି, ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ (ଏସ୍‌ଏଚ୍‌ଜି) ସଦସ୍ୟଙ୍କ ଉନ୍ନତି ଏବଂ ମହିଳାଙ୍କ ପାଇଁ ଅନ୍ୟ କେତେକ ଯୋଜନାର ପ୍ରତିଶ୍ରୁତି ଦେଇଛନ୍ତି। ସରକାରୀ ତଥ୍ୟ ଅନୁସାରେ ମଙ୍ଗଳବାର ଭୋଟ ଦେବାକୁ ଥିବା ୩.୭ କୋଟି ମତଦାତାଙ୍କ ମଧ୍ୟରୁ ୧.୭୪ କୋଟି ମହିଳା। ଏହି ଭୋଟରମାନେ ୧୨୨ ନିର୍ବାଚନମଣ୍ଡଳୀରେ ୧୩୬ ମହିଳା ପ୍ରାର୍ଥୀଙ୍କ ସମେତ ମୋଟ ୧,୩୦୨ ପ୍ରାର୍ଥୀଙ୍କ ଭାଗ୍ୟ ନିର୍ଣ୍ଣୟ କରିବେ। ଦ୍ୱିତୀୟ ପର୍ଯ୍ୟାୟରେ ଭାଜପା ୫୩ ଆସନରେ ଲଢୁଥିବାବେଳେ ଜେଡିୟୁ ୪୪, ଏଲ୍‌ଜେପି (ଆର୍‌ଭି) ୧୫, ଆର୍‌ଏଲ୍‌ଏମ୍ ୪, ଏଚ୍‌ଏମ୍ ୬ ଆସନରେ ପ୍ରତିଦ୍ୱନ୍ଦ୍ୱିତା କରୁଛନ୍ତି। ସେହିପରି ମହାମେଣ୍ଟର ଆର୍‌ଜେଡି ୭୨, କଂଗ୍ରେସ ୩୭, ଭିଆଇପି ୧୦ ଓ ଅନ୍ୟ ୫ ଆସନରେ ଲଢୁଛନ୍ତି।

## ବିହାରରେ ଅନୁପ୍ରବେଶକାରୀଙ୍କ କରିଡର ଗଢ଼ିବାକୁ ଚାହୁଁଛନ୍ତି ବିରୋଧୀ: ଶାହା



ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ୍ ଶାହା ରବିବାର ଇଣ୍ଡିଆ ବ୍ଲକ୍‌କୁ ଟାର୍ଗେଟ କରି କହିଛନ୍ତି, ଏମାନେ ବିହାରକୁ ଅନୁପ୍ରବେଶକାରୀଙ୍କ କରିଡର ରୂପେ ଗଢ଼ିବାକୁ ଉଦ୍ୟମ ଚଳାଇଛନ୍ତି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଏଠାରେ ଇଣ୍ଡଷ୍ଟ୍ରିଆଲ୍ କରିଡର କରିବାକୁ ଚାହୁଁଥିବାବେଳେ ବିରୋଧୀ ଅନୁପ୍ରବେଶକାରୀଙ୍କ କରିଡର ନିର୍ମାଣ ଯୋଜନା କରୁଛନ୍ତି। ନିକଟରେ କଂଗ୍ରେସ ନେତା ରାହୁଲ ଗାନ୍ଧୀ ଓ ଲାଲୁଙ୍କ ପୁଅ ତେଜସ୍ୱୀ ଭୋଟର ଅଧିକାର ଯାତ୍ରା କରିଥିଲେ। ଏହାର ଉଦ୍ଦେଶ୍ୟ ଥିଲା ଅନୁପ୍ରବେଶକାରୀଙ୍କୁ ବିହାରରେ ସୁରକ୍ଷା ଦେବା।

## ତେଜସ୍ୱୀଙ୍କୁ ୩୬, ଜିତିଲେ ରିଟର୍ନ ଗିଫ୍ଟ ପ୍ରତିଶ୍ରୁତି



ଇଣ୍ଡିଆ ବ୍ଲକ୍ ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ତେଜସ୍ୱୀ ଯାଦବ ରବିବାର ୩୬ ବର୍ଷରେ ପଦାର୍ପଣ କରିଛନ୍ତି। ଏହି ଅବସରରେ ତାଙ୍କ ନିକଟକୁ ଶୁଭେଚ୍ଛାର ସୁଅ ଛୁଟିବାରେ ଲାଗିଛି। କଂଗ୍ରେସ ନେତା ରାହୁଲ ଗାନ୍ଧୀ ତେଜସ୍ୱୀଙ୍କୁ ଶୁଭେଚ୍ଛା ଜଣାଇ କହିଛନ୍ତି, ଆମେ ପରିବର୍ତ୍ତନ ଆଣିବା। ବିହାରବାସୀଙ୍କ ପାଇଁ ନିଯୁକ୍ତି, ସମାନତା ଓ ପ୍ରଗତି ଆଣିବା ବୋଲି ରାହୁଲ 'X' ରେ ଉଲ୍ଲେଖ କରିଛନ୍ତି। ତେଜସ୍ୱୀ କାରାକଟ୍ ସଭାରେ କହିଛନ୍ତି, ବିହାର ଭୋଟର ତାଙ୍କୁ ଜନ୍ମଦିନରେ ଆଶୀର୍ବାଦ କରନ୍ତୁ। ନଭେମ୍ବର ୧୪ ଫଳାଫଳ ତାଙ୍କୁ ସରକାର ଗଠନ ପାଇଁ ସୁଯୋଗ ଦେଲେ ସେ ରିଟର୍ନ ଗିଫ୍ଟ ଦେବେ।

## ୨ୟ ପର୍ଯ୍ୟାୟ ଭୋଟ ପୂର୍ବରୁ ମୋତେ ହତ୍ୟା କରିବେ: ତେଜ ପ୍ରତାପ



ଜନଶକ୍ତି ଜନତା ପାର୍ଟି ମୁଖ୍ୟ ତେଜ ପ୍ରତାପ ଯାଦବ ତାଙ୍କୁ ଦ୍ୱିତୀୟ ପର୍ଯ୍ୟାୟ ନିର୍ବାଚନ ପୂର୍ବରୁ ହତ୍ୟା କରାଯାଇପାରେ ବୋଲି ରବିବାର ଆଶଙ୍କା ବ୍ୟକ୍ତ କରିଛନ୍ତି। ତେଜ ପ୍ରତାପ କହିଛନ୍ତି, ତାଙ୍କ ଜୀବନ ପ୍ରତି ବିପଦ ରହିଥିବାରୁ ସୁରକ୍ଷା ବଢ଼ାଯାଇଛି। ଲୋକେ ତାଙ୍କୁ ହତ୍ୟା କରିବେ। ଅନେକ ଶତ୍ରୁ ରହିଛନ୍ତି। ତେବେ ତେଜସ୍ୱୀଙ୍କ ଜନ୍ମଦିନ ପାଇଁ ତାଙ୍କୁ ସେ ଶୁଭେଚ୍ଛା ଜଣାଇବା ସହ ଆଶୀର୍ବାଦ ଦେଇଛନ୍ତି।

## ପାକିସ୍ତାନରେ ୨୭ତମ ସମ୍ବିଧାନ ସଂଶୋଧନକୁ ବିରୋଧ

### ଦେଶବ୍ୟାପୀ ବିରୋଧୀଙ୍କ ଆନ୍ଦୋଳନ

ଇସ୍‌ଲାମାବାଦ,୯।୧୧(ପି.ଟି.)

ପାକିସ୍ତାନ ସେନାମୁଖ୍ୟ ଜେନେରାଲ ଅସିମ୍ ମୁନିରଙ୍କୁ ଅଧିକ କ୍ଷମତା ଦେବା ଲାଗି ଦେଶର ପାର୍ଲାମେଣ୍ଟ ପ୍ରସ୍ତାବିତ ୨୭ତମ ସମ୍ବିଧାନ ସଂଶୋଧନ ବିଲ୍ ଗୃହୀତ କରାଇବାକୁ ଯାଉଥିବାବେଳେ ସରକାରଙ୍କ ଏଭଳି ପଦକ୍ଷେପକୁ ବିପକ୍ଷ ଦଳଗୁଡ଼ିକ ତୀବ୍ର ନିନ୍ଦା କରିଛନ୍ତି। ଏଭଳି ପଦକ୍ଷେପ ସମ୍ବିଧାନର ମୂଳଦୁଆକୁ ଦୋହଲାଇଦେବ ବୋଲି ସେମାନେ କହିବା ସହ ରବିବାରଠାରୁ ଦେଶବ୍ୟାପୀ ଆନ୍ଦୋଳନ ଆରମ୍ଭ କରିଛନ୍ତି।

ପ୍ରସ୍ତାବିତ ସଂଶୋଧନ ଅନୁଯାୟୀ ସମ୍ବିଧାନର ଅନୁଚ୍ଛେଦ ୨୪୩ରେ ପରିବର୍ତ୍ତନ କରାଯାଇ ଜଏଣ୍ଟ ଚିଫ୍‌ସ ଅଫ୍ ଷ୍ଟାଫ୍ କମିଟି ଅଧକ୍ଷ ପଦବୀ ହଟାଇ ଦିଆଯିବ। ଏଥିସହିତ ଚିଫ୍ ଅଫ୍ ଡିଫେନ୍ସ ଫୋର୍ସେସ ପଦବୀ ସୃଷ୍ଟି ହେବାକୁ ଯାଉଛି। ଏହା ବ୍ୟତୀତ ହାଇକୋର୍ଟ ବିଚାରପତିମାନଙ୍କ ନିଯୁକ୍ତି ପ୍ରକ୍ରିୟାରେ ସଂଶୋଧନ କରାଯିବା ସହ ଏକ ସଂଘୀୟ ସାମ୍ବିଧାନିକ ଅଦାଲତ ପ୍ରତିଷ୍ଠା କରାଯିବ। ସୁପ୍ରିମକୋର୍ଟଙ୍କ କ୍ଷମତା ସଙ୍କୁଚିତ କରିବା ଏହାର ଲକ୍ଷ୍ୟ। କେତେଜଣ କର୍ତ୍ତୃପକ୍ଷଙ୍କୁ ପ୍ରସ୍ତାବିତ ସାମ୍ବିଧାନିକ ଅଦାଲତକୁ ସ୍ଥାନାନ୍ତର କରାଯିବ ଏବଂ ରାଷ୍ଟ୍ରପତିଙ୍କୁ ସାରା ଜୀବନ ପାଇଁ ଆପରାଧିକ ମାମଲାରୁ ଦୂରେଇ ରଖାଯିବ। ଶନିବାର ପାକ୍ ସିନେଟରେ ବିଲ୍ ଆଗତ ହୋଇଥିବାବେଳେ ସୋମବାର ଏହା ଉପରେ ଭୋଟ ନିଆଯିବ। ପରେ ଏହା ନ୍ୟାଶନାଲ ଆସେମ୍ବ୍ଲିର ଅନୁମୋଦନ ପାଇଁ ପଠାଯିବ। ଏହାକୁ ବିରୋଧ କରି ବିରୋଧୀ ଦଳଗୁଡ଼ିକର ମେଣ୍ଟ ତେହରିକ୍-ଇ-ତାହାଫୁଜ୍ ଅୟିନ-ଇ-ପାକିସ୍ତାନ (ଟିଟିଏପି) ଦେଶବ୍ୟାପୀ ବିକ୍ଷୋଭ ଡାକରା ଦେଇଛି। ସମ୍ବିଧାନ ସଂଶୋଧନ ଦ୍ୱାରା ପାକିସ୍ତାନର ଗଣତାନ୍ତ୍ରିକ ଅନୁଷ୍ଠାନଗୁଡ଼ିକ ପଙ୍ଗୁ ହୋଇଯିବ। ତେଣୁ ଏହା ବିରୋଧରେ ସାରା ଦେଶ ସ୍ୱର ଉତ୍ତୋଳନ କରିବାକୁ ହେବ ବୋଲି ମଜଲିସ୍ ୱାହଦାତ-ଇ-ମିସଲିମିନ୍ (ଏମ୍‌ଡବ୍ଲ୍ୟୁଏମ୍) ମୁଖ୍ୟ ଆଲ୍ଲାମା ରାଜା ନସିର ଆବ୍ବାସ କହିଛନ୍ତି। ଟିଟିଏପି ମେଣ୍ଟରେ ଏମ୍‌ଡବ୍ଲ୍ୟୁଏମ୍ ସହ ପାକିସ୍ତାନ ତେହରିକ୍-ଇ-ଇନ୍‌ସାଫ୍ ଆଦି ଦଳ ରହିଛନ୍ତି।

## ଉତ୍ତରାଖଣ୍ଡରେ ୮,୨୬୦ କୋଟିର ପ୍ରକଳ୍ପ ଉଦ୍‌ଘାଟନ କଲେ ମୋଦି

ଡେରାଡୁନ୍,୯।୧୧

ଉତ୍ତରାଖଣ୍ଡର ରୌପ୍ୟ ଜୟନ୍ତୀ ପାଳନ ଅବସରରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ରବିବାର ଡେରାଡୁନ୍‌ରେ ଏକ କାର୍ଯ୍ୟକ୍ରମରେ ଯୋଗଦେଇ ୮,୨୬୦ କୋଟି ଟଙ୍କା ମୂଲ୍ୟର ବିଭିନ୍ନ ବିକାଶମୂଳକ ପ୍ରକଳ୍ପଗୁଡ଼ିକର ଉଦ୍‌ଘାଟନ ଓ ଶିଳାନ୍ୟାସ କରିଛନ୍ତି। ଉତ୍ତରାଖଣ୍ଡ 'ବିଶ୍ୱର ଆଧ୍ୟାତ୍ମିକ ରାଜଧାନୀ' ହେବାର ସାମର୍ଥ୍ୟ ରଖିଥିବା ପ୍ରଧାନମନ୍ତ୍ରୀ କହିଛନ୍ତି। ଉତ୍ତରାଖଣ୍ଡରେ ଜନସାଂଖ୍ୟିକୀୟ ପରିବର୍ତ୍ତନ, ସମାନ ନାଗରିକ ସଂହିତା (ୟୁସିସି) ଲାଗୁ କରିବା ଏବଂ ବେଆଇନ ଧର୍ମାନ୍ତରୀକରଣକୁ ରୋକିବାରେ ରାଜ୍ୟ ସରକାରଙ୍କ ପଦକ୍ଷେପକୁ ପ୍ରଧାନମନ୍ତ୍ରୀ ଉଚ୍ଚ ପ୍ରଶଂସା କରିବା ସହ ଅନ୍ୟ ରାଜ୍ୟଗୁଡ଼ିକ ସେଗୁଡ଼ିକୁ ଅନୁକରଣ କରିବାକୁ ପ୍ରସ୍ତାବ ଦେଇଛନ୍ତି। ପୁଷ୍କର ସିଂ ଧାମି ସରକାର ରାଜ୍ୟରେ ୟୁସିସି ଲାଗୁ କରି ଅନ୍ୟ ରାଜ୍ୟଗୁଡ଼ିକ ପାଇଁ ଦୃଷ୍ଟାନ୍ତ ପାଲଟିଛନ୍ତି। ଏଥିସହିତ ଧର୍ମାନ୍ତରୀକରଣ ବିରୋଧୀ ଆଇନ, ଦଙ୍ଗା ନିୟନ୍ତ୍ରଣ ଆଇନ ଆଦି ଜାତୀୟ ସ୍ୱାର୍ଥ ସହ ଜଡ଼ିତ ବଳିଷ୍ଠ ନୀତି ଗ୍ରହଣ କରିଥିବା ମୋଦି କହିଛନ୍ତି।

# ଜାପାନ ଉପକୂଳରେ ଭୂକମ୍ପ

ଟୋକିଓ,୯।୧୧

ଜାପାନର ଉତ୍ତର ଉପକୂଳରେ ରବିବାର ସନ୍ଧ୍ୟାରେ ଶକ୍ତିଶାଳୀ ଭୂକମ୍ପ ଅନୁଭୂତ ହୋଇଛି। ୬.୯ ତୀବ୍ରତାର ଏହି ଭୂକମ୍ପ ପ୍ରଭାବରେ ଅନେକ ଅଞ୍ଚଳ ଦୋହଲି ଯାଇଥିଲା। ପାଣିପାଗ ବିଭାଗ ପକ୍ଷରୁ ସୁନାମି ସତର୍କ ସୂଚନା ଜାରି ହୋଇଥିବାବେଳେ ୩ ଘଣ୍ଟା ପରେ ଏହାକୁ ପ୍ରତ୍ୟାହାର କରିନିଆଯାଇଛି। ପାଣିପାଗ ବିଭାଗ ସୂଚନା ଅନୁଯାୟୀ ସ୍ଥାନୀୟ ସମୟ ସନ୍ଧ୍ୟା ୫ଟା ୩ ମିନିଟ୍ ସମୟରେ ଇୱାତେ ଉପକୂଳରେ ଭୂକମ୍ପ ଅନୁଭୂତ ହୋଇଥିବାବେଳେ ଏହାର କେନ୍ଦ୍ରସ୍ଥଳ ୧୬ କିଲୋମିଟର ଗଭୀରରେ ରହିଛି। ଭୂକମ୍ପରେ କେହି ମୃତାହତ ହୋଇଥିବା ଖବର ମିଳିନାହିଁ। ସେହିପରି ଉକ୍ତ ଅଞ୍ଚଳରେ ରହିଥିବା ୨ଟି ଆଣବିକ ବିଦ୍ୟୁତ୍ ପ୍ଲାଣ୍ଟରେ ମଧ୍ୟ କୌଣସି ଅସ୍ୱାଭାବିକତା ଦେଖାଦେଇନାହିଁ। ଉତ୍ତର ଉପକୂଳରେ ୧ରୁ ୩ ମିଟର ଉଚ୍ଚରେ ସୁନାମି ଆସିବା ନେଇ ସତର୍କ ସୂଚନା ଜାରି କରାଯାଇଥିଲା। ଲୋକଙ୍କୁ ଉପକୂଳଠାରୁ ଦୂରେଇ ରହିବାକୁ ପରାମର୍ଶ ଦିଆଯାଇଥିଲା। ସତର୍କ ସୂଚନା ପ୍ରତ୍ୟାହାର କରାଯାଇଥିଲେ ମଧ୍ୟ ଆଗାମୀ ସପ୍ତାହେ ପର୍ଯ୍ୟନ୍ତ ଉକ୍ତ ଅଞ୍ଚଳରେ ଅଧିକ ଶକ୍ତିଶାଳୀ ଭୂକମ୍ପ ଆଶଙ୍କା ଥିବା ପାଣିପାଗ ବିଭାଗ କହିଛି।

## ଗୁଜରାଟରୁ ୩ ଆଇଏସ୍ ଆତଙ୍କବାଦୀ ଗିରଫ

ଅହମଦାବାଦ,୯।୧୧

ଗୁଜରାଟର ଆତଙ୍କବାଦ ନିରୋଧୀ ସ୍କ୍ୱାଡ୍ (ଏଟିଏସ୍) ରବିବାର ଅହମଦାବାଦରୁ ୩ ଜଣ ଆଇଏସ୍ ଆତଙ୍କବାଦୀଙ୍କୁ ଗିରଫ କରିଛି। ସେମାନେ ଦେଶର ବିଭିନ୍ନ ସ୍ଥାନରେ ଆତଙ୍କବାଦୀ ଆକ୍ରମଣ କରିବାକୁ ଷଡ଼ଯନ୍ତ୍ର ଚଳାଇଥିଲେ ବୋଲି ଜଣାପଡ଼ିଛି। ସେମାନଙ୍କ ଉପରେ ଗୁଜରାଟ ଏଟିଏସ୍ ବର୍ଷେ ହେଲା ନଜର ରଖିଥିଲା। ଆତଙ୍କବାଦୀମାନେ ଅସ୍ତ୍ର ଯୋଗାଣ ପାଇଁ ଗୁଜରାଟ ଆସିଥିବାବେଳେ ଏଟିଏସ୍ ସେମାନଙ୍କୁ ଗିରଫ କରିଛି। ସେମାନେ ଦୁଇଟି ଭିନ୍ନ ମଡ୍ୟୁଲ୍‌ର। କେଉଁ ଅଞ୍ଚଳ ସେମାନଙ୍କ ଟାର୍ଗେଟରେ ଥିଲା, ତାହା ଜାଣିବା ପାଇଁ ତଦନ୍ତ ଜାରି ରହିଛି। ଜୁଲାଇ ୨୨ରେ ଗୁଜରାଟ ଏଟିଏସ୍ ଅଲ୍‌କାଏଦାର ୫ ଆତଙ୍କବାଦୀଙ୍କୁ ଗିରଫ କରିଥିଲା। ବେଙ୍ଗାଲୁରୁର ଜଣେ ମହିଳା ପାକିସ୍ତାନୀ ପରିଚାଳକଙ୍କ ସହ ଯୋଗସୂତ୍ର ରଖି ଏହି ଅନ୍‌ଲାଇନ୍ ଟେରୋର ମଡ୍ୟୁଲ ଚଳାଇଥିଲେ।

## 'ମୁଁ ପୁରୁଷମାନଙ୍କୁ ଈର୍ଷା କରେ' : ଟ୍ୱିଙ୍କଲ



ଟ୍ୱିଙ୍କଲ ଖାନ୍ନା

**ମୁମ୍ବାଇ:** ବଲିଉଡ ଅଭିନେତ୍ରୀରୁ ଲେଖିକା ପାଲଟିଥିବା ଟ୍ୱିଙ୍କଲ ଖାନ୍ନା ତାଙ୍କର ସ୍ପଷ୍ଟବାଦିତା ପାଇଁ ସର୍ବଦା ଚର୍ଚ୍ଚାରେ ରୁହନ୍ତି। ନିକଟରେ ସେ ତାଙ୍କ ସାପ୍ତାହିକ କଲମରେ 'ମେନୋପଜ' ବିଷୟରେ ଏଭଳି କିଛି ଲେଖିଛନ୍ତି, ଯାହା ପ୍ରତ୍ୟେକ ମହିଳାଙ୍କୁ ଚିନ୍ତା କରିବାକୁ ବାଧ୍ୟ କରିଛି। ଟ୍ୱିଙ୍କଲ ମେନୋପଜକୁ ଏକ ଭିନ୍ନ ଢଙ୍ଗରେ ବର୍ଣ୍ଣନା କରି କହିଛନ୍ତି, 'ମେନୋପଜ ହେଉଛି ସେହିପରି, ଯେପରି କୌଣସି ଚୋର ଆପଣଙ୍କ ଘରେ ପଶି କେବଳ ଜିନିଷ ଚୋରି କରେ ନାହିଁ, ବରଂ ଘରର ସମସ୍ତ ଆସବାବପତ୍ରକୁ ମଧ୍ୟ ନିଜ ଇଚ୍ଛାରେ ବଦଳାଇ ଦିଏ।' ଏହା ମହିଳାଙ୍କ ଜୀବନର ଏପରି ଏକ ପର୍ଯ୍ୟାୟ ଯାହା କେବଳ ଶରୀର ନୁହେଁ, ଚିନ୍ତାଧାରା ଏବଂ ବ୍ୟବହାରକୁ ମଧ୍ୟ ପ୍ରଭାବିତ କରେ।

ସେ ମଜାଳିଆ ଢଙ୍ଗରେ ପୁରୁଷମାନଙ୍କୁ ଈର୍ଷା କରୁଥିବା ଲେଖିଛନ୍ତି। ଟ୍ୱିଙ୍କଲ କହିଛନ୍ତି, 'ପୁରୁଷମାନଙ୍କ ହରମୋନ ସହିତ କେବେ ଏପରି ହୁଏ ନାହିଁ, କିନ୍ତୁ ଆମ ମହିଳାମାନଙ୍କ ହରମୋନରେ ଏମିତି ଓଲଟପାଲଟ ଲାଗି ରହେ'।

# ଆର୍‌ଏସ୍‌ଏସ୍ ରାଷ୍ଟ୍ରନୀତିକୁ ସମର୍ଥନ କରେ: ଭାଗବତ

ନୂଆଦିଲ୍ଲୀ,୯।୧୧

ରାଷ୍ଟ୍ରୀୟ ସ୍ୱୟଂସେବକ ସଂଘ (ଆର୍‌ଏସ୍‌ଏସ୍) କୌଣସି ବ୍ୟକ୍ତିବିଶେଷ କିମ୍ବା ରାଜନୈତିକ ଦଳକୁ ନୁହେଁ, ବରଂ ନୀତିକୁ ସମର୍ଥନ କରେ ବୋଲି ଏହାର ମୁଖ୍ୟ ମୋହନ ଭାଗବତ କହିଛନ୍ତି। ସଂଘ ନିର୍ବାଚନୀ ରାଜନୀତିରେ ଅଂଶଗ୍ରହଣ କରେନାହିଁ। ସମାଜକୁ ଏକାଠି କରିବା ଏହାର କାର୍ଯ୍ୟ। ସଂଘ ଅଯୋଧ୍ୟାରେ ରାମମନ୍ଦିର ଚାହୁଁଥିଲା। ଏହାର ନିର୍ମାଣ ପାଇଁ ଯେଉଁମାନେ ଛିଡ଼ାହେଲେ, ଆମ ସ୍ୱୟଂସେବକମାନେ ସେମାନଙ୍କୁ ଭୋଟ



ମୋହନ ଭାଗବତ

ଦେଲେ। ଭାଜପା ଏହି ସୁବିଧା ହାସଲ କଲା। ରାମମନ୍ଦିର ନିର୍ମାଣ ଦାବିକୁ କଂଗ୍ରେସ ସମର୍ଥନ କରିଥିଲେ, ଆର୍‌ଏସ୍‌ଏସ୍ କର୍ମୀମାନେ ଉକ୍ତ ଦଳକୁ ସମର୍ଥନ ଦେଇଥାନ୍ତେ ବୋଲି ଭାଗବତ କହିଛନ୍ତି।

କୌଣସି ଦଳ ସହ ଆମର ସ୍ୱତନ୍ତ୍ର ଆତ୍ମୀୟତା ନାହିଁ। ଆମେ ରାଜନୀତିକୁ ନୁହେଁ, ରାଷ୍ଟ୍ରନୀତିକୁ ସମର୍ଥନ କରୁ। ଦେଶକୁ ଏକ ନିର୍ଦ୍ଦିଷ୍ଟ ଦିଶାରେ ନେଇଯିବା ଲାଗି ଆମେ ଚାହୁଁ ଏବଂ ଯେଉଁମାନେ ସେହି ଦିଗରେ କାର୍ଯ୍ୟ କରନ୍ତି, ଆମେ ସେମାନଙ୍କୁ ସମର୍ଥନ ଜଣାଉ ବୋଲି ଭାଗବତ ବେଙ୍ଗାଲୁରୁରେ ଆର୍‌ଏସ୍‌ଏସ୍‌ର ଶତବାର୍ଷିକୀ ଅବସରରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ କହିଛନ୍ତି।

ଆର୍‌ଏସ୍‌ଏସ୍‌ରେ ଭାଗନେବାକୁ ମୁସଲମାନଙ୍କୁ ଅନୁମତି ମିଳେ କି ବୋଲି ପ୍ରଶ୍ନ ହେବାରୁ ଭାଗବତ କହିଥିଲେ, ମୁସଲମାନ, ଖ୍ରୀଷ୍ଟିଆନଙ୍କ ସମେତ ବିଭିନ୍ନ ବର୍ଗର ଲୋକ ସଂଘକୁ ଆସିପାରିବେ। ଭିନ୍ନତାକୁ ସେମାନେ ଦୂରେଇ ରଖିବାକୁ ହେବ। ଯେତେବେଳେ ଆପଣମାନେ ସଂଘକୁ ଆସୁଛନ୍ତି, ସେତେବେଳେ ଭାରତ ମାତାର ପୁତ୍ର ଭାବେ ଆସୁଛନ୍ତି। ମୁସଲମାନ, ଖ୍ରୀଷ୍ଟିଆନ୍ ଶାଖାକୁ ଆସୁଥିବାବେଳେ ଆମେ ସେମାନଙ୍କୁ ଗଣି ନ ଥାଉ କି ସେମାନେ କିଏ ବୋଲି ପଚାରି ନ ଥାଉ। ସଂଘ ୧୯୨୫ରେ ସ୍ଥାପନ ହୋଇଥିଲା। ବ୍ରିଟିଶ ସରକାର ଅଧୀନରେ ଏହା ପଞ୍ଜୀକୃତ ହେବା ଆପଣମାନେ ଆଶା କରୁଛନ୍ତି କି ବୋଲି ଭାଗବତ ପ୍ରଶ୍ନ କରିଛନ୍ତି।

## କଟକରେ ବିପଦସଙ୍କୁଳ କୋଠା


ବାଦାମବାଡ଼ି ନିକଟସ୍ଥ ସେସୁ କଲୋନୀ କ୍ୱାର୍ଟର୍ସ।



ନୟାସଡ଼କସ୍ଥିତ ଏକ କୋଠା।



ଚୌଧୁରୀ ବଜାର ନିକଟସ୍ଥ କଟକ ମହାନଗର ନିଗମର କାର୍ଯ୍ୟାଳୟ। (ଫଟୋ: ରାଜକିଶୋର ମହାନ୍ତି)

# ୨୪ ଘଣ୍ଟାରେ ତଦନ୍ତ ରିପୋର୍ଟ ଦିଅ: ଜିଲାପାଳ

## ଆପାର୍ଟମେଣ୍ଟ ବାଲକୋନି ଭୁଶୁଡ଼ି ୩ ମୃତ୍ୟୁ ଘଟଣା

### ବାଲିଯାତ୍ରା ପରେ ହେବ ଅସୁରକ୍ଷିତ କୋଠା ଯାଞ୍ଚ, ଉଚ୍ଛେଦ

**କଟକ,୯।୧୧(କାର୍ତ୍ତିକ ସାହୁ)**

ବକ୍ସିବଜାର ଅଞ୍ଚଳର ମଣିସାହୁ ଛକଠାରେ ଏକ ୫ ମହଲା ଆପାର୍ଟମେଣ୍ଟର ବାଲକୋନି ଭୁଶୁଡ଼ି ଗୋଟିଏ ପରିବାରର ୩ଜଣଙ୍କ ମୃତ୍ୟୁ ଘଟଣାରେ ୨୪ ଘଣ୍ଟାରେ ତଦନ୍ତ ରିପୋର୍ଟ ପ୍ରଦାନ ପାଇଁ ଜିଲାପାଳ ଦତ୍ତାତ୍ରୟ ଭାଉସାହେବ ଶିନ୍ଦେ ନିର୍ଦ୍ଦେଶ ଦେଇଛନ୍ତି। ଏଥିସହ ବାଲିଯାତ୍ରା ପରେ ଅସୁରକ୍ଷିତ କୋଠା ଯାଞ୍ଚ କରାଯାଇ ତୁରନ୍ତ ଉଚ୍ଛେଦ କରାଯିବ ବୋଲି ଜିଲାପାଳ କହିଛନ୍ତି। ଅପରପକ୍ଷେ ପ୍ରତ୍ୟେକ ମୃତକଙ୍କ ସମ୍ପର୍କୀୟଙ୍କୁ ୪ ଲକ୍ଷ ଟଙ୍କା ଲେଖାଏ କ୍ଷତିପୂରଣ ଦେବାକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଘୋଷଣା କରିଛନ୍ତି।

ସୂଚନା ଅନୁଯାୟୀ, ଜିଲାପାଳଙ୍କ ନିର୍ଦ୍ଦେଶକ୍ରମେ କଟକ ମହାନଗର ନିଗମର ଅତିରିକ୍ତ ଆୟୁକ୍ତଙ୍କ ଅଧ୍ୟକ୍ଷତାରେ ଏକ ତଦନ୍ତ କମିଟି ଗଠନ କରାଯାଇଛି। କମିଟିରେ ପୂର୍ତ୍ତ ବିଭାଗର ଅଧୀକ୍ଷଣ ଯନ୍ତ୍ରୀ, ମହାନଗର ନିଗମର ନଗର ଯନ୍ତ୍ରୀ, କଟକ ଉନ୍ନୟନ କର୍ତ୍ତୃପକ୍ଷଙ୍କ ସହକାରୀ ସହର ଯୋଜନାକାରୀ ସଦସ୍ୟ ଭାବେ ରହିଛନ୍ତି। ଏହି ଦୁର୍ଘଟଣା ଘଟିଥିବା କୋଠାର ନିର୍ମାଣ ବୈଧତା ତଥା ଆବଶ୍ୟକ ଅନୁମତି ହାସଲ ବିଷୟରେ ତଦନ୍ତ କରାଯିବ। ଏହି କୋଠା ନିର୍ମାଣର ମୂଳ ଅନୁମତି କଟକ ଉନ୍ନୟନ କର୍ତ୍ତୃପକ୍ଷ ଦେଇଥିବାରୁ ଆବଶ୍ୟକ ଦସ୍ତାବିଜ କଟକ ଉନ୍ନୟନ କର୍ତ୍ତୃପକ୍ଷଙ୍କ କାର୍ଯ୍ୟାଳୟରୁ ହାସଲ କରାଯାଇ ଯାଞ୍ଚ କରାଯିବ। ତଦନ୍ତ କମିଟି ସଂପୃକ୍ତ କୋଠାର ନିର୍ମାଣଜନିତ ଦୃଢ଼ତା ଏବଂ ସ୍ଥାୟିତ୍ୱକୁ ପରୀକ୍ଷା ନିରୀକ୍ଷା କରିବ। ଏହି ଅଟ୍ଟାଳିକା ନିର୍ମାଣ ନିମନ୍ତେ କ୍ଷମତାସମ୍ପନ୍ନ କର୍ତ୍ତୃପକ୍ଷଙ୍କ ଠାରୁ ଅନୁମତି ହାସଲ କରାଯାଇଛି କି ନାହିଁ ଏବଂ ଅନୁମୋଦିତ ଯୋଜନା ତଥା ନିର୍ମାଣ ନିୟମାବଳୀ ଅନୁଯାୟୀ କରାଯାଇଛି କି ନାହିଁ, ତାହା ମଧ୍ୟ କମିଟି ଯାଞ୍ଚ କରିବ। ଏଥିରେ କୌଣସି ପ୍ରକାର ଅବହେଳା ବା ବିଚ୍ୟୁତି ପରିଲକ୍ଷିତ ହେଲେ ସମ୍ପୃକ୍ତ ବ୍ୟକ୍ତି ବା ଅଧିକାରୀଙ୍କୁ ଆଇନ ଅନୁଯାୟୀ ଦଣ୍ଡ ବିଧାନ କରାଯିବ। ତଦନ୍ତର ସାରାଂଶ ଓ ସୁପାରିସ ସହ ଏକ ସମ୍ପୂର୍ଣ୍ଣ ରିପୋର୍ଟ କଟକ ମହାନଗର ନିଗମ ଆୟୁକ୍ତ ଏବଂ କଟକ ଉନ୍ନୟନ କର୍ତ୍ତୃପକ୍ଷ ଉପାଧ୍ୟକ୍ଷଙ୍କ ମାଧ୍ୟମରେ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଦାଖଲ କରିବାକୁ ଜିଲାପାଳ ଶିନ୍ଦେ ନିର୍ଦ୍ଦେଶ ଦେଇଛନ୍ତି।

## ଭଙ୍ଗାଯାଇନି ୨୨୧ ବିପଦସଙ୍କୁଳ କୋଠା

### ହାଇକୋର୍ଟଙ୍କ ନିର୍ଦ୍ଦେଶକୁ ପ୍ରଶାସନର ଅଣଦେଖା

**କଟକ,୯।୧୧(କାର୍ତ୍ତିକ ସାହୁ)**

କଟକ ସହରରେ ବିପଦସଙ୍କୁଳ ଅବସ୍ଥାରେ ଥିବା ୨୨୧ଟି କୋଠାକୁ ଭାଙ୍ଗିବା ପାଇଁ ହାଇକୋର୍ଟ ଗତ ସେପ୍ଟେମ୍ବରରେ ପ୍ରଶାସନକୁ ନିର୍ଦ୍ଦେଶ ଦେଇଥିଲେ। ମାତ୍ର ଅଦ୍ୟାବଧି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇନାହିଁ। ବାଦାମବାଡ଼ି ସେସୁ କଲୋନୀ, ସିଏମ୍‌ସିର କେତେକ ବିଲ୍ଡିଂ, ଚୌଧୁରୀବଜାର, ବାଲୁବଜାର, ନୟାସଡ଼କ, ନୂଆବଜାର, କଲେଜ ଛକ, ମଣିସାହୁ ଛକ, ମଙ୍ଗଳାବାଗ, ରାଣୀହାଟ, ପିଠାପୁର, ତିନିକୋଣିଆ ବଗିଚା ଆଦି ଅଞ୍ଚଳରେ ଅନେକ ଅସୁରକ୍ଷିତ କୋଠା ରହିଛି। କେତେକ ବିପଦସଙ୍କୁଳ କୋଠାରେ ଲୋକେ ବସବାସ କରୁଛନ୍ତି। ତେବେ କେତେବେଳେ ଯେ ଏସବୁ କୋଠା ଭୁଶୁଡ଼ିପଡ଼ିବ ତାହାକୁ ନେଇ ସ୍ଥାନୀୟ ଲୋକେ ଆତଙ୍କିତ ଅବସ୍ଥାରେ ରହୁଛନ୍ତି। ଶନିବାର ବକ୍ସିବଜାର ଅଞ୍ଚଳର ମଣିସାହୁ ଛକଠାରେ ଏକ ୫ମହଲା ଆପାର୍ଟମେଣ୍ଟର ବାଲକୋନି ଭୁଶୁଡ଼ି ଗୋଟିଏ ପରିବାରର ୩ଜଣଙ୍କ ମୃତ୍ୟୁ ଘଟିଥିବାବେଳେ ଏହି ଆପାର୍ଟମେଣ୍ଟର ଅନ୍ୟ କେତେକ କୋଠାରେ ଲୋକେ ବାସ କରୁଛନ୍ତି। ପ୍ରଶାସନ ଏ ନେଇ ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁ ବୋଲି ସାଧାରଣରେ ସ୍ୱର ଉଠିଛି।

# ସୁନାବେଡ଼ାରେ ବାଘ ବୁଲୁଥିବା ଭିଡିଓ ଭାଇରାଲ

## ୪ ଟ୍ରେସ୍ କ୍ୟାମେରା ଲଗାଇଲା ବନ ବିଭାଗ

**ସୁନାବେଡ଼ା,୯।୧୧ (କୃତ୍ତିବାସ ପ୍ରଧାନ)**


ଭାଇରାଲ ଭିଡିଓର ଦୃଶ୍ୟ।

କୋରାପୁଟ ଜିଲା ପୁରୁଣା ସୁନାବେଡ଼ାସ୍ଥିତ ଜନସ୍ୱାସ୍ଥ୍ୟ ବିଭାଗର ପମ୍ପ୍ ହାଉସ୍ ଅଞ୍ଚଳରେ ବାଘ ବୁଲୁଥିବା ଭିଡିଓ ସୋସିଆଲ ମିଡିଆରେ ଭାଇରାଲ ହେଉଛି। ଏହାକୁ ନେଇ ବନ ବିଭାଗ ଟିମ୍ ତଦନ୍ତ ସହ ସ୍ଥିତିକୁ ଅନୁଧ୍ୟାନ କରୁଥିବା ଦେଖିବାକୁ ମିଳିଛି। ଭିଡିଓ ଭାଇରାଲ ପରେ ସେମିଳିଗୁଡ଼ା ବନ ବିଭାଗର ଏକ ସ୍ୱତନ୍ତ୍ର ଟିମ୍ ବାଘର ଗତିବିଧି ଉପରେ ନଜର ରଖିବାକୁ ୪ଟି ଟ୍ରେସ କ୍ୟାମେରା ଲଗାଯାଇଛି। ପ୍ରକୃତରେ ବାଘ ନା ଅନ୍ୟ କିଛି ବନ୍ୟଜନ୍ତୁ ସ୍ପଷ୍ଟ ହୋଇ ନ ଥିବାରୁ ଏହାର ଗତିବିଧି ଉପରେ ବିଭାଗ ନଜର ରଖିଛି। ଏହି ଅଞ୍ଚଳର ଆଖପାଖ ଗାଁ ଓ ବସ୍ତିରେ ବିଭାଗର କର୍ମଚାରୀ ଲୋକମାନଙ୍କୁ ସଚେତନ କରିବା ସହ କେହି କିଛି ଦେଖିଲେ ବିଭାଗକୁ ଖବର ଦେବାକୁ କହିଛନ୍ତି। ୩ ଦିନ ଧରି ଏହି ଅଞ୍ଚଳ ଉପରେ ବନ ବିଭାଗ ଟିମ୍ ନଜର ରଖିଛି। ଶନିବାର ରାତିରେ କୋରାପୁଟ ବନଖଣ୍ଡ ଅଧିକାରୀ କେ.ଭି. ଭାସ୍କର ରାଓ, ଏସିଏଫ ଜଗନ୍ନାଥ ପ୍ରସାଦ ବିଷୋୟୀ, କୋରାପୁଟ ବନାଞ୍ଚଳ ଅଧିକାରୀ ଏସ୍.କେ. ପାହାଡ଼ସିଂ, ସେମିଳିଗୁଡ଼ା ବନାଞ୍ଚଳ ଅଧିକାରୀ ସୁଶାନ୍ତ କୁମାର ଦଳେଇ, ବନପାଳ ନିରଞ୍ଜନ ଶତପଥୀ ଓ ଅନ୍ୟ ବନ କର୍ମଚାରୀ ଅଞ୍ଚଳର ଅନୁଧ୍ୟାନ କରିଥିବା ଜଣାପଡ଼ିଛି। ପ୍ରକାଶ ଯେ, ଗୁରୁବାର ରାତିରେ ପମ୍ପ୍ ହାଉସ୍‌ରେ ଥିବା ଜଗୁଆଳି ବାହାରେ ପଇଁତରା ମାରୁଥିବା ବେଳେ ବାଘ ଭଳି ଏକ ବନ୍ୟଜନ୍ତୁ ବୁଲୁଥିବା ଦେଖି ଭିଡିଓ ଉତ୍ତୋଳନ କରିଥିଲେ। ଏ ସମ୍ପର୍କରେ ସେମିଳିଗୁଡ଼ା ବନାଞ୍ଚଳ ଅଧିକାରୀ ସୁଶାନ୍ତ କୁମାର ଦଳେଇଙ୍କୁ ଯୋଗାଯୋଗ କରିବାରୁ, ବିଭାଗ ପକ୍ଷରୁ ଉକ୍ତ ଅଞ୍ଚଳ ଉପରେ ନଜର ରଖାଯାଇଛି। ବନ୍ୟଜନ୍ତୁର ଗତିବିଧି ଜାଣିବାକୁ ଟ୍ରେସ କ୍ୟାମେରା ଲଗାଯାଇଛି। ବାଘ କି ଆଉ କୌଣସି ବନ୍ୟଜନ୍ତୁ ତାହା ଜାଣିବାକୁ ୩ ଦିନ ହେବ ଅନୁଧ୍ୟାନ କରାଯାଉଥିବା ସେ କହିଛନ୍ତି।

# ଦିବ୍ୟାଙ୍ଗଙ୍କ ସୁରକ୍ଷାକୁ ଗୁରୁତ୍ୱ ଦେଉନାହାନ୍ତି ଅଧିକାରୀ

## ଆନ୍ତରିକତା ସହ ଆଇନର ଅନୁପାଳନ ଲାଗି ନିର୍ଦ୍ଦେଶ

**ଭୁବନେଶ୍ୱର,୯।୧୧ (ରବିନାରାୟଣ ଜେନା)**

ରାଜ୍ୟରେ ଦିବ୍ୟାଙ୍ଗଙ୍କ ସୁରକ୍ଷା ପ୍ରତି ଅନେକ ବିଭାଗ ଆନ୍ତରିକତା ଦେଖାଉ ନାହାନ୍ତି। ଫଳରେ ସେମାନେ ଚାକିରିଠାରୁ ଆରମ୍ଭ କରି ଜମି ଖଣ୍ଡିଏ ପାଇବା କିମ୍ବା ସରକାରୀ ଯୋଜନାରେ ସାମିଲ ହୋଇପାରୁ ନାହାନ୍ତି। ଦିବ୍ୟାଙ୍ଗମାନେ ସମାଜର ମୁଖ୍ୟସ୍ରୋତଠାରୁ ପଛରେ ପଡ଼ି ଯାଉଛନ୍ତି। ଏହିଭଳି ଅଭିଯୋଗର ଦସ୍ତାବିଜ୍ ସରକାରଙ୍କ ନିକଟରେ ପହଞ୍ଚିବା ପରେ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତୀକରଣ ବିଭାଗ ପକ୍ଷରୁ ତତ୍ପରତା ପ୍ରକାଶ ପାଇଛି। ପ୍ରତ୍ୟେକ ବିଭାଗ ଯେପରି ଆଇନର ଅନୁପାଳନପୂର୍ବକ ସେମାନଙ୍କ ଅଧିକାର ଓ ସୁରକ୍ଷାକୁ ଦୃଷ୍ଟିଦେବେ ସେ ନେଇ ବିଭାଗ ପକ୍ଷରୁ ସମସ୍ତ ବିଭାଗ ସଚିବଙ୍କୁ ପତ୍ର ଲେଖି ଅବଗତ କରାଯାଇଛି।

ଏ ସଂକ୍ରାନ୍ତରେ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତୀକରଣ ବିଭାଗ ନିର୍ଦ୍ଦେଶକ ପାରୁଲ ପଟୱାରୀ ସରକାରଙ୍କ ନିର୍ଦ୍ଦେଶକ୍ରମେ ନଭେମ୍ବର ୩ରେ ସମସ୍ତ ବିଭାଗ ସଚିବଙ୍କୁ ପତ୍ର ଲେଖିଛନ୍ତି, ଏଥିରେ ସେ ଉଲ୍ଲେଖ କରିଛନ୍ତି ଯେ, ଦିବ୍ୟାଙ୍ଗଙ୍କ ଅଧିକାର ପାଇଁ ସେକ୍ସନ-୩୭ର ଅନୁପାଳନ ହେବା ନିହାତି ଆବଶ୍ୟକ। ସେ କହିଛନ୍ତି, ପ୍ରତ୍ୟେକ ଚାଷଜମି ଆବଣ୍ଟନ ବେଳେ ଏହି ବର୍ଗଙ୍କ ପାଇଁ ୫ପ୍ରତିଶତ ପ୍ରଦାନ କରାଯିବା ଦରକାର। ଏହାସହିତ ସରକାରଙ୍କ ସମସ୍ତ ବିକାଶମୂଳକ ଯୋଜନାରେ ସେମାନେ ଯେପରି ସାମିଲ ହୋଇପାରିବେ ସେଥିପ୍ରତି ବିଭାଗୀୟ ଅଧିକାରୀ ଦୃଷ୍ଟିଦେବାର ଆବଶ୍ୟକତା ରହିଛି। ବିଶେଷ କରି ମହିଳା ବର୍ଗଙ୍କୁ ପ୍ରାଥମିକତା ଭିତ୍ତିରେ ସାମିଲ କରାଯିବା ଦରକାର।

ଏଥିସହ ଗରିବି ଦୂରୀକରଣ ଲାଗି ସରକାରଙ୍କ ପକ୍ଷରୁ ଯେତେସବୁ ଯୋଜନା ହାତକୁ ନିଆଯାଇଛି ସେଥିରେ ମଧ୍ୟ ଅତି କମ୍‌ରେ ୫ପ୍ରତିଶତ ଏହି ବର୍ଗଙ୍କୁ ସାମିଲ କରାଯିବାର ଆବଶ୍ୟକତା ରହିଛି। ଏହାସହିତ ବିଭିନ୍ନ ବର୍ଗଙ୍କୁ ଘରବାଡ଼ି, ଦୋକାନ କିମ୍ବା ଅନ୍ୟାନ୍ୟ ଉଦ୍ୟୋଗ ପାଇଁ ଜମି ଆବଣ୍ଟନ ବେଳେ ଦିବ୍ୟାଙ୍ଗ ବର୍ଗଙ୍କୁ ରିହାତି ଦରରେ ଜମି ଯୋଗାଇବାକୁ ହେବ ବୋଲି ପଟୱାରୀ ଚିଠିରେ ଉଲ୍ଲେଖ କରିଛନ୍ତି।

ସେ ପୁନଶ୍ଚ ଦର୍ଶାଇଛନ୍ତି, ସରକାରଙ୍କ ଲକ୍ଷ୍ୟ ହେଉଛି ଦିବ୍ୟାଙ୍ଗମାନଙ୍କୁ ସମାଜର ମୁଖ୍ୟସ୍ରୋତରେ ସାମିଲ କରିବା। ଏଥିପାଇଁ ସରକାରୀ ନିୟମର ଅନୁପାଳନ ଠିକଣା ଭାବେ କରାଯିବାର ଆବଶ୍ୟକତା ରହିଛି। ବିଭାଗୀୟ ଅଧିକାରୀମାନେ ଆନ୍ତରିକତାର ସହିତ ସେକ୍ସନ-୩୭କୁ ଅନୁପାଳନ କରିବା ସହ ଦିବ୍ୟାଙ୍ଗଙ୍କୁ ତାଙ୍କ ଅଧିକାର ପ୍ରଦାନ କରନ୍ତୁ ବୋଲି ନିର୍ଦ୍ଦେଶକ ପତ୍ରରେ ଦର୍ଶାଇଛନ୍ତି।

# ଜଳପଥରେ ଗୁଆ ଚାଲାଣ

## ୬୦୨ ବସ୍ତା ଗୁଆ ସହ ୪ କଣ୍ଟେନର, ୨ ଟ୍ରଲର ଜବତ




ମେରାଇନ୍ ଥାନା ପକ୍ଷରୁ ଜବତ ଟ୍ରଲର ଓ କଣ୍ଟେନର।

**ବାଲେଶ୍ୱର,୯।୧୧(ବାଞ୍ଛାନିଧି ଦେ)**

ଜଳପଥରେ ଗୁଆ ଚାଲାଣ ବେଳେ ଧରାପଡ଼ିଛି। ବାଲେଶ୍ୱର ଜିଲା ବାହାବଳପୁର ମେରାଇନ୍ ଥାନା ଓ ବସ୍ତା ଥାନା ଅଞ୍ଚଳରୁ ୪ଟି କଣ୍ଟେନର ଓ ୨ଟି ଟ୍ରଲର୍ ଜବତ ହୋଇଛି। ୪ କଣ୍ଟେନର ଡ୍ରାଇଭରଙ୍କୁ ଅଟକ ରଖାଯାଇ ପୋଲିସ ତଦନ୍ତ ଜାରି ରଖିଛି।

ସୂଚନାଯୋଗ୍ୟ, ଶନିବାର ରାତିରେ ବାହାବଳପୁର ମତ୍ସ୍ୟ ଅବତରଣ କେନ୍ଦ୍ରଠାରୁ କିଛି ଦୂରରେ ଏହି ଟ୍ରଲର୍ ୨ଟି ଅଟକି ରହିଥିବା ଦେଖିବାକୁ ମିଳିଥିଲା। ସେଥିରେ ଆସିଥିବା ସାମଗ୍ରୀକୁ ୪ଟି କଣ୍ଟେନର ଜରିଆରେ ଚାଲାଣ ବ୍ୟବସ୍ଥା କରାଯାଉଥିଲା। ସ୍ଥାନୀୟ ଲୋକେ ଏହା ଦେଖି ପୋଲିସକୁ ଖବର ଦେଇଥିଲେ। ମେରାଇନ୍ ଥାନା ପୋଲିସ ସ୍ଥାନୀୟ ଶିବ ମନ୍ଦିର ନିକଟରୁ ଗୋଟିଏ କଣ୍ଟେନରରେ ଥିବା ୨୮୮ବସ୍ତା ଗୁଆ ଜବତ କରିଥିଲା। ଏନେଇ ମାମଲା (ନଂ.୩୫/୨୫) ରୁଜୁ ପରେ ତଦନ୍ତ ଜାରି ରହିଛି। ସେହିପରି ବସ୍ତା ଥାନା ପୋଲିସ ଛାନୁଆ-ସୁଲପଟା ରାସ୍ତାରେ ୩ଟି କଣ୍ଟେନରକୁ ଅଟକାଇଥିଲା। ସେଥିମଧ୍ୟରୁ ୨ଟି କଣ୍ଟେନରରେ ଥିବା ୩୧୪ ବସ୍ତା ଗୁଆ ଜବତ ହୋଇଥିବା ବେଳେ ଅନ୍ୟଟି ଫାଙ୍କା ଥିଲା। ଏ ସମ୍ପର୍କରେ ବସ୍ତା ଥାନାରେ ମାମଲା (ନଂ. ୪୬୬/୨୫) ରୁଜୁ ହୋଇଛି।

ମେରାଇନ ଥାନା ଆଇଆଇସି ରଶ୍ମିରେଖା ମହାଳିକଙ୍କ ସୂଚନା ମୁତାବକ, କଣ୍ଟେନରଗୁଡ଼ିକରେ ଗୁଆ ବସ୍ତା ଥିଲା। ଟ୍ରଲର୍‌ଗୁଡ଼ିକରେ ଏହି ଗୁଆ ଆସିଥିବା ଅନୁମାନ କରାଯାଉଛି। ସମ୍ପୂର୍ଣ୍ଣ ଯାଞ୍ଚ ପରେ ସତ୍ୟାସତ୍ୟ ଜଣାପଡ଼ିବ। ଟ୍ରଲର୍‌ଗୁଡ଼ିକ ପଶ୍ଚିମବଙ୍ଗର ବୋଲି ପୋଲିସ ସୂଚନା ଦେଇଛି।

## ଗାଡ଼ି ଧକ୍କାରେ ମା' ପୁଅ ମୃତ

**ସମ୍ବଲପୁର,୯।୧୧ (ପ୍ରମୋଦ ବହିଦାର)**

ରାଞ୍ଚି-ବିଜୟୱାଡା ଜାତୀୟ ରାଜପଥର ସମ୍ବଲପୁର ଜିଲା ରେଢ଼ାଖୋଲ ଥାନା ଆଦର୍ଶବିଦ୍ୟାଳୟ ଛକରେ ରବିବାର ସନ୍ଧ୍ୟାରେ ଏକ ସଡ଼କ ଦୁର୍ଘଟଣାରେ ବାଇକରେ ଥିବା ମା' ପୁଅଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ଚାରମାଳ ଥାନା ଅନ୍ତର୍ଗତ ବଡ଼ମାଳ ପଞ୍ଚାୟତ ପିପିଲିକାନୀ ଗ୍ରାମର ମଞ୍ଜୁ ମାଝୀ(୬୦) ଓ ତାଙ୍କ ପୁଅ ମନୋଜ ମାଝୀ(୩୦)। ସେମାନେ ନାକଟିଦେଉଳରୁ ରେଢ଼ାଖୋଲ ଆସୁଥିବା ବେଳେ ସନ୍ଧ୍ୟା ପ୍ରାୟ ୬ଟା୩୦ରେ ବିପରୀତ ଦିଗରୁ ଆସୁଥିବା ଏକ ଗାଡ଼ି ସେମାନଙ୍କ ବାଇକ୍‌କୁ ଧକ୍କା ଦେଇଥିଲା। ଏଥିରେ ସେମାନେ ଛିଟିକି ପଡ଼ିଥିବାବେଳେ ଦୁର୍ଘଟଣା ଘଟାଇଥିବା ଗାଡ଼ିକୁ ନେଇ ଡ୍ରାଇଭର ଫେରାର ହୋଇଯାଇଥିଲେ। ଖବର ପାଇ ରେଢ଼ାଖୋଲ ଥାନା ପୋଲିସ ପହଞ୍ଚି ଉଭୟଙ୍କୁ ଗୁରୁତର ଅବସ୍ଥାରେ ଉଦ୍ଧାର କରି ସ୍ଥାନୀୟ ଡାକ୍ତରଖାନା ନେଇଥିଲେ। ସେଠାରେ ଡାକ୍ତର ମଞ୍ଜୁ ଓ ମନୋଜଙ୍କୁ ମୃତ ଘୋଷଣା କରିଥିଲେ। ସୋମବାର ଉଭୟଙ୍କ ଶବ ବ୍ୟବଚ୍ଛେଦ କରାଯିବ।



# ଆଜି କ'ଣ କେଉଁଠି

**ଭୁବନେଶ୍ୱର**
- ଫିଲ୍ମ ହେରିଟେଜ୍ ଫାଉଣ୍ଡେଶନ୍ ପକ୍ଷରୁ ଖବରଦାତା ସମ୍ମିଳନୀ, ସ୍ଥାନ: ପ୍ରେସ କ୍ଲବ୍, ସମୟ: ପୂର୍ବାହ୍ନ ୧୦ଟା ୩୦ ।
- ସୃଜନୀ ଅନୁଷ୍ଠାନ ଆନୁକୂଲ୍ୟରେ ନାରାୟଣ ଶିଶୁ ନାଟ୍ୟ ମହୋତ୍ସବ–୨୦୨୫, ସ୍ଥାନ: ଭଞ୍ଜକଳା ମଣ୍ଡପ, ସମୟ: ସନ୍ଧ୍ୟା ୫ଟା ୩୦ ।
- ଦିବ୍ୟଦିଗନ୍ତ ସାମାଜିକ ଅନୁଷ୍ଠାନ ପକ୍ଷରୁ ଔଷଧୀୟ ଚାରା ପ୍ରଦର୍ଶନ, ସ୍ଥାନ: ସୂଚନା ଭବନ, ସମୟ: ସନ୍ଧ୍ୟା ୬ଟା ।

**ବାଲେଶ୍ୱର**
- ଏମ୍‌ପି ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀଙ୍କ ଜନ୍ମଦିନ ଉପଲକ୍ଷେ ବିଶାଳ ରକ୍ତଦାନ ଶିବିର, ସ୍ଥାନ: ଡାକବଙ୍ଗଳା ପରିସର, ନୀଳଗିରି, ଔପଦା ଡିଗ୍ରୀ କଲେଜ, ଔପଦା, ମନୀଷା ଜିଏନ୍‌ଏମ୍ କଲେଜ, ଖନ୍ତାପଡ଼ା, ସମୟ: ପୂର୍ବାହ୍ନ ୯ଟା ।
- ଆଣ୍ଟି ରାଗିଂ ସମ୍ପର୍କିତ କର୍ମଶାଳା,ସ୍ଥାନ:ନୀଳମଣି ମହାବିଦ୍ୟାଳୟ, ରୂପ୍‌ସା, ବାଲେଶ୍ୱର, ସମୟ: ପୂର୍ବାହ୍ନ ୧୦ଟା ।
- ମିଳିତ ଜନ ଅଭିଯୋଗ ଶୁଣାଣି ଶିବିର, ସ୍ଥାନ: ବ୍ଲକ କାର୍ଯ୍ୟାଳୟ, ରେମୁଣା, ସମୟ: ପୂର୍ବାହ୍ନ ୧୦ଟା ।
- ଜାତୀୟ ସାମ୍ବାଦିକ ଦିବସ ଉପଲକ୍ଷେ ଯୁକ୍ତ୨ ଓ ଯୁକ୍ତ ୩ ଛାତ୍ରୀଛାତ୍ରଙ୍କ ମଧ୍ୟରେ ବକ୍ତୃତା ପ୍ରତିଯୋଗିତା, ଶୀର୍ଷକ 'ମୁଁ ବି ହେବି ସାମ୍ବାଦିକ', ସ୍ଥାନ: ଆର୍‌ଆଇଏଚ୍‌ଏସ୍ ମହାବିଦ୍ୟାଳୟ, ଭୋଗରାଇ, ସମୟ: ପୂର୍ବାହ୍ନ ୧୧ଟା ।

**ଭଦ୍ରକ**
- ମିଳିତ ଜନଶୁଣାଣି ଶିବିର, ସ୍ଥାନ: ବ୍ଲକ ସଭାଗୃହ, ଚାନ୍ଦବାଲି, ସମୟ: ପୂର୍ବାହ୍ନ ୧୦ଟା ।

**କେନ୍ଦୁଝର**
- ସାଧାରଣ ଅଭିଯୋଗ ଶୁଣାଣି, ସ୍ଥାନ: ଚମ୍ପୁଆ ବ୍ଲକ୍, ସମୟ: ପୂର୍ବାହ୍ନ ୧୦ଟା ୩୦ ।
- ସ୍ୱପ୍ନେଶର ମନ୍ଦିର ପ୍ରାଙ୍ଗଣରେ ଭଜନ ଓ ସତ୍‌ସଙ୍ଗ, ସ୍ଥାନ: ଶାଳନିଆଁ, ହାଟଡ଼ିହୀ, ସମୟ: ସନ୍ଧ୍ୟା ୫ଟା ।
- ସାଇବାବାଙ୍କ ୧୦୦ତମ ଜନ୍ମ ଉତ୍ସବ ଉପଲକ୍ଷେ ଆଲୋଚନା ଚକ୍ର, ଭଜନ, ସ୍ଥାନ : କପୁଣ୍ଡି , ହାଟଡିହୀ, ସମୟ : ସନ୍ଧ୍ୟା ୬ ଟା ।

**ମୟୂରଭଞ୍ଜ**
- ପଦଯାତ୍ରା, ସ୍ଥାନ: ବିର୍ସା ମୁଣ୍ଡା ପାର୍କ, ରାଇରଙ୍ଗପୁର, ସମୟ: ସକାଳ ୭ଟା ।
- ମିଳିତ ଜନଅଭିଯୋଗ ଶୁଣାଣି ଶିବିର, ସ୍ଥାନ: ଉପଜିଲାପାଳଙ୍କ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ, ରାଇରଙ୍ଗପୁର, ସମୟ: ପୂର୍ବାହ୍ନ ୧୦ଟା ।
- ସଂଗୀତା କ୍ରିଏଟିଭ୍ ପ୍ରତିଯୋଗିତା,ସ୍ଥାନ:ଚିତ୍ରଡ଼ା ଜବାହର ସରକାରୀ ଉଚ୍ଚ ବିଦ୍ୟାଳୟ, ମୋରଡ଼ା,ସମୟ:ପୂର୍ବାହ୍ନ ୧୧ଟା ।
- ଗୀତା ଜ୍ଞାନ ଯଜ୍ଞ, ସ୍ଥାନ: ଜୁବୁଲୀ ଲାଇବ୍ରେରୀ, ବାରିପଦା, ସମୟ: ସନ୍ଧ୍ୟା ୬ଟା ୩୦ ।
- ରୟାଲ କିଙ୍ଗଡମ ଡ୍ୟାନ୍ସ ଗ୍ରୁପ୍‌ର ଡ୍ୟାନ୍ସ ପରିବେଷଣ, ସ୍ଥାନ: ଭପୁର ଜଗଦ୍ଧାତ୍ରୀ ମେଳା ପଡ଼ିଆ, ବାରିପଦା, ସମୟ: ସନ୍ଧ୍ୟା ୭ଟା ।

**ଗଞ୍ଜାମ**
- ହିଞ୍ଜିଳିକାଟୁ ବିଜେଡି ପକ୍ଷରୁ ସାଧାରଣ ସଭା, ସ୍ଥାନ: ବସଷ୍ଟାଣ୍ଡ ହିଞ୍ଜିଳିକାଟୁ, ସମୟ: ପୂର୍ବାହ୍ନ ୧୧ଟା ।

**କନ୍ଧମାଳ**
- ଜିଲାପାଳଙ୍କ ମିଳିତ ଅଭିଯୋଗ ଶୁଣାଣି, ସ୍ଥାନ: ଦାରିଙ୍ଗବାଡ଼ି ବ୍ଲକ୍ ସଭାଗୃହ, ସମୟ: ପୂର୍ବାହ୍ନ ୧୦ଟା ।

**ଢେଙ୍କାନାଳ**
- ମିଳିତ ଜନ ଅଭିଯୋଗ ଶୁଣାଣି ଶିବିର, ସ୍ଥାନ: ଭୁବନ ବ୍ଲକ କାର୍ଯ୍ୟାଳୟ, ସମୟ: ପୂର୍ବାହ୍ନ ୧୦ଟା ।
- ସୋମନାଥ ଜ୍ୟୋତିର୍ଲିଙ୍ଗ ଦର୍ଶନ ଓ ରୁଦ୍ରାଭିଷେକ, ସ୍ଥାନ: ଢେଙ୍କାନାଳ ରାଜବାଟୀ, ସମୟ: ସନ୍ଧ୍ୟା ୫ଟା ।

**ଜଗତ୍‌ସିଂହପୁର**
- ପାରାଦୀପ ଆଦର୍ଶଥାନା ପକ୍ଷରୁ ଛାତ୍ରୀଛାତ୍ରଙ୍କୁ ନେଇ ସାଇବର ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ, ସ୍ଥାନ: ପାରାଦୀପ କଲେଜ, ସମୟ: ପୂର୍ବାହ୍ନ ୧୦ଟା ।
- କଳିଙ୍ଗ ବାଲିଯାତ୍ରା ମହୋତ୍ସବ ୨୦୨୫ର ଉଦ୍‌ଯାପନୀ ସଭା, ସ୍ଥାନ: ବାଲିଯାତ୍ରା ମଞ୍ଚ, ବତୀଘର ପାଖ ବେଳାଭୂମି, ପାରାଦୀପ, ସମୟ: ସନ୍ଧ୍ୟା ୬ଟା ।

**କେନ୍ଦ୍ରାପଡ଼ା**
- ରାଷ୍ଟ୍ରୀୟ ଏକତା ପଦଯାତ୍ରା, ସ୍ଥାନ: କେନ୍ଦ୍ରାପଡ଼ା ସ୍ୱୟଂଶାସିତ ମହାବିଦ୍ୟାଳୟ, ତିନିମୁହାଣୀ, କେନ୍ଦ୍ରାପଡ଼ା ସହର, ସମୟ: ସକାଳ ୮ଟା ।
- ଜିଲାସ୍ତରୀୟ ପ୍ରଶାସନିକ ଜନଶୁଣାଣି ଶିବିର, ସ୍ଥାନ: ପଞ୍ଚାୟତ ସମିତି କାର୍ଯ୍ୟାଳୟ, ରାଜକନିକା, ସମୟ: ପୂର୍ବାହ୍ନ ୧୦ଟା ।
- ଖବରଦାତା କରୁଣାକର କରଙ୍କ ସ୍ମୃତି ସଭା, ସ୍ଥାନ: ଦୁମୁକାହାଟ, ଡେରାବିଶି, ସମୟ: ପୂର୍ବାହ୍ନ ୧୦ଟା ।
- ଦିଶା ବୈଠକ, ସ୍ଥାନ: ଡିଆରଡିଏ ସଭାଗୃହ, କେନ୍ଦ୍ରାପଡ଼ା ସହର, ସମୟ: ଅପରାହ୍ନ ୨ଟା ।
- ଗ୍ରାମବାସୀଙ୍କ ପକ୍ଷରୁ ଅକାଳବାଧକ ମା' ମନସା ଦେବୀଙ୍କ ପୂଜାସୋଦ, ସ୍ଥାନ: ପୀତାପଲ୍ଲୀ, ମହାକାଳପଡ଼ା, ସମୟ: ସନ୍ଧ୍ୟା ୬ଟା ।
- ବାଲିଯାତ୍ରା ମହୋତ୍ସବ ଓ ରାସ ଉତ୍ସବ, ସ୍ଥାନ: ଗୋବରୀ ନଦୀ କୂଳ, ଗୁଲନଗର, କେନ୍ଦ୍ରାପଡ଼ା ସହର, ଲୁଣାନଦୀ ତଟ, କଳପଡ଼ା, କେନ୍ଦ୍ରାପଡ଼ା, ମା' ମାଟିଆମଙ୍ଗଳା ପୀଠ, ବାରଗାଁ, ପଟ୍ଟାମୁଣ୍ଡାଇ, ମହାନଦୀ ଘାଟ, ବାହାକୁଦ, ମା' ରାମଚଣ୍ଡୀ ଭାଗବତ ଆଶ୍ରମ, କୋଚିଲା ଭାଗବତ ପୀଠ, ଧ୍ୟାନ ଦାସ ମଠ, ବାରଡାଙ୍ଗ, ମହାକାଳପଡ଼ା, ଶାସନୀପଡ଼ା ସେତୁ, ମାର୍ଶାଘାଇ, ଚନ୍ଦ୍ରମୌଳି ପୀଠ, ଚନ୍ଦନନଗର, ରାଜନଗର, ସମୟ: ସନ୍ଧ୍ୟା ୭ଟା ।

**ଯାଜପୁର**
- ଜିଲାପାଳ ଓ ଆରକ୍ଷୀ ଅଧୀକ୍ଷକଙ୍କ ମିଳିତ ଅଭିଯୋଗ ଶୁଣାଣି, ସ୍ଥାନ: ଧର୍ମଶାଳା ବ୍ଲକ୍ କାର୍ଯ୍ୟାଳୟ ପରିସର, ସମୟ: ପୂର୍ବାହ୍ନ ୧୦ଟା ।
- ପଞ୍ଚାୟତସ୍ତରୀୟ ମିଳିତ ଜନଶୁଣାଣି ଶିବିର, ସ୍ଥାନ: ବରୀ ବ୍ଲକ୍ ଅଧୀନ ବାଲିବିଲ ରାଜୀବ ଗାନ୍ଧୀ ସେବାକେନ୍ଦ୍ର ପରିସର, ସମୟ: ପୂର୍ବାହ୍ନ ୧୦ଟା ।
- ରାହାସ ଉତ୍ସବ, ସ୍ଥାନ : ହରିପୁରର ବିଭିନ୍ନ ମଠ ମନ୍ଦିର, ସମୟ : ସନ୍ଧ୍ୟା ୫ଟା ।
- ରାହାସ କୁଞ୍ଜ ଉତ୍ସବ ଓ ଯାତ୍ରା ସମାରୋହ, ସ୍ଥାନ: ମହେଶ୍ୱରପୁର ଛକ, ସମୟ: ସନ୍ଧ୍ୟା ୬ଟା ।

**ନୟାଗଡ଼**
- ବାବା ବଳିଆଙ୍କ ହରି କଥାମୃତ ଉଦ୍‌ଘାଟନ ଦିବସ, ସ୍ଥାନ:କଣ୍ଟିଲୋ ମାଘମେଳା ପଡିଆ, ସମୟ: ସନ୍ଧ୍ୟା ୬ଟା ।
- ସାଇବର ଠକେଇ ଉପରେ ସଚେତନତା, ସ୍ଥାନ:ନୟାଗଡ ବ୍ଲକ ଇଟାମାଟି ଇନ୍‌ଡୋର ଷ୍ଟାଡିୟମ, ସମୟ: ପୂର୍ବାହ୍ନ ୧୦ଟା ।

**ରାୟଗଡ଼ା**
- ଜିଲାପାଳଙ୍କ ଯୁଗ୍ମ ଅଭିଯୋଗ ଶୁଣାଣି ଶିବିର, ସ୍ଥାନ: ପଦ୍ମପୁର ପଞ୍ଚାୟତ ସମିତି କାର୍ଯ୍ୟାଳୟ, ସମୟ: ପୂର୍ବାହ୍ନ ୧୦ଟା ।

**ନବରଙ୍ଗପୁର**
- ପୋଲିସ ପକ୍ଷରୁ ସାଇକେଲ ଶୋଭାଯାତ୍ରା, ସ୍ଥାନ: ଉମରକୋଟ, ସମୟ: ସକାଳ ୮ଟା ।
- ଝରିଗାଁ ପୋଲିସ ପକ୍ଷରୁ ସାଇବର ସୁରକ୍ଷା ଅଭିଯାନ, ସ୍ଥାନ: ଝରିଗାଁ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, ସମୟ: ପୂର୍ବାହ୍ନ ୧୦ଟା ।
- ଜିଲାପାଳ, ଏସ୍‌ପିଙ୍କ ଯୁଗ୍ମ ଜନଶୁଣାଣି, ସ୍ଥାନ: ନନ୍ଦାହାଣ୍ଡି ବ୍ଲକ କାର୍ଯ୍ୟାଳୟ, ସମୟ: ପୂର୍ବାହ୍ନ ୧୧ଟା ।
- ବାଲ୍ୟବିବାହ ନିରାକରଣ ଦିଗରେ ସ୍ୱତନ୍ତ୍ର ଅଭିଯାନ, ସ୍ଥାନ: ନନ୍ଦାହାଣ୍ଡି ବ୍ଲକ ସିନ୍ଧିଗୁଡ଼ା ପଞ୍ଚାୟତର ଦଳେଇଗୁଡ଼ା ଗ୍ରାମ, ସମୟ: ଅପରାହ୍ନ ୨ଟା ।
- ମୁଖ୍ୟମନ୍ତ୍ରୀ ମକା ମିଶନ ସମୀକ୍ଷା ବୈଠକ, ସ୍ଥାନ: ଆଶୋକ ମେହେଟ୍ଟା ସମ୍ମିଳନୀ କକ୍ଷ, ସମୟ ଅପରାହ୍ନ ୪ଟା ।

**କୋରାପୁଟ**
- ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା, ସ୍ଥାନ: ଉଚ୍ଚ ବିଦ୍ୟାଳୟ ପଡିଆ, ନନ୍ଦପୁର, ସମୟ: ସକାଳ ୮ଟା ୪୦ ।
- ଜିଲାସ୍ତରୀୟ ମିଳିତ ଜନଶୁଣାଣି ଶିବିର ଓ କ୍ଷେତ୍ର ପରିଦର୍ଶନ, ସ୍ଥାନ: ପଞ୍ଚାୟତ ସମିତି ବୈଠକ ଗୃହ, କୁନ୍ଦୁରା, ସମୟ: ପୂର୍ବାହ୍ନ ୧୦ଟା ।
- ବିଦ୍ୟାଳୟସ୍ତରୀୟ ବିଜ୍ଞାନ ମେଳା, ସ୍ଥାନ: ଆଦର୍ଶ ବିଦ୍ୟାଳୟ, ଚନ୍ଦ୍ରପଡା, ବୈପାରୀଗୁଡ଼ା, ସମୟ: ପୂର୍ବାହ୍ନ ୧୦ଟା ।
- ପଞ୍ଚାୟତସ୍ତରୀୟ ଜନଶୁଣାଣି, ସ୍ଥାନ: ହାଟଗୁଡ଼ା ପଞ୍ଚାୟତ କାର୍ଯ୍ୟାଳୟ, ସେମିଳିଗୁଡ଼ା ବ୍ଲକ, ସମୟ: ପୂର୍ବାହ୍ନ ୧୦ଟା ।
- ସ୍ୱାମୀ ଚିଦାନନ୍ଦଙ୍କ ପ୍ରବର୍ତ୍ତିତ ସପ୍ତ ବିଧାନ ଉଦ୍‌ଯାପନ, ସ୍ଥାନ: ଆଶ୍ରମ ପରିସର, ସେମିଳିଗୁଡ଼ା, ସମୟ: ପୂର୍ବାହ୍ନ ୧୦ଟା ।
- ପଞ୍ଚାୟତସ୍ତରୀୟ ଜନଶୁଣାଣି, ସ୍ଥାନ: ବାଡେଲ ପଞ୍ଚାୟତ କାର୍ଯ୍ୟାଳୟ, ନନ୍ଦପୁର ବ୍ଲକ୍, ସମୟ: ପୂର୍ବାହ୍ନ ୧୦ଟା ।
- ବ୍ଲକ୍‌ସ୍ତରୀୟ ପରବ ପ୍ରସ୍ତୁତି ବୈଠକ, ସ୍ଥାନ: ବ୍ଲକ୍ କାର୍ଯ୍ୟାଳୟ ପରିସର ସଭାଗୃହ, ପଟ୍ଟାଙ୍ଗି, ସମୟ: ପୂର୍ବାହ୍ନ ୧୧ଟା ।
- ଜାତୀୟ ଆଇନ ସେବା ଦିବସ, ସ୍ଥାନ: ଦଶମନ୍ତପୁର କୋର୍ଟ କାର୍ଯ୍ୟାଳୟ, ସମୟ: ଅପରାହ୍ନ ୧ଟା ।
- ବ୍ଲକସ୍ତରୀୟ ପରବ ନେଇ ପ୍ରସ୍ତୁତି ବୈଠକ, ସ୍ଥାନ: ବ୍ଲକ ସଭାଗୃହ, ଜୟପୁର, ସମୟ:ଅପରାହ୍ନ ୩ଟା ।
- କ୍ରିକେଟ ଟୁର୍ନାମେଣ୍ଟ ଉଦ୍‌ଘାଟନୀ ଉତ୍ସବ, ସ୍ଥାନ: ହାଲ ସହରାଞ୍ଚଳ ଖେଳପଡ଼ିଆ, ସୁନାବେଡା, ସମୟ: ଅପରାହ୍ନ ୫ଟା ।
- ଶାବର ଶ୍ରୀକ୍ଷେତ୍ରରେ ପଣ୍ଡିତ ବୀରେନ୍ଦ୍ର କୁମାର ପଣ୍ଡାଙ୍କ ପ୍ରବଚନ, ସ୍ଥାନ: ଶାବର ଶ୍ରୀକ୍ଷେତ୍ର ପରିସର, ସମୟ : ସନ୍ଧ୍ୟା ୭ଟା୩୦ ।

**ମାଲକାନଗିରି**
- ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣି ସମ୍ପଦ ମେଳା, ସ୍ଥାନ: ପଡ଼ିଆ ବ୍ଲକ ସଦର ମହକୁମା କଲ୍ୟାଣ ମଣ୍ଡପ, ସମୟ: ପୂର୍ବାହ୍ନ ୧୦ଟା ।

**ସମ୍ବଲପୁର**
- ଜିଲା ପ୍ରଶାସନର ମିଳିତ ଜନ ଶୁଣାଣୀ କାର୍ଯ୍ୟକ୍ରମ, ସ୍ଥାନ : ବାମରା ବ୍ଲକ ପରିସର, ସମୟ : ପୂର୍ବାହ୍ନ ୧୦ଟା ।
- ଶ୍ରୀଅନ୍ନ ଅଭିଯାନରେ କୃଷକ ସଚେତନତା କାର୍ଯ୍ୟକ୍ରମ, ସ୍ଥାନ : ଯୁଯୋମୁରା ନିକଟସ୍ଥ ବୁରୁବେର୍ଣ୍ଣି ଗ୍ରାମ, ସମୟ : ପୂର୍ବାହ୍ନ ୧୦ଟା ।
- ଦୁର୍ଗା–୨ ଚିତ୍ରକଳା ପ୍ରଦର୍ଶନୀର ପ୍ରସ୍ତୁତି ବୈଠକ, ସ୍ଥାନ : ଗୁଜୁରାତି କଲୋନୀ ସ୍ଥିତ ବନ୍ଦନା ଆର୍ଟ କର୍ଣ୍ଣର ପରସର, ସମୟ : ଅପରାହ୍ନ ୫ଟା ।

**ରାଉରକେଲା**
- ଆଦର୍ଶ ଯୁବ ପରିଷଦ ପକ୍ଷରୁ ଶିଶୁ ମହୋତ୍ସବର ଉଦ୍‌ଯାପନୀ ସମାରୋହ ପାଳନ, ସ୍ଥାନ: ସେକ୍ଟର–୭, ସମୟ: ସକାଳ ୮ଟା ।
- ଅଲ୍ ଇଣ୍ଡିଆ ଗାର୍ଡ କାଉନସିଲ୍ ପକ୍ଷରୁ ପ୍ରସ୍ତୁତି ବୈଠକ, ସ୍ଥାନ: ରାଉରକେଲା ଷ୍ଟେଶନ ଗାର୍ଡ଼ ରୁମ୍, ସମୟ: ସକାଳ ୯ଟା ।
- ରାଉରକେଲା ମହାବିଦ୍ୟାଳୟରେ ସାହିତ୍ୟ ଆଲୋଚନାଚକ୍ର, ସ୍ଥାନ: ସେକ୍ଟର–୪, ସମୟ: ପୂର୍ବାହ୍ନ ୧୦ଟା ।

## ପ୍ରଥମ ପୃଷ୍ଠାରୁ...

### ସରିଲା ପ୍ରଚାର...

ନାହିଁ। ଏହାକୁ ନେଇ ସ୍ଥାନୀୟ ମହଲରେ ଚାଲିଥିବା ଚର୍ଚ୍ଚା ମୁତାବକ, ରବିବାର ରାତିରୁ ମଙ୍ଗଳବାର ଭୋଟ ପ୍ରକ୍ରିୟା ଆରମ୍ଭ ଯାଏ ଦେଖିବାକୁ ମିଳିବ ଅସଲି ଖେଳ। କାରଣ ଏବେ ପ୍ରାୟ ଦେଢ଼ ଦିନ ସ୍ଥାନୀୟ ଅଞ୍ଚଳର ପଞ୍ଚାୟତସ୍ତରୀୟ ନେତାମାନେ ହିଁ ଯାହା କିଛି ସେମାନଙ୍କ ଦଳର ପ୍ରାର୍ଥୀଙ୍କ ସପକ୍ଷରେ ଭୋଟ ଆସିବା ଲାଗି କାମ କରିବେ। ସ୍ଥାନୀୟ ମହଲରେ ଏବେ ଅନ୍ଧାରି ବିଜେ ବିଷୟକୁ ନେଇ ପ୍ରଚାର ଜୋର ଧରିବାରେ ଲାଗିଛି। ଏସବୁ ଭିତରେ ଅସାଧୁ କାରବାର ରୋକିବା ପାଇଁ ନିର୍ବାଚନ କମିଶନ ଓ ଜିଲା ପ୍ରଶାସନ ପକ୍ଷରୁ କଡ଼ାକଡ଼ି ବ୍ୟବସ୍ଥା କରାଯାଇଛି।

ଦିନେକାଳେ ନୂଆପଡ଼ା ଯାଇ ନ ଥିବା ଏବଂ ସ୍ଥାନୀୟ ଅଞ୍ଚଳରେ ବୁଲି ଲୋକଙ୍କ ଦୁଃଖ ସୁଖ ବୁଝି ନ ଥିବା ରାଜ୍ୟର ଅନେକ ନେତା ଉପନିର୍ବାଚନ ପରିସ୍ଥିତି ସୃଷ୍ଟି ହେବାରୁ ନିଜ ଦଳ ପାଇଁ ପ୍ରଚାର କରିବାକୁ ନୂଆପଡ଼ା ଆସିଥିଲେ। ୨୦୨୪ ନିର୍ବାଚନ ପରେ ରାଜ୍ୟ ରାଜନୀତିରେ ଦୃଶ୍ୟପଟ ବଦଳିଥିବାରୁ ନିଜ ଦଳକୁ ଲୋକଙ୍କ ନଜରରେ ଆଗକୁ ନେବା ପାଇଁ ବହୁ ନେତା ନୂଆପଡ଼ା ଭୋଟରଙ୍କ ସହ ପ୍ରାୟ ମାସେ ବ୍ୟାପୀ ସେମାନଙ୍କ ସୁଖଦୁଃଖରେ ସାମିଲ ହୋଇଥିଲେ। ସେହି ନେତାମାନଙ୍କୁ ମିଳିଥିବା ଦାୟିତ୍ୱର ସମୟ ସରିଯିବା ପରେ ସେମାନେ ନିଜ କର୍ତ୍ତବ୍ୟ କେତେ ଭଲ ଭାବେ ତୁଲାଇ ପାରିଛନ୍ତି ସେକଥା ଆସନ୍ତା ୧୪ ତାରିଖ ଉପନିର୍ବାଚନ ଫଳ ବାହାରିବା ପରେ ସ୍ପଷ୍ଟ ହୋଇଯିବ। ଅନେକ ନେତା ଏବେ ନୂଆପଡ଼ା ଛାଡ଼ିବା ପରେ ଏହାର ପାଖାପାଖି ଜିଲାର ହେଡକ୍ୱାର୍ଟର୍ସରେ ଡେରା ପକାଇବା ସହ ମନିଟରିଂ କରି ଭୋଟର ଯେପରି ଏପାଖ ସେପାଖ ନ ହୁଅନ୍ତି ସେଥିପାଇଁ କାର୍ଯ୍ୟକ୍ରମ ଆରମ୍ଭ କରି ଦେଇଛନ୍ତି। ତ୍ରିମୁଖୀ ପ୍ରତିଦ୍ୱନ୍ଦ୍ୱିତା ନେଇ ଚର୍ଚ୍ଚା ହେଉଥିବାବେଳେ ଭାଜପା,ବିଜେଡି ଓ କଂଗ୍ରେସ ନିଜର ପଞ୍ଚାୟତସ୍ତରର ନେତାମାନଙ୍କୁ ବାକି ସମୟ ଭଲ ଭାବେ ନିଜ ଅଞ୍ଚଳକୁ ଜଗିରଖିବା ପାଇଁ ବୁଝାଇ ଚାଲିଛନ୍ତି। ଏହି ଉପନିର୍ବାଚନରେ ରାଜ୍ୟର ୩ପ୍ରମୁଖ ଦଳ ସେମାନଙ୍କ ପ୍ରାର୍ଥୀ ଜିତିବା ସପକ୍ଷରେ ଯୁକ୍ତି ବାଢୁଛନ୍ତି। ପୂର୍ବରୁ ମଧ୍ୟ ପ୍ରକାଶ ପାଇଥିବା ଅନେକ ଚର୍ଚ୍ଚା ମୁତାବକ ପ୍ରଥମ ଥର ଶାସନ କ୍ଷମତାକୁ ଆସିଥିବା ଭାଜପା ପାଇଁ ଏହି ଉପନିର୍ବାଚନ ଏକପ୍ରକାର ଅଗ୍ନିପରୀକ୍ଷା ସଦୃଶ। କାରଣ ଏହି ଉପନିର୍ବାଚନରେ ବିଜୟୀ ହେଲେ ହିଁ ସରକାର ବିପକ୍ଷରେ ଜନମତ ନ ଥିବା ଏବଂ ବିଶ୍ୱାସ ବଢ଼ିଥିବା କଥା ଭାଜପା ରାଜ୍ୟବାସୀଙ୍କ ଆଗରେ ରଖିପାରିବ। ସେହିପରି ୨୪ ବର୍ଷ ପରେ ଶାସନରୁ ଯାଇଥିବା ବିଜେଡି ଯଦି ବିଜୟୀ ହୁଏ, ତେବେ ସରକାରଙ୍କ ଉପରେ ଲୋକଙ୍କ ଆସ୍ଥା ତୁଟିଗଲାଣି ବୋଲି କହି ସେମାନେ ନିଜ ପୁରୁଣା ଘିଟିକୁ ଫେରିବାର ବାର୍ତ୍ତା ଦେବା ନେଇ ଏକ ବାଟ ଫିଟାଇ ପାରିବେ। ସମାନ ଭାବେ କଂଗ୍ରେସ ଯଦି ଉତ୍ତମ ପ୍ରଦର୍ଶନ କରିବାରେ ସଫଳ ହେଲା,ତେବେ ଦୀର୍ଘ ଦିନ ଧରି ପ୍ରତ୍ୟାଖ୍ୟାତ ହୋଇଥିବା ଏହି ଦଳ ପାଇଁ ଲୋକଙ୍କ ମନରେ ପରିବର୍ତ୍ତନ ହୋଇଛି ବୋଲି ଏକ ବାର୍ତ୍ତା ଯାଇପାରେ। ତେବେ ଗଲା ୨୫ ଦିନ ଧରି ଖବର ସଂଗ୍ରହ କରିବା ମଧ୍ୟରେ ଉପରୋକ୍ତ ବିଭିନ୍ନ ଦଳର ନେତାମାନଙ୍କ ସହ ଅନେକ ସମୟରେ ଆଲୋଚନା କରିବା ଭିତରେ ମିଳିଥିବା ଅନୁଭୂତି ଅନୁଯାୟୀ, ପଛୁଆ ଜିଲା ଭାବେ ପରିଚିତ ନୂଆପଡ଼ାର ଭୋଟରଙ୍କ ମାନସିକତା ଉପନିର୍ବାଚନ ଭୋଟିଂକୁ ନେଇ କିପରି ରହିଛି ତାହା କେହି ହେଲେ ଠିକ୍ ଭାବେ ଆକଳନ କରିପାରୁ ନାହାନ୍ତି। ତେବେ ବର୍ତ୍ତମାନ ସମୟରେ ସବୁ ଦଳର ସ୍ଥାନୀୟ ନେତାଙ୍କ କାର୍ଯ୍ୟକଳାପ ଓ ଜିଲା ପ୍ରଶାସନର କଟକଣା ଉପରେ ବିଶେଷ ଦୃଷ୍ଟି ରହିବ।

ଅନ୍ୟପଟେ ବିଜେଡି ଓ ଭାଜପାରୁ ଟିକେଟ ପାଇ ନ ଥିବା ଅନେକ ସ୍ଥାନୀୟ ନେତା ସେମାନଙ୍କ ଦଳର ନେତୃମଣ୍ଡଳୀମାନଙ୍କର ଉପସ୍ଥିତି କାରଣରୁ କିଛି ଏପାଖ ସେପାଖ କରିବାର ସୁଯୋଗ ପାଇପାରି ନ ଥିଲେ। ହେଲେ ଏବେ ଯେତେବେଳେ ବାହାରୁ ଆସିଥିବା ନେତାମାନେ ଚାଲିଗଲେଣି, ସେହି ସମୟରେ ଟିକେଟ ଆଶାୟୀ ଥିବା ସମସ୍ତ ଅସନ୍ତୁଷ୍ଟ ନେତା ସେମାନଙ୍କ କର୍ମୀମାନଙ୍କ ଜରିଆରେ ନିଜ ଅସନ୍ତୋଷ ଜାହିର କରିବାର ସୁଯୋଗକୁ କିପରି ବ୍ୟବହାର କରୁଛନ୍ତି ତାକୁ ନେଇ ସବୁ ଦଳ ଭିତରେ ଏକ ପ୍ରକାର ଭାଳେଣି ପଡ଼ିଥିବା ଶୁଣିବାକୁ ମିଳୁଛି।


ଢଗଢମାଳି

(କ୍ରମେ ଲୋକମୁଖରୁ ଓ ଜନମାନସରୁ ବିସ୍ମୃତ ହେଉଥିବା ଢଗଢମାଳିକୁ ପାଠିକା–ପାଠକଙ୍କ ନିକଟରେ ପହଞ୍ଚାଇବା ସକାଶେ ଧରିତ୍ରୀର ପ୍ରୟାସ)



**ଅଳପ ଦୁହିଁଲେ ଗୋସେଇଁ ରୁଷେ,
ବହୁତ ଦୁହିଁଲେ ବାଛୁରୀ ରୁଷେ,
ପର ଗାଈଦୁହାଁ ମୋତେ ନ ଆସେ ।**

ଗାଈ ଦୁହାଁଳି ବ୍ୟକ୍ତି ଗାଈଠାରୁ ଅଳ୍ପ କ୍ଷୀର ଦୁହିଁଲେ ଗାଈର ମାଲିକ ତା' ଉପରେ ଅସନ୍ତୁଷ୍ଟ ହୋଇଥାଏ। ସେମିତି ଗାଈଠାରୁ ବେଶି କରି କ୍ଷୀର ଦୁହିଁଲେ ବାଛୁରୀଟି ଖାଇବାକୁ ପାଇ ନ ଥାଏ। ଏ ପରିସ୍ଥିତିରେ ଗାଈ ଦୁହୁଁଥିବା ବ୍ୟକ୍ତିଟି ଅତ୍ୟନ୍ତ ଧର୍ମ ସଙ୍କଟରେ ପଡ଼ିଯାଇଥାଏ। ପରୋକ୍ଷରେ ଦୁଇ ପକ୍ଷର ଲୋକଙ୍କ ମନକୁ ନେଇ ଚଳିବା ଆଦୌ ସହଜ ହେଉ ନ ଥିବା ଅର୍ଥରେ ଏଭଳି ଉକ୍ତି ଉଲ୍ଲେଖ କରାଯାଇଛି।

**ଅତି ନିର୍ଲଜ ଗୀତ ଗାଏ,
ଅତି ପୋଡ଼ାମୁହାଁ ନାଚି ଯାଏ ।**

ଲୋକମାନଙ୍କର ବିଶ୍ୱାସ, ବେସରମ ଲୋକହିଁ ନାଟ ତାମସାରେ ମାତିଥାଏ। ପରୋକ୍ଷରେ ଯେଉଁମାନଙ୍କ ମୁହଁରେ ଲାଜସରମ ବୋଲି କିଛି ନ ଥାଏ ସେମାନଙ୍କୁ କହି କିଛି ଲାଭ ମିଳି ନ ଥାଏ। ଅଲାଜୁକ ଭାବେ ସେମାନେ ଯାହା ନାହିଁ ତାହା କରିବସୁଥିବା ଅର୍ଥରେ ଏଭଳି ବ୍ୟଙ୍ଗୋକ୍ତି ପ୍ରକାଶ କରାଯାଇଛି।

ନିର୍ବାଚିତ ଢଗଢମାଳି, ପ୍ରବାଦ, ପ୍ରବଚନ ଓ ଅନ୍ୟାନ୍ୟ – ପ୍ରାଚୀ ସାହିତ୍ୟ ପ୍ରତିଷ୍ଠାନ



ରବିବାର ଅପରାହ୍ନ ୫ଟାରେ ମହାକାଶରୁ ଉତ୍ତୋଳିତ ପାଣିପାଗର ଚିତ୍ର।

### ବିଜେଡି, କଂଗ୍ରେସ...

ଓ ବର୍ତ୍ତମାନ ବିଜେଡି ରାଜ୍ୟ ସାଧାରଣ ସମ୍ପାଦକ ମନୋଜ ମିଶ୍ରଙ୍କ କୋମନାସ୍ଥିତ ବାସଭବନରେ ପୂର୍ବାହ୍ନ ୧୦ଟାରେ ଆୟକର ବିଭାଗ ଅଧିକାରୀମାନେ ଚଢାଉ କରିଥିଲେ। ସେହିପରି ଯୁବ କଂଗ୍ରେସ ରାଜ୍ୟ ସାଧାରଣ ସମ୍ପାଦକ ତଥା ବ୍ୟବସାୟୀ ଅଙ୍କିତ ସିଂଘାଲଙ୍କ ଖରିଆରରୋଡ଼ସ୍ଥିତ ବାସଭବନରେ ଅପରାହ୍ନ ପ୍ରାୟ ୩ଟାରେ ଆୟକର ବିଭାଗ ଅଧିକାରୀମାନେ ଚଢାଉ କରିଥିଲେ। ଉଭୟଙ୍କ ଘର ଉପରେ କାହିଁକି ଚଢାଉ କରାଗଲା ଓ କ'ଣ ସବୁ ଜବତ କରାଯାଇଛି, ତାହା ଅସ୍ପଷ୍ଟ ରହିଛି।

### ବଢୁଛି ଶୀତ...

ପାଣିପାଗ ବିଭାଗ କେନ୍ଦ୍ର ପକ୍ଷରୁ ପୂର୍ବାନୁମାନ କରାଯାଇଛି। ଏଥିସହ ରାଜଧାନୀରେ ସର୍ବାଧିକ ତାପମାତ୍ରା ୩୨ ଡିଗ୍ରୀ ଓ ସର୍ବନିମ୍ନ ୧୭ଡିଗ୍ରୀ ରହିବ ବୋଲି ଆକଳନ କରାଯାଇଛି। ଅପରପକ୍ଷେ ଉତ୍ତର ଆଭ୍ୟନ୍ତରୀଣ ଓଡ଼ିଶାର ଜିଲାଗୁଡିକର କିଛି ସ୍ଥାନରେ ସର୍ବନିମ୍ନ ତାପମାତ୍ରା ପ୍ରାୟ ୪ ଡିଗ୍ରୀ ହ୍ରାସ ପାଇଛି। ସେହିପରି ଆଭ୍ୟନ୍ତରୀଣ ଓଡ଼ିଶା ଏବଂ ଉତ୍ତର ଉପକୂଳ ଓଡ଼ିଶାର ଜିଲାଗୁଡିକର କିଛି ସ୍ଥାନରେ ପ୍ରାୟ ୨ରୁ ୩ ଡିଗ୍ରୀ ତାପମାତ୍ରା ହ୍ରାସ ପାଇଛି। ଅପରପକ୍ଷେ ଆଗାମୀ ୨ରୁ ୩ ଦିନ ମଧ୍ୟରେ ସାଧାରଣ ତାପମାତ୍ରା ଆହୁରି ୨ରୁ ୩ ଡିଗ୍ରୀ ସେଲସିୟସ କମିବାର ସମ୍ଭାବନା ରହିଛି। ତେବେ ୧୫ତାରିଖ ପର୍ଯ୍ୟନ୍ତ ରାଜ୍ୟର ବିଭିନ୍ନ ଜିଲାରେ ପାଗ ଶୁଖିଲା ରହିବ ବୋଲି ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି।

### ରାଜ୍ୟ ବାହାରେ...

ସେହିପରି ଗତ ଅକ୍ଟୋବର ୧୦ ତାରିଖରେ ପଶ୍ଚିମବଙ୍ଗ ଦୁର୍ଗାପୁରରେ ବାଲେଶ୍ୱରର ଜଳେଶ୍ୱର ଅଞ୍ଚଳର ଜଣେ ଓଡ଼ିଆ ଛାତ୍ରୀଙ୍କୁ ଗଣବଳାତ୍କାର କରାଯାଇଥିଲା। ସ୍ଥାନୀୟ ମେଡିକାଲ କଲେଜରେ ସେ ପାଠ ପଢୁଥିଲେ। ଛାତ୍ରୀ ଜଣଙ୍କ ପୁରୁଷ ବନ୍ଧୁଙ୍କ ସହ କଲେଜ ବାହାରକୁ ରାତିରେ ଗୁପ୍‌ଚୁପ୍ ଖାଇବାକୁ ଯାଇଥିବା ବେଳେ କେତେଜଣ ଯୁବକ ଆସି ତାଙ୍କୁ ଟେକିନେଇ ଗଣବଳାତ୍କାର କରିଥିଲେ। ପୋଲିସ ତଦନ୍ତ ପରେ ଉକ୍ତ ଘଟଣାରେ ପୁରୁଷ ବନ୍ଧୁଙ୍କ ହାତ ଥିବା ଜଣାପଡ଼ିଥିଲା। ସେହିପରି ଗତ ବର୍ଷ ଜୁଲାଇରେ ବେଙ୍ଗାଲୁରୁରେ ଜଣେ ଓଡ଼ିଆ ଛାତ୍ରୀଙ୍କୁ ସ୍କୁଲରେ ବଳାତ୍କାର କରାଯାଇଥିଲା, ଯାହାକୁ ନେଇ ଭୁବନେଶ୍ୱରର ବିଭିନ୍ନ ସ୍ଥାନରେ ବିକ୍ଷୋଭ କରାଯାଇଥିଲା। ଗତ ବର୍ଷ ଦିଲ୍ଲୀରେ ମଧ୍ୟ ଜଣେ ଓଡ଼ିଆ ଯୁବତୀ ଗଣବଳାତ୍କାରର ଶିକାର ହୋଇଥିଲେ। ସେ ପରିବାର ଲୋକଙ୍କ ଉପରେ କୌଣସି କାରଣରୁ ରାଗିକି ଦିଲ୍ଲୀ ପଳାଇଯାଇଥିଲେ। ସେଠାରେ ଷ୍ଟେଶନରେ ରହିଥିବାବେଳେ ଜଣେ ଅଟୋ ଡ୍ରାଇଭର ଏବଂ ଅନ୍ୟମାନେ ତାଙ୍କୁ ଗଣବଳାତ୍କାର କରିଥିଲେ। ଗତବର୍ଷ ହାଇଦ୍ରାବାଦରେ ଏକ ପ୍ରେମୀଯୁଗଳଙ୍କୁ ମାଡ଼ ମାରିବା ସହ ପ୍ରେମିକାଙ୍କୁ ବଳାତ୍କାର କରାଯାଇଥିବା ଅଭିଯୋଗ ହୋଇଥିଲା। ଏହିଭଳି ଓଡ଼ିଶାରୁ ଏକାଧିକ ଯୁବତୀ ବାହାର ରାଜ୍ୟକୁ ଯାଇ ନିର୍ଯ୍ୟାତନାର ଶିକାର ହେଉଥିବାବେଳେ ସେମାନଙ୍କ ସୁରକ୍ଷା ଏବେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଭରତପୁରରେ ରହୁଥିବା ମୋନାଲିସା ସାହୁ କହିଛନ୍ତି, ତାଙ୍କ ଝିଅ ଦିଲ୍ଲୀରେ ରହି ପାଠ ପଢୁଛି। ହେଲେ ଗତ କିଛିବର୍ଷ ହେବ ରାଜ୍ୟ ବାହାରେ ଯେଭଳି ମହିଳା ଓ ଛାତ୍ରୀମାନେ ଯୌନ ନିର୍ଯ୍ୟାତନାର ଶିକାର ହେଉଛନ୍ତି, ସେକଥା ଶୁଣିଲେ ଝିଅର ସୁରକ୍ଷା ନେଇ ଆମେ ସବୁବେଳେ ଚିନ୍ତାରେ ରହୁଛୁ। ଝିଅ ସହ ଗୋଟିଏ ଦିନ କଥା ନ ହେଲେ କିଛି ଅଘଟଣ ନ ହେଉ ବୋଲି ଭଗବାନଙ୍କୁ ଡାକୁଛୁ।

### ପ୍ରଭାବୀ ହେଉନି ଆନ୍ତଃରାଜ୍ୟ ଆଇପିଏସ୍ ସମ୍ମିଳନୀ

ଗତ ଦୁଇ ବର୍ଷରେ ବାହାର ରାଜ୍ୟରେ ୩୦ରୁ ଅଧିକ ମହିଳା ନିର୍ଯ୍ୟାତନାର ଶିକାର ହୋଇଛନ୍ତି। ପ୍ରତିବର୍ଷ ମହିଳାଙ୍କ ସୁରକ୍ଷା ପାଇଁ ଆନ୍ତଃରାଜ୍ୟ ଆଇପିଏସ୍ ସମ୍ମିଳନୀ କରାଯାଉଛି। ଏହି ସମ୍ମିଳନୀରେ ମହିଳାମାନେ କିଭଳି ଅନ୍ୟ ରାଜ୍ୟରେ ସୁରକ୍ଷା ପାଇବେ ସେନେଇ ଆଲୋଚନା କରାଯାଉଛି। ଆହୁରି ମଧ୍ୟ ରାଜ୍ୟ ରାଜ୍ୟ ଭିତରେ ସମନ୍ୱୟ ରଖି କାମ କରିବାକୁ କୁହାଯାଉଛି। କୌଣସି ରାଜ୍ୟରେ ଅନ୍ୟ ରାଜ୍ୟର ମହିଳାମାନେ ଅପରାଧର ଶିକାର ହେଲେ ତୁରନ୍ତ ସେଠାର ପୋଲିସକୁ ଜଣାଇବା ସହ ତଦନ୍ତ କରି ତ୍ୱରିତ ନ୍ୟାୟ ଦେବାକୁ କୁହାଯାଉଛି। କିନ୍ତୁ ବାସ୍ତବରେ ତାହା ସଫଳ ହେଉ ନ ଥିବା କିଛି ଦିନର ଘଟଣାକୁ ଦେଖିଲେ ଜଣାପଡୁଛି। ତେବେ ଏନେଇ କ୍ରାଇମବ୍ରାଞ୍ଚ ଡିଜି ବିନୟତୋଷ ମିଶ୍ର କହିଛନ୍ତି, ବାହାର ରାଜ୍ୟରେ ଓଡ଼ିଶାର କୌଣସି ମହିଳା ନିର୍ଯ୍ୟାତନାର ଶିକାର ହେଲେ ଆମେ ତୁରନ୍ତ ଉକ୍ତ ରାଜ୍ୟର ପୋଲିସ ଡିଜିଙ୍କ ସହ ଯୋଗାଯୋଗ କରୁଛୁ। ଆହୁରି ମଧ୍ୟ ପୀଡ଼ିତାଙ୍କ ସ୍ୱାସ୍ଥ୍ୟାବସ୍ଥା ପଚାରି ବୁଝିବା ସହ ଅଭିଯୁକ୍ତଙ୍କୁ ଗିରଫ ପାଇଁ କହୁଛୁ। ରାଜ୍ୟ ବାହାରେ ମହିଳାଙ୍କ ଉପରେ ଘଟୁଥିବା ଘଟଣା ଉପରେ ନଜର ରଖିଛୁ ବୋଲି ମିଶ୍ର କହିଛନ୍ତି।

### ଦିନକ ପରେ ୧୨୨...

ଉଭା ହେବା ସତ୍ତ୍ୱେ ରାଷ୍ଟ୍ରୀୟ ଜନତା ଦଳ(ଆର୍‌ଜେଡି) ସରକାର ଗଢ଼ିବାକୁ ସୁଯୋଗ ପାଇ ନ ଥିବାରୁ ବିରୋଧୀ ଦଳ ନେତା ତେଜସ୍ୱୀ ଯାଦବ ଏଥର କୌଣସି ସୁଯୋଗ ହାତଛଡ଼ା କରିବାକୁ ଚାହିଁନାହାନ୍ତି। କଂଗ୍ରେସ ନେତା ରାହୁଲ ଗାନ୍ଧୀଙ୍କ ବିଳମ୍ବିତ ନିର୍ବାଚନ ପ୍ରଚାର ତାଙ୍କ ଦଳକୁ ସୁଫଳ ଦେଇ ନ ପାରେ ବୋଲି କୁହାଯାଉଛି। ନିର୍ବାଚନ ରଣନୀତିକାରରୁ ରାଜନେତା ପାଲଟିଥିବା ପ୍ରଶାନ୍ତ କିଶୋର ନିଜେ ଲଢୁ ନ ଥିଲେ ବି ତାଙ୍କ ଜନ ସୁରାଜ ପାର୍ଟିର ପ୍ରାର୍ଥୀମାନଙ୍କ ପାଇଁ ଯଥାସାଧ ପ୍ରଚାର କରିଛନ୍ତି। ତାଙ୍କ ଦଳକୁ ବିଶେଷ ସଫଳତା ମିଳିବ ନାହିଁ, କିନ୍ତୁ ଭୋଟ ବିଭାଜନରେ ସେ ନିର୍ଣ୍ଣାୟକ ହୋଇପାରନ୍ତି ବୋଲି ରାଜନୈତିକ ପଣ୍ଡିତମାନେ ମତ ଦେଇଛନ୍ତି। ଏଥର ନିର୍ବାଚନରେ ପ୍ରଥମ ଥର ପାଇଁ ପରିବାରକୁ ବାଦ୍ ଦେଇ ଭାଗ୍ୟ ପରୀକ୍ଷା କରୁଛନ୍ତି ଆର୍‌ଜେଡି ମୁଖ୍ୟ ଲାଲୁ ଯାଦବଙ୍କ ବଡ଼ପୁଅ ତେଜସ୍ୱୀ ଯାଦବ। ତେବେ ତାଙ୍କ ପ୍ରଭାବ ଗୋଟିଏରୁ ୮ଟି ଆସନରେ ସୀମିତ ରହିପାରେ ବୋଲି ଅନୁମାନ କରାଯାଉଛି। ଗତ ନିର୍ବାଚନରେ ୫ ଆସନରେ ବିଜୟୀ ହୋଇଥିବା ହାଇଦ୍ରାବାଦ୍ ଏମ୍‌ପି ଅସାଦୁଦ୍ଦିନ ଓୱାଇସିଙ୍କ ଦଳ ଏଆଇଏମ୍‌ଆଇଏମ୍ ପୂର୍ବ ସଫଳତା ଦୋହରାଇ ନ ପାରେ ବୋଲି ଆକଳନ କରାଯାଉଛି।

ନିର୍ବାଚନ କମିଶନଙ୍କ ପକ୍ଷରୁ ଭୋଟର ତାଲିକାର ସ୍ୱତନ୍ତ୍ର ସଘନ ସଂଶୋଧନ ପରେ ପ୍ରଥମ ଥର ନିର୍ବାଚନ ହେଉଥିବାରୁ ଏହାର ଫଳାଫଳ କେଉଁ ଆଡ଼କୁ ଯିବ ତାହା ଆସନ୍ତା ୧୪ରେ ସ୍ପଷ୍ଟ ହୋଇଯିବ। କିନ୍ତୁ ବର୍ତ୍ତମାନ ସବୁ ଦଳ ନିଜ ନିଜ ସପକ୍ଷରେ ସଫଳତା ଆସିବା ନେଇ ଦାବି କରୁଛନ୍ତି। ରବିବାର ସନ୍ଧ୍ୟା ୬ଟା ପର୍ଯ୍ୟନ୍ତ ଏନ୍‌ଡିଏ ଏବଂ ମହାମେଣ୍ଟର ନେତାମାନେ ବିଭିନ୍ନ ନିର୍ବାଚନମଣ୍ଡଳୀରେ ରାଲି, ରୋଡ୍ ଶୋ' ଆଦି କରି ଭୋଟ ପୂର୍ବରୁ ଶେଷଥର ପାଇଁ ବଳ କଷିଛନ୍ତି। କେନ୍ଦ୍ରମନ୍ତ୍ରୀ ଶାହା, ରାଜନାଥ, ଶିବରାଜ ସିଂ ଚୌହାନ ଅନେକ ସ୍ଥାନରେ ସଭା କରିଥିବାବେଳେ ଉତ୍ତର ପ୍ରଦେଶ ମୁଖ୍ୟମନ୍ତ୍ରୀ ଯୋଗୀ ଆଦିତ୍ୟନାଥ ଆରାରିଆର ସିକ୍ଟିରେ ଭାଜପାର ପ୍ରଚାର କରିଛନ୍ତି। କଂଗ୍ରେସ ପକ୍ଷରୁ ରାହୁଲ କିଷନଗଞ୍ଜ ଓ ପୁର୍ନେଆରେ ମହାମେଣ୍ଟ ପ୍ରାର୍ଥୀଙ୍କ ସପକ୍ଷରେ ପ୍ରଚାର କରିଛନ୍ତି। ଜେଡିୟୁ ମୁଖ୍ୟ ନୀତିଶ ତାଙ୍କ ସରକାରଙ୍କ ଜନକଲ୍ୟାଣକାରୀ ଯୋଜନାଗୁଡ଼ିକୁ ଦେଖାଇ ମହିଳା ଭୋଟରଙ୍କୁ ପୁଣି ଟାଣିବାକୁ ଉଦ୍ୟମ କରିଛନ୍ତି।

### ଆମେରିକାରେ ଓଡ଼ିଆ...

ଚାଇଲ୍ଡଲାଇନ୍ ଦ୍ୱାରା ଉଦ୍ଧାର ହୋଇ ଅନାଥ ଆଶ୍ରମକୁ ଆସିଥିବା ଜାଣିବାକୁ ପାଇଥିଲେ। ତେବେ ୨୦୧୮ରେ ପୂଜାଙ୍କୁ ଏକ ଦମ୍ପତି ପୋଷ୍ୟକନ୍ୟା ଭାବେ ଗ୍ରହଣ କରି ନେଇଯାଇଥିଲେ। ଆମେରିକାକୁ ଯିବା ପରେ ତାଙ୍କ ନାମ ପୂଜାରୁ ସେଜଲ ଜୋହନ ହୋଇଥିଲା। ତେବେ ୨୦୨୩ରେ ସୋସିଆଲ୍ ମିଡିଆ ଜରିଆରେ ପୂଜାଙ୍କ ସହ ଅମରଙ୍କର ପୁଣି ଯୋଗାଯୋଗ ହୋଇଥିଲା। ପୂଜା ସେଠାରେ ଖୁସିରେ ନ ଥିବା ତାଙ୍କୁ କହିଥିଲେ। ପରେ ପାଳିତ ମା' ତାଙ୍କଠାରୁ ମୋବାଇଲ ଓ ସିମ୍ ନେଇଯାଇଥିଲେ ବୋଲି ଅମର କହିଛନ୍ତି। ପୂଜା ଏକ ଭିଡିଓ ଶେୟାର କରିଥିବା ବେଳେ ସେଥିରେ ସେ କାନ୍ଦି କାନ୍ଦି କୋହଭରା କଣ୍ଠରେ ଅତ୍ୟାଚାରର କାହାଣୀ କହିବା ସହ ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ପୂଜା କହିଛନ୍ତି, ଛୋଟବେଳେ ମୁଁ ଓଡ଼ିଶାରେ ଥିଲି। ଭୁବନେଶ୍ୱରର ଏକ ହଷ୍ଟେଲରେ ପଢୁଥିଲି। ଏବେ ପାଳିତା ମା' ମତେ ବହୁ କଷ୍ଟ ଦେବା ସହ ଅତ୍ୟାଚାର କରୁଛନ୍ତି। ଘର କାମ ସବୁ କରାଉଛନ୍ତି। ମୁଁ ଆମେରିକାରେ ଏବେ ଖୁସିରେ ନାହିଁ। ମୁଁ ହିନ୍ଦୁ ହୋଇଥିବା ବେଳେ ପାଳିତ ମା' ଖ୍ରୀଷ୍ଟିଆନ କରିଦେବାକୁ ବାଧ୍ୟ କରୁଛନ୍ତି। ଖାଇବାକୁ ମଧ୍ୟ ଦେଉନାହାନ୍ତି। ଏପରିକି ଦୁଇଥର ହତ୍ୟା ଉଦ୍ୟମ ମଧ୍ୟ କରାଯାଇଛି। ମୁଁ ସ୍କୁଲ ଛୁଟି ଦିନରେ ୧୦ ଲକ୍ଷ ଟଙ୍କା ରୋଜଗାର କରିଥିବାବେଳେ ଏହି ଟଙ୍କାକୁ ମୋଠାରୁ ନେଇଯାଇଛନ୍ତି। ଧର୍ମ ପରିବର୍ତ୍ତନ ନ କଲେ ସେମାନେ ଜୀବନରୁ ମାରିଦେବାକୁ ଚେତାବନୀ ଦେଇଛନ୍ତି। ଓଡ଼ିଶାବାସୀ ମୋତେ ସାହାଯ୍ୟ କରନ୍ତୁ ଏବଂ ସୁରକ୍ଷିତ ଭାବେ ଓଡ଼ିଶାକୁ ନେଇଯାଆନ୍ତୁ ବୋଲି ପୂଜା ଅନୁରୋଧ କରିଛନ୍ତି।


ପୂଜା ନାୟକ ଓରଫ ସେଜଲ ଜୋହନ।

# ଆଜିର ରାଶିଫଳ

ଜ୍ୟୋତିର୍ବିଦ୍ୟା ବିଶାରଦ ପ୍ରସନ୍ନ କୁମାର ମହାପାତ୍ର
ମଙ୍ଗରାଜପୁର ଶାସନ, କାଦୁଆ, ଗଞ୍ଜାମ
Email-pkmahapatro@gmail.com

**ମେଷ**: ପରିସ୍ଥିତିବଶତଃ ଶାରୀରିକ ଅସୁସ୍ଥତା ମଧ୍ୟରେ କାମ କରିବାକୁ ବାଧ୍ୟ ହେବେ। ପରିବାର, ଯାନବାହନ, ପରିବହନ ଏବଂ ବାଣିଜ୍ୟ ତଥା ଶିଳ୍ପ କ୍ଷେତ୍ରରେ ଶିଥିଳତା ଦେଖାଦେବ। ବିଗତ ଦିନର ସମସ୍ୟା ସମାଧାନ ସକାଶେ ବିଭିନ୍ନ ଚିନ୍ତା ମନକୁ ଆନ୍ଦୋଳିତ କରିବ। ଖଳ ଲୋକଙ୍କ କଥାକୁ ସତ ମଣି ଦ୍ୱିଜା ନକ୍ଷତ୍ର ଘର ଲୋକଙ୍କୁ ଭୁଲ୍ ବୁଝିପାରନ୍ତି।

**ବୃଷ**: ଆଜିର ଯାତ୍ରା ସମୟରେ ଅପରିଚିତ ବ୍ୟକ୍ତିଙ୍କଠାରୁ ଦୂରେଇ ରହିବା ଭଲ। ଅନ୍ୟମନସ୍କ ହେତୁକ କୌଣସି ଭୁଲ୍ କାମ କରି ଅନୁତପ୍ତ ହୋଇପାରନ୍ତି। ହାତକୁ ନେଇଥିବା ଅସମ୍ପୂର୍ଣ୍ଣ କାମକୁ ଆତ୍ମୀୟଙ୍କ ସହାୟତାରେ ସମ୍ପୂର୍ଣ୍ଣ କରିବେ। କୃତ୍ତିକା ନକ୍ଷତ୍ର ସକାଶେ ବ୍ୟବସାୟ ଓ ବାଣିଜ୍ୟ କ୍ଷେତ୍ର ମନ୍ଦ ହେବନି ତଥାପି ରୋଜଗାରଠାରୁ ଖର୍ଚ୍ଚ ବଳିଯିବ।

**ମିଥୁନ**: କୌଣସି କ୍ଷେତ୍ରରେ ତରବରିଆ ପଦକ୍ଷେପ ନେଲେ ଅସୁବିଧାରେ ପଡିବେ। ଦୀର୍ଘଦିନର ଆଶା ଫଳବତୀ ହେବାରେ ପୁନର୍ବସୁ ନକ୍ଷତ୍ରର କୌଣସି ଅସୁବିଧା ରହିବ ନାହିଁ। କିନ୍ତୁ ବିବାଦୀୟ ପରିସ୍ଥିତି କିମ୍ବା ମାଲିମକଦ୍ଦମାରେ ସଫଳତା ପାଇବେ ନାହିଁ। ଉଚ୍ଚ ପଦାଧିକାରୀଙ୍କ ନିକଟରେ ନିଜର ମନର ଭାବକୁ ପ୍ରକାଶ କରିବାରେ ପଛେଇ ଯିବେ।

**କର୍କଟ**: ପରୋକ୍ଷ ଶତ୍ରୁତା କାରଣରୁ କାର୍ଯ୍ୟ ସାଧନରେ ନିଜ ଲୋକମାନଙ୍କ ତରଫରୁ ସହଯୋଗ ପାଇବେନି। ଯାନବାହନ, ବ୍ୟବସାୟ ଓ ବାଣିଜ୍ୟରୁ ଲାଭବାନ ହେବେ। ନିର୍ମାଣାଧୀନ ଗୃହ, ରାସ୍ତାକାମ, ହଠାତ୍ କିଛିଦିନ ସକାଶେ ଅଟକି ରହି ଯାଇପାରେ। ଲେଖାପଢ଼ା, ଆଲୋଚନା, ଚୁକ୍ତିପତ୍ର କ୍ଷେତ୍ରରେ ସୁଫଳ ପାଇବେ।

**ସିଂହ**: ସ୍ୱାସ୍ଥ୍ୟାବସ୍ଥାରେ ଉନ୍ନତି ଘଟିବା କାରଣରୁ ମନ ଏକ ପ୍ରକାର ହାଲୁକା ହୋଇଯିବ। ଉତ୍ତରାଫାଲଗୁନୀ ନକ୍ଷତ୍ର ବାଣିଜ୍ୟ, ବ୍ୟବସାୟ ଓ ପରିବହନରେ ବିଶେଷ ଉନ୍ନତି କରିବେ। କୌଣସି ଗୃହ, ଜମିଜମା ସମ୍ବନ୍ଧୀୟ ବିଷୟରେ ଯୋଗାଯୋଗ କଲେ ଅବଶ୍ୟ ଉପକୃତ ହେବେ। ଧାର କରଜ କରି ଆବଶ୍ୟକତା ପୂରଣ କରିବା ପାଇଁ ମନସ୍ଥ କରିପାରନ୍ତି।

**କନ୍ୟା**: ବିଭିନ୍ନ ପ୍ରକାର କାମରେ ଅନୁପ୍ରବେଶ କରି ମନକୁ ଭାରାକ୍ରାନ୍ତ କରିପାରନ୍ତି। କର୍ମ କ୍ଷେତ୍ରରେ ଏକ ସାଧାରଣ ଘଟଣାରେ ଉଚ୍ଚବାଚ ଓ ବିତର୍କ ଘଟିପାରେ। ଖର୍ଚ୍ଚଭାର ଯୋଗୁ ଚିନ୍ତାପ୍ରକଟ କରିବେ କିନ୍ତୁ କୌଣସି ଉପାୟ ପାଇବେ ନାହିଁ। ଉତ୍ତରାଫାଲଗୁନୀ ନକ୍ଷତ୍ର ପଡ଼ୋଶୀଙ୍କ ସହ ସୁସମ୍ପର୍କ ରକ୍ଷା କରିବାରେ ସମର୍ଥ ହେବେ।

**ତୁଳା**: ଆଶା କରୁଥିବା ଦିଗରୁ ଅର୍ଥ ପାଇବେ କିନ୍ତୁ ଏଥିପାଇଁ କଷ୍ଟ ସ୍ୱୀକାର କରିବାକୁ ପଡ଼ିବ। ବନ୍ଧୁମାନଙ୍କ ଆଚରଣରେ ଅସନ୍ତୁଷ୍ଟ ରହିପାରନ୍ତି। ପରିବାରର ଆବଶ୍ୟକତା ପୂରଣ କରିବା ସକାଶେ ପର ପାଖରେ ମୁଣ୍ଡ ନୁଆଁଇବାକୁ ବାଧ୍ୟ ହେବାକୁ ପଡିପାରେ। ବିଶାଖା ନକ୍ଷତ୍ର ସାଂସ୍କୃତିକ କାର୍ଯ୍ୟରେ ନିଜକୁ ନିୟୋଜିତ କରିପାରନ୍ତି।

**ବିଛା**: କୌଣସି କାର୍ଯ୍ୟସାଧନ କ୍ଷେତ୍ରରେ ଟେନ୍ସନ ଲାଗି ରହିବାରୁ ମାନସିକ ସ୍ଥିତି ଠିକ୍ ରହିବ ନାହିଁ। କାରବାର ବୃଦ୍ଧି ହେତୁ ଆର୍ଥିକ ସ୍ୱଚ୍ଛଳତା ଫେରିଆସିବ। ଅନୁରାଧା ନକ୍ଷତ୍ର ଆଧ୍ୟାତ୍ମିକ ଭାବଧାରାରେ ଉଦ୍‌ବୁଦ୍ଧ ହେବାରେ ଗୁରୁଜନଙ୍କ ପୃଷ୍ଠପୋଷକତା ରହିବ। ସଭାସମିତିରେ ଆଲୋଚନା ପରିପ୍ରେକ୍ଷୀରେ ସ୍ୱାମୀଙ୍କ ସହ ଏକମତ ହେବାକୁ ବାଧ୍ୟ ହେବେ।

**ଧନୁ**: ଆପଣଙ୍କର ପରାମର୍ଶ ବନ୍ଧୁଙ୍କ ମନକୁ ବେଶ୍ ପାଇବ। ପ୍ରକାଶନ, ଏଜେନ୍ସିପ୍, ଗଣମାଧ୍ୟମ, ବେତାର, ଆଇନ ଅଦାଲତ କ୍ଷେତ୍ରରେ ଶୁଭଫଳ ପାଇପାରନ୍ତି। ଉପରିସ୍ଥଙ୍କ ନିର୍ଦ୍ଦେଶରେ ହଠାତ୍ ଯାତ୍ରା କରିବାକୁ ପଡ଼ିପାରେ। ମୂଳା ନକ୍ଷତ୍ର ପ୍ରତିଯୋଗିତାରେ ସଫଳତା ହାସଲ କରିବା ସହ ବିବାଦୀୟ ଘଟଣାରେ ବିଜୟୀ ହେବେ।

**ମକର**: କର୍ମକ୍ଷେତ୍ରରେ ଲୋକସମ୍ପର୍କ ବୃଦ୍ଧି ସକାଶେ ନୂତନ ଉପାୟ ଖୋଜିବାରେ ସମର୍ଥ ହେବେ। ଧନିଷ୍ଠା ନକ୍ଷତ୍ର ପ୍ରତୀକ୍ଷା କରିଥିବା ଖବର ପାଇ ଖୁସି ହେବେ। ପାରିବାରିକ ସମସ୍ୟା ଭିତରେ ପିଲାଙ୍କ ବିଷୟ, ଛୋଟଜାତିର ବ୍ୟକ୍ତିଙ୍କ ସହ କଳହ, ହଜି ଯାଇଥିବା ଜିନିଷ ପାଇଁ ବ୍ୟସ୍ତତା ବଢ଼ିଯିବ। ଅଫିସରେ ଟେନ୍ସନରେ ରହିପାରନ୍ତି।

**କୁମ୍ଭ**: ଆଜିର ଆନୁଷ୍ଠାନିକ କାମରେ ସମ୍ମାନନୀୟ ବ୍ୟକ୍ତି ସହାୟତା କରିବେ। ସାହିତ୍ୟ, ସାମ୍ବାଦିକତା ଓ ରଚନାତ୍ମକ କାମରେ ଉଚ୍ଚ ପ୍ରଶଂସା ପାଇବେ। କଥା କଟାକଟି କାରଣରୁ ପରିବାରରେ ଅଶାନ୍ତି ସୃଷ୍ଟି ହେବାର ସମ୍ଭାବନାକୁ ଏଡ଼ି ହେବ ନାହିଁ। ପୂର୍ବଭାଦ୍ରପଦ ନକ୍ଷତ୍ର ଆର୍ଥିକ ସ୍ଥିତି ସେତେଟା ଭଲ ନ ଥିଲେ ମଧ୍ୟ କୌଣସି କାମ ଅଟକିବ ନାହିଁ।

**ମୀନ**: ସମସ୍ୟା ସମାଧାନ ସକାଶେ ବନ୍ଧୁଙ୍କ ସହ ଅଧିକାଂଶ ସମୟ ଆଲୋଚନା କରିପାରନ୍ତି। ଉତ୍ତରଭାଦ୍ରପଦ ନକ୍ଷତ୍ର ପଡ଼ୋଶୀଙ୍କ ସହାୟତାରେ ଖୋଜୁଥିବା ଜିନିଷଟି ପାଇ ଖୁସି ହୋଇଯିବେ। ବ୍ୟବସାୟ ଏବଂ ବାଣିଜ୍ୟ କ୍ଷେତ୍ରରେ ସମସ୍ୟା ମଧ୍ୟ ଦୂର ହୋଇଯିବ। ବନ୍ଧୁମିଳନରୁ ଆନନ୍ଦିତ ହେବେ ଓ ଆନୁଷ୍ଠାନିକ କାମରେ ବ୍ୟସ୍ତ ରହିବେ।

ଆଜି ନଭେମ୍ବର ୧୦ ତାରିଖ, ବିଶ୍ୱ ବିଜ୍ଞାନ ଦିବସ, ମାର୍ଗଶିର କୃଷ୍ଣ ଷଷ୍ଠୀ ସୋମବାର, ଶ୍ରୀକ୍ଷେତ୍ର ପଞ୍ଚକୋଶୀ ପରିକ୍ରମା, ଶଙ୍ଖକ୍ଷେତ୍ର ମହିମାଶ୍ରବଣ ଓ ପୂଜନ, ସିଦ୍ଧ ମହାବୀରଙ୍କ ନାଗାବେଶ। ରାଶିନକ୍ଷତ୍ର–ପୁନର୍ବସୁ/ମିଥୁନ, ଦିବା ଘ.୦୧.୦୪ ଗତେ କର୍କଟ, ଷଷ୍ଠୀର ଏକୋଦ୍ଦିଷ୍ଟ ଓ ପାର୍ବଣ ଶ୍ରାଦ୍ଧ। ଦିବା ଘ.୦୫.୫୬ ଗତେ ଘ.୦୭.୧୯ ମଧ୍ୟେ, ୦୮.୫୪ ଗତେ ଘ.୧୧.୦୮ମଧ୍ୟେ ଶୁଦ୍ଧ ଶୁଭ ବେଳା। ଦିବା ଘ.୦୮.୪୬ ଗତେ ଘ. ୧୦.୦୬ ମଧ୍ୟେ ରାହୁ କାଳ।

# ଜବତ ହେଲାଣି ୩ କୋଟିରୁ ଊର୍ଦ୍ଧ୍ୱ ଟଙ୍କା, ସାମଗ୍ରୀ

**ନୂଆପଡ଼ା ଉପନିର୍ବାଚନ**

ଭୁବନେଶ୍ୱର,୯।୧୧
(ରବିନାରାୟଣ ଜେନା)

ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ(ସିଇଓ)ଙ୍କ ନିର୍ଦ୍ଦେଶକ୍ରମେ ନୂଆପଡ଼ା ଉପନିର୍ବାଚନ ପାଇଁ ରବିବାର ପ୍ରଚାର କାର୍ଯ୍ୟକ୍ରମ ଶେଷ ହୋଇଛି। ମଙ୍ଗଳବାର ନୂଆପଡ଼ାରେ ମତଦାନ ହେବାକୁ ରହିଥିବାବେଳେ ଏବେଠାରୁ ଛକାପଞ୍ଝା ରାଜନୀତି ଆରମ୍ଭ ହୋଇଛି। ଭୋଟରଙ୍କୁ ପ୍ରଲୋଭିତ କରିବା ପାଇଁ ପ୍ରମୁଖ ଦଳଗୁଡ଼ିକ ଅନ୍ଧାରିବିଜେ ପାଇଁ ପ୍ରକ୍ରିୟା ଆରମ୍ଭ କରିଥିବାବେଳେ ସିଇଓ ଆର୍. ସନ୍ଥ ଗୋପାଳନଙ୍କ ନିର୍ଦ୍ଦେଶକ୍ରମେ ବିଭିନ୍ନ ସଂସ୍ଥା ପକ୍ଷରୁ ଚଢ଼ାଉକୁ ଜୋରଦାର କରାଯାଇଛି। ଏହି ସମୟରେ ୧.୦୫କୋଟି ନଗଦ ଟଙ୍କା ସହିତ ଅନ୍ୟାନ୍ୟ ମାଦକଦ୍ରବ୍ୟକୁ ମିଶାଇ ୩କୋଟିରୁ ଊର୍ଦ୍ଧ୍ୱ ଟଙ୍କାର ସାମଗ୍ରୀ ଜବତ ହୋଇଛି।

ଗୋପାଳନଙ୍କ ସୂଚନା ଅନୁଯାୟୀ, ପୋଲିସ, ଅବକାରୀ, ଆୟକର, ଏସ୍ଏସ୍ଟି ପକ୍ଷରୁ ନୂଆପଡ଼ାର ବିଭିନ୍ନ ସ୍ଥାନରେ ଚଢ଼ାଉ କରାଯାଇଥିଲା। ଏହି ଚଢ଼ାଉ ବେଳେ ରବିବାର ଅପରାହ୍ନ ସୁଦ୍ଧା ନଗଦ ୧କୋଟି ୫ଲକ୍ଷ ୩୭ହଜାର ୧୪୦ଟଙ୍କା ଜବତ କରାଯିବା ସହିତ ୧କୋଟି ୧୩ଲକ୍ଷ ୫୪ହଜାର ୪୧ଟଙ୍କାର ମଦ ଜବତ ହୋଇଛି। ଏହାବାଦ୍ ୪୪୬.୨୬୨କେଜି ଗଞ୍ଜେଇ ଓ ଅନ୍ୟାନ୍ୟ ନିଷାଦ୍ରବ୍ୟ ମଧ୍ୟ ଜବତ ହୋଇଛି; ଯାହାର ମୂଲ୍ୟ ୫୦ଲକ୍ଷ ୩୧ହଜାର ୧୨୦ଟଙ୍କା ହେବ। ସେହିପରି ୧୯ଲକ୍ଷ ୧୨ହଜାର ୭୪୫ଟଙ୍କାର ଅନ୍ୟାନ୍ୟ ସାମଗ୍ରୀ ମଧ୍ୟ ଜବତ ହୋଇଛି। ଏହି ସମୟ ମଧ୍ୟରେ ତିନୋଟି ପର୍ଯ୍ୟାୟରେ ନୂଆପଡ଼ା ଉପନିର୍ବାଚନ ପ୍ରାର୍ଥୀଙ୍କ ବ୍ୟାଙ୍କ ଖାତା ମଧ୍ୟ ଯାଞ୍ଚ କରାଯାଇଛି।

ସିଇଓଙ୍କ ସୂଚନା ଅନୁଯାୟୀ, ଏଥର ପ୍ରତ୍ୟେକ ବୁଥରେ ମତଦାତାଙ୍କ ଲାଗି ଅନେକ ପ୍ରକାର ସ୍ୱତନ୍ତ୍ର ବ୍ୟବସ୍ଥା ଗ୍ରହଣ କରାଯାଇଛି। ଭିନ୍ନକ୍ଷମଙ୍କୁ ସହାୟତା ଲାଗି ୨ଜଣ ସ୍ୱେଚ୍ଛାସେବୀଙ୍କୁ ନିୟୋଜିତ କରାଯିବା ସହିତ ଦୃଷ୍ଟିହୀନଙ୍କ ଲାଗି ବ୍ରେଲ୍ ବାଲଟପେପର ବ୍ୟବସ୍ଥା କରାଯାଇଛି। ଏହାସହିତ ମୋବାଇଲର ଯେପରି ଅପବ୍ୟବହାର ନ ହେବ ତାକୁ ଦୃଷ୍ଟିରେ ରଖି ସ୍ୱତନ୍ତ୍ର ବାକ୍ସ ରଖାଯାଇଛି। ସମ୍ବେଦନଶୀଳ ୫୭ଟି ବୁଥ୍ ପାଇଁ ପୋଲିସ ସୁରକ୍ଷା ବଳ ସହିତ ଭିଡିଓ କ୍ୟାମେରାର ମଧ୍ୟ ବ୍ୟବସ୍ଥା କରାଯାଇଛି।

ସିଇଓ କହିଛନ୍ତି, ଜନପ୍ରତିନିଧିତ୍ୱ ଆଇନ-୧୯୫୧ର ଧାରା ୧୨୬ ଅନୁଯାୟୀ, ମତଦାନ ଶେଷ ହେବାର ୪୮ ଘଣ୍ଟା ପୂର୍ବରୁ କୌଣସି ସାଧାରଣ ସଭା କିମ୍ବା ଶୋଭାଯାତ୍ରା ଆୟୋଜନ ହୋଇପାରିବ ନାହିଁ। ଭୋଟରମାନଙ୍କୁ ପ୍ରଭାବିତ କରିବା ପାଇଁ ଉଦ୍ଦିଷ୍ଟ କୌଣସି ନିର୍ବାଚନ ସମ୍ବନ୍ଧୀୟ ବିଷୟବସ୍ତୁ କିମ୍ବା ଦୃଶ୍ୟର ପ୍ରସାରଣ କରାଯାଇପାରିବ ନାହିଁ।

# ଛତିଶଗଡ଼ ଅପରାଧୀଙ୍କୁ ଆୟୁଧ କରିଛି ଭାଜପା: ବିଜେଡି

ଭୁବନେଶ୍ୱର,୯।୧୧(ରବିନାରାୟଣ ଜେନା)

ନୂଆପଡ଼ା ଉପନିର୍ବାଚନରେ ଭାଜପା କେବଳ ସରକାରୀ କଳର ଦୁରୁପଯୋଗ କରୁଛି ତାହା ନୁହେଁ, ବରଂ ଛତିଶଗଡ଼ରୁ ଅପରାଧୀଙ୍କୁ ଆଣି ନିର୍ବାଚନ ପରିଚାଳନା

**ନୂଆପଡ଼ାରେ ଠିକଣା ସମୟରେ ପହଞ୍ଚିନି ଇଭିଏମ୍, ସିଇଓଙ୍କୁ ଫେରାଦ**


ସିଇଓଙ୍କୁ ସ୍ମାରକପତ୍ର ପ୍ରଦାନ କରୁଛି ବିଜେଡି ପ୍ରତିନିଧି ଦଳ।

କରୁଛି ବୋଲି ବିଜେଡି ଅଭିଯୋଗ କରିଛି। ରବିବାର ଶଙ୍ଖଭବନଠାରେ ଆୟୋଜିତ ଖବରଦାତା ସମ୍ମିଳନୀରେ ବିଜେଡି ମୁଖପାତ୍ର ଲେନିନ୍ ମହାନ୍ତି କହିଛନ୍ତି, ନୂଆପଡ଼ାର ପ୍ରତ୍ୟେକ ପଞ୍ଚାୟତରେ ଛତିଶଗଡ଼ ଗୁଣ୍ଡା ଓ ଅପରାଧୀ ଭରିଗଲେଣି। ଭୋଟରଙ୍କୁ ଡରାଇବା, ବିନା ୱାରେଣ୍ଟରେ ବିଜେଡି ନେତାଙ୍କ ଘରେ ରେଡ୍ କରିବା, ଲୋକଙ୍କୁ ଟଙ୍କା ଓ ମଦ ବାଣ୍ଟିବା ଭଳି କାମ କରିବାକୁ ଭାଜପା ପଛାଉନାହିଁ।

ଏହି ପରିପ୍ରେକ୍ଷୀରେ ବିଜେଡି ବିଧାୟିକା ପ୍ରମିଳା ମଲ୍ଲିକଙ୍କ ନେତୃତ୍ୱରେ ଏକ ପ୍ରତିନିଧି ଦଳ ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ(ସିଇଓ) ଆର. ସନ୍ଥ ଗୋପାଳନଙ୍କୁ ଭେଟି ଭାଜପା ବିରୋଧରେ ଏକ ସ୍ମାରକପତ୍ର ପ୍ରଦାନ କରିଛନ୍ତି। ପ୍ରମିଳା ଅଭିଯୋଗ କରିଛନ୍ତି, ଛତିଶଗଡ଼ର ଅପରାଧୀମାନେ ନୂଆପଡ଼ାରେ ଭୋଟରଙ୍କୁ ଭୟଭୀତ କରିବାପାଇଁ ଆସିଛନ୍ତି। ସ୍ୱଚ୍ଛ ଓ ନିରପେକ୍ଷ ନିର୍ବାଚନ ପାଇଁ ସେମାନଙ୍କୁ ତୁରନ୍ତ ଜିଲାରୁ ବାହାର କରାଯାଉ। ଏହି ଅବସରରେ ବିଜେଡି ଆଉ ଏକ ସଙ୍ଗିନ ଅଭିଯୋଗ କରିଛି, ନିର୍ବାଚନ ସମୟ ପାଖେଇ ଆସିଥିଲେ ସୁଦ୍ଧା ଏପର୍ଯ୍ୟନ୍ତ ଇଭିଏମ୍ ନିର୍ଦ୍ଧାରିତ ସ୍ଥାନରେ ପହଞ୍ଚି ନାହିଁ। ସେହିପରି ନିର୍ବାଚନ ପରିଚାଳନାରେ ନିୟୋଜିତ ସରକାରୀ ଅଧିକାରୀ ପକ୍ଷପାତିତା କରୁଛନ୍ତି। ବିଜେଡି ପ୍ରାର୍ଥୀଙ୍କ ପୋଷ୍ଟର, ବ୍ୟାନର, ହୋର୍ଡିଂ ସବୁ ବାହାର କରାଯାଉଥିବାବେଳେ ଭାଜପା ପ୍ରାର୍ଥୀଙ୍କ ପୋଷ୍ଟର, ବ୍ୟାନର ଆଦି ସରକାରୀ ସମ୍ପତ୍ତି ଉପରେ ଲାଗିଥିଲେ ସୁଦ୍ଧା ତାକୁ ବାହାର କରାଯାଉ ନାହିଁ। ଜନମତକୁ ବିଭ୍ରାନ୍ତ କରିବା ସହ ଆଦର୍ଶ ଆଚରଣବିଧିର ଏହା ଖୋଲା ଉଲ୍ଲଂଘନ ବୋଲି ପ୍ରମିଳା କହିଛନ୍ତି। ଏହି ପ୍ରତିନିଧି ଦଳରେ ବିଜେଡିର ରାଜ୍ୟ ସଭା ସଦସ୍ୟ ସୁଲତା ଦେଓ ପ୍ରମୁଖ ସାମିଲ ଥିଲେ।

# ୧୩ରେ ମୁଖ୍ୟମନ୍ତ୍ରୀଙ୍କ ବାଲେଶ୍ୱର ଗସ୍ତ

**ନୀଳଗିରିରୁ ଆରମ୍ଭ ହେବ ଏକତା ପଦଯାତ୍ରା**


ଏମ୍‌ପି ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ ଗଣମାଧ୍ୟମକୁ ସୂଚନା ଦେଉଛନ୍ତି।

ବାଲେଶ୍ୱର,୯।୧୧(ବାଞ୍ଛାନିଧି ଦେ)

ଲୌହମାନବ ସର୍ଦ୍ଦାର ବଲ୍ଲଭଭାଇ ପଟେଲ୍‌ଙ୍କ ୧୫୦ତମ ଜୟନ୍ତୀ ଅବସରରେ ଦେଶବ୍ୟାପୀ ଏକତା ପଦଯାତ୍ରା କାର୍ଯ୍ୟକ୍ରମ ଆୟୋଜିତ ହେଉଛି। ଭାରତ ସରକାରଙ୍କ ନିର୍ଦ୍ଦେଶ ମୁତାବକ ପ୍ରତ୍ୟେକ ସଂସଦୀୟ କ୍ଷେତ୍ରର ୩ଟି ସ୍ଥାନରେ ଏହି ପଦଯାତ୍ରା ଆୟୋଜନ କରାଯାଉଛି। ସେହିକ୍ରମରେ ରାଜ୍ୟର ପ୍ରଥମ ପଦଯାତ୍ରା ବାଲେଶ୍ୱର ଜିଲା ନୀଳଗିରିରୁ ଆରମ୍ଭ ହେବ। ୧୩ ତାରିଖରେ ଆରମ୍ଭ ହେବାକୁ ଥିବା ଏହି ପଦଯାତ୍ରାକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଉଦ୍‌ଘାଟନ କରିବେ ବୋଲି ରବିବାର ଜିଲାପାଳଙ୍କ ସମ୍ମିଳନୀ କକ୍ଷରେ ଆୟୋଜିତ ଖବରଦାତା ସମ୍ମିଳନୀରେ ବାଲେଶ୍ୱର ଏମ୍‌ପି ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି।

ମୁଖ୍ୟମନ୍ତ୍ରୀ ହେଲିକପ୍ଟର ଯୋଗେ ନୀଳଗିରିରେ ପହଞ୍ଚିବେ। ସେଠାରେ ବିଶାଳ ଜନସଭାକୁ ସମ୍ବୋଧିତ କରିବା ସହ ପଦଯାତ୍ରାକୁ ଉଦ୍‌ଘାଟନ କରିବେ। ଏହି ପଦଯାତ୍ରା ନୀଳଗିରିରୁ ବାହାରି ମିତ୍ରପୁରରେ ଶେଷ ହେବ। ପ୍ରତି ୨.୫କି.ମି. ବ୍ୟବଧାନରେ ବିଶ୍ରାମସ୍ଥଳୀ କରାଯିବ। ଏହିସବୁ ସ୍ଥାନରେ ବିଭିନ୍ନ ପ୍ରକାର ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ ହେବ। ପଦଯାତ୍ରା ସମୟରେ ସର୍ଦ୍ଦାର ପଟେଲଙ୍କ ଜୀବନୀ ଓ ଜାତୀୟ ଏକତା ସମ୍ବନ୍ଧିତ ପ୍ରଜ୍ଞାପନ ମେଢ଼ ଏବଂ ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜନ ହେବ ବୋଲି ଏମ୍‌ପି କହିଥିଲେ। ଏହି ପଦଯାତ୍ରାରେ ଛାତ୍ରୀଛାତ୍ର, ଯୁବତୀଯୁବକ, ମହିଳା ଓ ପୁରୁଷ ସାମିଲ ହେବେ।

ସେହିପରି ଦ୍ୱିତୀୟ ପର୍ଯ୍ୟାୟ ଆସନ୍ତା ୧୮ ତାରିଖରେ ଭୋଗରାଇ ବ୍ଲକ୍ ଏବଂ ତୃତୀୟ ପର୍ଯ୍ୟାୟ ୨୧ ତାରିଖରେ ବାଲେଶ୍ୱର ସଦର ମହକୁମାରେ ଅନୁରୂପ କାର୍ଯ୍ୟକ୍ରମ ଆୟୋଜନ ହେବ। ବିଭିନ୍ନ ପ୍ରତିଯୋଗିତାର ବିଜେତା ଛାତ୍ରୀଛାତ୍ରଙ୍କୁ ସମ୍ମାନିତ କରାଯିବ ବୋଲି ଏମ୍‌ପି ଷଡ଼ଙ୍ଗୀ କହିଥିଲେ। ଜିଲାପାଳ ସୂର୍ଯ୍ୟବଂଶୀ ମୟୂର ବିକାଶ, ଏସ୍‌ପି ପ୍ରତ୍ୟୁଷ ଦିବାକରଙ୍କ ସମେତ ଅତିରିକ୍ତ ଜିଲାପାଳ (ସାଧାରଣ) ସୁଧାକର ନାୟକ ଓ (ରାଜସ୍ୱ) ହେମନ୍ତ ସିଂ, ଜିଲା ପରିଷଦ ମୁଖ୍ୟ ଉନ୍ନୟନ ତଥା କାର୍ଯ୍ୟନିର୍ବାହୀ ଅଧିକାରୀ ସଞ୍ଜୟ କୁମାର ରାଉତ, ଅତିରିକ୍ତ କାର୍ଯ୍ୟନିର୍ବାହୀ ଅଧିକାରୀ ଡ. ମଧୁସ୍ମିତା ସାମନ୍ତରାୟ, ଜିଲା କ୍ରୀଡ଼ା ଅଧିକାରୀ ପୂର୍ଣ୍ଣଚନ୍ଦ୍ର ଜେନା, ସୂଚନା ଓ ଲୋକସମ୍ପର୍କ ଅଧିକାରୀ ପ୍ରିୟଦର୍ଶୀ ରାଜେଶ ପ୍ରମୁଖ ଏହି ଖବରଦାତା ସମ୍ମିଳନୀରେ ଉପସ୍ଥିତ ଥିଲେ।

# ଧରାକୋଟ ରାଜା ସାହେବା ସୁଲକ୍ଷଣା ଗୀତାଞ୍ଜଳିଙ୍କ ବିବାହ ସମ୍ପନ୍ନ

ଧରାକୋଟ,୯।୧୧
(ବିଷ୍ଣୁ କେଶରୀ ଆଚାର୍ଯ୍ୟ)

ଗଞ୍ଜାମ ଜିଲା ଧରାକୋଟ ଗଡ଼ର ରାଜା ସାହେବା ସୁଲକ୍ଷଣା ଗୀତାଞ୍ଜଳି ଶୁକ୍ରବାର ବିବାହ ବନ୍ଧନରେ ଆବଦ୍ଧ ହୋଇଛନ୍ତି। ଭୁବନେଶ୍ୱରସ୍ଥିତ ଏକାମ୍ର କ୍ଷେତ୍ର ଅଞ୍ଚଳର ପ୍ରତିଷ୍ଠିତ ବ୍ୟବସାୟୀ ଶ୍ରୀମୟ ମହାପାତ୍ରଙ୍କ ସହ ତାଙ୍କର ବିବାହ ରାଜକୀୟ ଢଙ୍ଗରେ ଭୁବନେଶ୍ୱର ଆଙ୍ଗନ ରିସର୍ଟରେ ସମ୍ପନ୍ନ ହୋଇଛି। ଏହି ବିବାହ ଉତ୍ସବରେ ରାଜସ୍ଥାନ, ଉତ୍ତର ପ୍ରଦେଶ, ମଧ୍ୟପ୍ରଦେଶ, ଛତିଶଗଡ଼, ଦିଲ୍ଲୀ ସହ ବିଭିନ୍ନ ରାଜ୍ୟ ଏବଂ ଓଡ଼ିଶାର ଗଡମଧୁପୁର, କଳାହାଣ୍ଡି, ସୁନ୍ଦରଗଡ, ଢେଙ୍କାନାଳ, ଜୁନାଗଡ, ଚିକିଟି, ପାରିକୁଦ, ପାଲୁର ସହ ବିଭିନ୍ନ ଗଡ଼ଜାତ ଅଞ୍ଚଳର ରାଜପରିବାର ସଦସ୍ୟମାନେ ଯୋଗଦେଇଥିଲେ। ଛତିଶଗଡ଼ର ବିଳାସପୁର ରାଜା ତଥା ସୁଲକ୍ଷଣା ଗୀତାଞ୍ଜଳିଙ୍କ ପିଉସା ପୁଷ୍ପେନ୍ଦ୍ର ପ୍ରତାପ ଚୌହାନ ଏବଂ ପିଉସୀ ସାଇ ଦର୍ଶନା ଦେବୀ କନ୍ୟାଦାନ କରିଥିଲେ। ରାଜମାତା ତଥା ଧରାକୋଟ ରାଣୀ ସାହେବା ନନ୍ଦିନୀ ଦେବୀଙ୍କ ଉପସ୍ଥିତିରେ ବିବାହର ସମସ୍ତ ନୀତିକାନ୍ତି ଓ ରାଜକାର୍ଯ୍ୟ ସମ୍ପନ୍ନ ହୋଇଥିଲା।


ରାଜା ସାହେବା ସୁଲକ୍ଷଣା ଗୀତାଞ୍ଜଳି ଓ ଶ୍ରୀମୟ ମହାପାତ୍ର।

ଏହି ବିବାହ କାର୍ଯ୍ୟରେ ରାଜ୍ୟର ବହୁ ରାଜନେତା, ଧରାକୋଟ ଅଞ୍ଚଳର ଜନସାଧାରଣ ସାମିଲ ହୋଇଥିଲେ। ସୁଲକ୍ଷଣା ଗୀତାଞ୍ଜଳିଙ୍କ ରାଜନୀତି କ୍ଷେତ୍ରରେ ମଧ୍ୟ ପ୍ରବେଶ ରହିଛି। ସୁଲକ୍ଷଣା ଗୀତାଞ୍ଜଳିଙ୍କ ବାପା ସ୍ୱର୍ଗତ ରାଜା କିଶୋର ଚନ୍ଦ୍ର ସିଂଦେଓଙ୍କ ଦେହାନ୍ତ ପରେ ୨୦୧୦ ଜୁନ୍ ମାସରେ ସେ ଧରାକୋଟ ରାଜସିଂହାସନ ଆରୋହଣ କରିଥିଲେ। ରାୟପୁରସ୍ଥିତ ରାଜପୁତ କଲେଜରୁ ସୁଲକ୍ଷଣା ଗୀତାଞ୍ଜଳି ଯୁକ୍ତ ଦୁଇ ଉତ୍ତୀର୍ଣ୍ଣ ପରେ ଆଇନରେ ଡିଗ୍ରୀ ହାସଲ କରିଛନ୍ତି। ବର୍ତ୍ତମାନ ସେ ଧରାକୋଟ ବ୍ଲକ ଅଧ୍ୟକ୍ଷା ରହିଛନ୍ତି। ତାଙ୍କ ବାପା କିଶୋର ଚନ୍ଦ୍ର ସିଂଦେଓ ୨୦୦୪ରେ ସୋରଡ଼ା ବିଧାୟକ ରହିଥିବା ବେଳେ ମା' ନନ୍ଦିନୀ ଦେବୀ ୨୦୧୪ରେ ସାନଖେମୁଣ୍ଡି ବିଧାୟିକା ଥିଲେ।

# ହାତୀଛୁଆକୁ ନେଲା ନାହିଁ ଦଳ

- ରାତିତମାମ ଘଟଣା ସ୍ଥଳରେ ଡିଏଫ୍ଓ
- ସଂକ୍ରାମକ ରୋଗ ଆଶଙ୍କା


ହାତୀଛୁଆକୁ ଉଦ୍ଧାର କରିବା ପରେ ତା' ଦେହରେ କାଦୁଅ ବୋଳାଯାଉଛି।

ଅନୁଗୋଳ, ୯।୧୧ (ଦିବ୍ୟଶାନ୍ତନୁ ନାଥ)

ରାତିରେ ବିଲରେ ପଶି ଧାନ ଖାଉଥିବା ବେଳେ କାଦୁଅରେ ଫସିଯାଇଥିଲା ହାତୀଛୁଆ। ଦଳରେ ଥିବା ଅନ୍ୟ ହାତୀମାନେ ସକାଳ ହେବା ପୂର୍ବରୁ ଜଙ୍ଗଲମୁହାଁ ହୋଇଥିଲେ। ହେଲେ କାଦୁଅ ଭିତରୁ ତାକୁ ଉଠାଇ ସାଙ୍ଗରେ ନେବା ସମ୍ଭବ ନ ହେବାରୁ ୧୫ ଦିନର ଛୁଆକୁ ଛାଡ଼ି ପଳାଇଥିଲା ମା' ହାତୀ। ଅନୁଗୋଳ ବନ ବିଭାଗ କର୍ମଚାରୀମାନେ ପହଞ୍ଚି ହାତୀଛୁଆକୁ ଉଦ୍ଧାର କରି ନିଜ ଦଳ ସହ ଛାଡ଼ିଥିଲେ ମଧ୍ୟ ତାକୁ ଦଳରେ ନେଇ ନ ଥିଲେ। ତେଣୁ କୌଣସି ଏକ ସଂକ୍ରାମକ ରୋଗରେ ହାତୀଛୁଆଟି ପୀଡ଼ିତ ହୋଇଥିବା ସନ୍ଦେହ କରାଯାଉଛି।

ସୂଚନା ଅନୁଯାୟୀ, କିଛି ମାସ ହେବ ୪୫ ଟିକିଆ ହାତୀପଲ ଅନୁଗୋଳ ସହର ଉପକଣ୍ଠ ଗାଁଗୁଡ଼ିକ ନିକଟରେ ରହୁଛନ୍ତି। ଶୁକ୍ରବାର ରାତିରେ ଏହି ହାତୀପଲ ଧାନ ଖାଇବା ପାଇଁ ଶ୍ୟାମସୁନ୍ଦରପୁର ଅଞ୍ଚଳକୁ ଯାଇଥିଲେ। ତେବେ ସକାଳ ହେବା ଦେଖି ସେଠାରୁ ସେମାନେ ମନ୍ଦରଗିରି ଆଡ଼କୁ ଚାଲିଯାଇଥିବା ବେଳେ ଧାନବିଲ କାଦୁଅରେ ଫସି ରହିଥିଲା ହାତୀଶାବକ। ଅନୁଗୋଳ ବନ ବିଭାଗ କର୍ମଚାରୀ ରଞ୍ଜନ ପ୍ରଧାନଙ୍କ ସମେତ ଉଦ୍ଧାରକାରୀ ଟିମ୍ ଘଟଣାସ୍ଥଳରେ ପହଞ୍ଚି ହାତୀଛୁଆକୁ ଉଦ୍ଧାର କରି କୁଲାସିଙ୍ଗା ଫରେଷ୍ଟ ବିଟ୍ ନିକଟକୁ ନେଇଥିଲେ। ଡାକ୍ତରଙ୍କ ପରାମର୍ଶକ୍ରମେ ତା'ର ସ୍ୱାସ୍ଥ୍ୟ ପରୀକ୍ଷା କରାଯାଇଥିଲା। ରାତିତମାମ ବିଲ କାଦୁଅରେ ପଡ଼ିଥିବା କାରଣରୁ ଏହାର ଶରୀରର ତାପମାତ୍ରା କମିଥିବା ଜଣାପଡିଛି। ପରେ ତାକୁ ତରଳ ପାନୀୟ ସହ ଆଣ୍ଟିବାୟୋଟିକ ଦିଆଯାଇଥିଲା। ଅନୁଗୋଳ ବନଖଣ୍ଡ ଅଧିକାରୀ ନୀତୀଶ କୁମାର ଘଟଣାସ୍ଥଳରେ ସାରାରାତି ରହି ଉକ୍ତ ଘଟଣାର ତଦାରଖ କରୁଥିଲେ। ହାତୀଛୁଆ ଦେହରେ ମଣିଷ ଶରୀରର ଗନ୍ଧ ବାଜିଲେ କାଳେ ଦଳ ତାକୁ ଗ୍ରହଣ କରିବ ନାହିଁ ସେଥିପାଇଁ ତା' ଦେହରେ ହାତୀମଳ ଓ କାଦୁଅ ବୋଳା ଯାଇଥିଲା। ଏହା ପରେ ତାକୁ ବନବିଭାଗ କର୍ମଚାରୀ ହାତୀଦଳଙ୍କ ଅତି ନିକଟରେ ଛାଡିଥିଲା। ହେଲେ ଅନେକ ସମୟ ପରେ ମଧ୍ୟ ହାତୀଦଳ ଛୁଆଟିକୁ ଗ୍ରହଣ କରି ନ ଥିଲା। ରବିବାର ରାତିରେ ପୁଣିଥରେ ଉକ୍ତ ଦଳ ସହ ହାତୀଛୁଆକୁ ମିଶାଇବା ପାଇଁ ବନ ବିଭାଗ ଚେଷ୍ଟା କରିବ। ଯଦି ଦଳ ତାକୁ ଗ୍ରହଣ ନ କରେ ତେବେ ରାଜ୍ୟ ବନବିଭାଗ ନିର୍ଦ୍ଦେଶରେ ଅନ୍ୟତ୍ର ସ୍ଥାନାନ୍ତର କରାଯିବ ବୋଲି ବନ ବିଭାଗ ପକ୍ଷରୁ ସୂଚନା ମିଳିଛି। ଅନ୍ୟପକ୍ଷରେ ହାତୀଛୁଆର ରକ୍ତ ନମୁନା ସଂଗ୍ରହ କରାଯାଇ ଯାଞ୍ଚ ପାଇଁ ପଠାଯାଇଛି। ରିପୋର୍ଟ ଆସିବା ପରେ କାରଣ ସ୍ପଷ୍ଟ ହେବ ବୋଲି ଜଣାପଡ଼ିଛି।

## ହାତୀ ଆକ୍ରମଣରେ ଚାଷୀ ମୃତ

ରାଇରଙ୍ଗପୁର,୯।୧୧
(ମାନସ ମହାନ୍ତି)

ମୟୂରଭଞ୍ଜ ଜିଲା ଯଶୀପୁର ଥାନା ଅଧୀନ ରାଜପାଲ ଗ୍ରାମରେ ହାତୀ ଆକ୍ରମଣରେ ଜଣେ ଚାଷୀଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ସାନଗା ବାରି(୫୫)।

ସୂଚନା ଅନୁଯାୟୀ, ଶନିବାର ରାତି ୮ଟା ସମୟରେ ସାନଗା ତାଙ୍କ ଧାନବିଲ ଜଗିଥିବାବେଳେ ଏକ ହାତୀ ତାଙ୍କୁ ଆକ୍ରମଣ କରିଥିଲା। ଫଳରେ ଘଟଣାସ୍ଥଳରେ ତାଙ୍କର ମୃତ୍ୟୁ ଘଟିଥିଲା। ରବିବାର ଯଶୀପୁର ପୋଲିସ ମୃତଦେହ ଜବତ କରି ବ୍ୟବଚ୍ଛେଦ କରାଇବା ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛି। ଏନେଇ ଥାନାରେ ଏକ ଅପମୃତ୍ୟୁ ମାମଲା(ନଂ. ୩୫/୨୫) ରୁଜୁ ହୋଇଛି। ରାଇରଙ୍ଗପୁର ବନଖଣ୍ଡ ଅଧୀନ ମଣଦା ରେଞ୍ଜ ଅଧିକାରୀ ଓ ଫରେଷ୍ଟର ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରି ଫେରିଛନ୍ତି। ମୃତକଙ୍କ ପରିବାରକୁ ସରକାରୀ ସହାୟତା ଯୋଗାଇଦେବାକୁ ଦାବି ହେଉଛି।

## ମର୍ନିଂ ୱାକ୍ ବେଳେ ବୃଦ୍ଧଙ୍କୁ ଧକ୍କା ଦେଲା ବାଇକ୍, ୨ ମୃତ

କବିସୂର୍ଯ୍ୟନଗର,୯।୧୧ (କୃପାସିନ୍ଧୁ ସ୍ୱାଇଁ)

ଗଞ୍ଜାମ ଜିଲା କବିସୂର୍ଯ୍ୟନଗର ଥାନା ଖଜାପଲ୍ଲୀ ଗ୍ରାମ ନିକଟରେ ଏକ ବାଇକ୍ ଦୁର୍ଘଟଣାରେ ୨ ଜଣଙ୍କ ମୃତ୍ୟୁ ହୋଇଛି। ମୃତକ ହେଲେ ବାଇକ୍ ଚାଳକ ରାଣୀପଡ଼ା ଗ୍ରାମର ମିଟୁ ପରିଡ଼ା(୩୭) ଓ ମଠସରସିଂ ଶାଳବଣ ଗ୍ରାମର କାଶୀନାଥ ସେଠୀ(୭୦)। ମିଟୁ ଶନିବାର ରାତିରେ କୋଦଳା ଥାନା ଉସ୍ତାଳି ଗ୍ରାମରେ ଚାଲିଥିବା ମହାଭାରତ ନାଟକରେ ଦୁଃଶାସନ ଭୂମିକାରେ ଅଭିନୟ କରି ଭୋର ସମୟରେ ବାଇକ ଯୋଗେ ରାଣୀପଡ଼ା ଗ୍ରାମକୁ ଫେରୁଥିଲେ। ଖଜାପଲ୍ଲୀ ଗ୍ରାମ ନିକଟରେ ସେ ଭାରସାମ୍ୟ ହରାଇ ମର୍ନିଂ ୱାକ୍ କରୁଥିବା କାଶୀନାଥଙ୍କୁ ଧକ୍କା ଦେଇଥିଲେ। ଫଳରେ ମିଟୁ ଓ କାଶୀନାଥ ଉଭୟେ ଗୁରୁତର ହୋଇଥିଲେ। ସ୍ଥାନୀୟ ଲୋକେ ବାଇକ୍ ଚାଳକ ମିଟୁଙ୍କୁ ଉଦ୍ଧାର କରି ତୁରନ୍ତ ପୋଲସରା ମେଡ଼ିକାଲକୁ ପଠାଇଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ସେହିପରି କାଶୀନାଥଙ୍କୁ ଉଦ୍ଧାର କରି କୋଦଳା ମେଡ଼ିକାଲକୁ ନିଆଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମଧ୍ୟ ମୃତ ଘୋଷଣା କରିଥିଲେ।

# ବିଜ୍ଞାନର ଉପଯୋଗିତା ଜାଣିବା ଜରୁରୀ

**ଆଜି ବିଶ୍ୱ ବିଜ୍ଞାନ ଦିବସ**



ବର୍ତ୍ତମାନ ଆମେ ଯେଉଁ ସମୟ ଦେଇ ଗତି କରୁଛେ ତାହା ପଛରେ ବିଜ୍ଞାନର ଅବଦାନ ଅନେକ ରହିଛି। ବିଜ୍ଞାନ କ୍ଷେତ୍ରରେ ଦିନକୁ ଦିନ ନୂଆ ନୂଆ ଜିନିଷ ଉଦ୍ଭାବନ କରାଯାଉଛି। ବିଭିନ୍ନ ଦେଶର ବୈଜ୍ଞାନିକମାନେ ଆଧୁନିକ ବିଜ୍ଞାନକୁ ନୂଆ ରୂପରେଖ ଦେବା ପାଇଁ ଚେଷ୍ଟା ଜାରି ରଖିଛନ୍ତି। ବିଜ୍ଞାନ ବିଷୟରେ ଜନସାଧାରଣଙ୍କୁ ଅଧିକ ସଚେତନ କରିବା ଲାଗି ପ୍ରତିବର୍ଷ ନଭେମ୍ବର ୧୦ ତାରିଖରେ 'ବିଶ୍ୱ ବିଜ୍ଞାନ ଦିବସ' ପାଳିତ ହୋଇଆସୁଅଛି। ପ୍ରତିବର୍ଷ ମିଳିତ ଜାତିସଂଘର ୟୁନେସ୍କୋ ପକ୍ଷରୁ ଏହି ଦିବସ ପାଳନ କରାଯାଇଥାଏ। ମଣିଷ ଜୀବନ ଏବଂ ବିଜ୍ଞାନ-ସତେଯେମିତି ଗୋଟିଏ ମୁଦ୍ରାର ଦୁଇଟି ପାର୍ଶ୍ୱ କହିଲେ ଭୁଲ୍ ହେବ ନାହିଁ। ବିଜ୍ଞାନ ବଳରେ ଆଜି ଆମେ ଅନେକ ଉନ୍ନତି ସାଧନ କରିପାରିଛେ। ଶିକ୍ଷା, ଚିକିତ୍ସା, ସାଧାରଣ ଜୀବନ ଆଦିରେ ଏହାର ଭୂମିକା କେତେ ତାହା ବର୍ଣ୍ଣନା କରିବା ଅନାବଶ୍ୟକ। ଏହି ଦିବସ ଅବସରରେ ଚଳିତ ବର୍ଷର ପ୍ରସଙ୍ଗ ରହିଛି-'ଭରସା, ପରିବର୍ତ୍ତନ, ଭବିଷ୍ୟତ: ୨୦୫୦ ପାଇଁ ଆମର ଆବଶ୍ୟକ ବିଜ୍ଞାନ'। ଜଣେ ମନୁଷ୍ୟର ଦୈନନ୍ଦିନ ଜୀବନରେ ବିଜ୍ଞାନର ଭୂମିକା କ'ଣ ତାହା ସେ ଉପଲବ୍ଧି କରିବା ନିହାତି ଦରକାର। କାରଣ ଆଜିକାଲିର ହାଇଟେକ୍ ଯୁଗରେ ଏହାର ଭୂମିକାର ମହତ୍ତ୍ୱ ରହିଛି। ବିଜ୍ଞାନ କ୍ଷେତ୍ରରେ ନୂଆ ନୂଆ ଉଦ୍ଭାବନ ଏବଂ ଗବେଷଣା ବିଷୟରେ ସମସ୍ତେ ଅବଗତ ହେବା ଦରକାର। ଆଜିର ସମାଜକୁ ଏକ ନୂତନ ରାସ୍ତାରେ ଆଗେଇ ନେବା ପାଇଁ ବିଜ୍ଞାନର ଭୂମିକା କେତେ ତାହା ଆମେ ପ୍ରଥମେ ହୃଦୟଙ୍ଗମ କରିବା ଆବଶ୍ୟକ। ଏହି ଦିବସ ପାଳନ ବିଷୟରେ ସମସ୍ତେ ଅବଗତ ହେଲେ ଏହାର ଲକ୍ଷ୍ୟ ନିଶ୍ଚୟ ସାଧନ ହୋଇପାରିବ।







ଖେଳ ଭିତରେ ବି ଅତିରିକ୍ତ ହେଳାଭାବ ଭଲ ନୁହେଁ। ଜୀବନ ଓ କର୍ମସାଧନ ବେଳେ ମଧ୍ୟ ସେହିପରି ଅତିରିକ୍ତ ଗୁରୁଗାମ୍ଭୀର୍ଯ୍ୟ ଠିକ୍ ନୁହେଁ। ଉଭୟତ୍ର ହିଁ ଆମେ ଚାହୁଁ ଖେଳର ସ୍ୱଚ୍ଛନ୍ଦଲୀଳା ଓ ଶୃଙ୍ଖଳାର ମଧ୍ୟ ଗୁରୁତ୍ୱ ଓ ନିଷ୍ଠାପରତା। **-ଶ୍ରୀଅରବିନ୍ଦ**

-ଶ୍ରୀକ୍ଷେତ୍ର ପରିକ୍ରମା



# ଆଗ ଆମେରିକା

ବ୍ରାଜିଲର ବେଲେମ୍‌ଠାରେ ୧୦ ନଭେମ୍ବରରେ ଜାତିସଂଘର ଜଳବାୟୁ ସଂକ୍ରାନ୍ତ ସମ୍ମିଳନୀ କନ୍‌ଫରେନ୍ସ ଅଫ୍ ଦ ପାର୍ଟିଜ୍ (କପ୍‌୩୦) ଆରମ୍ଭ ହେବାକୁ ଯାଉଛି। ଚାଇନା ପରେ ଦ୍ୱିତୀୟ ବୃହତ୍ ସବୁଜ ଗୃହ ବାଷ୍ପ ନିଃସରଣ କରୁଥିବା ଆମେରିକା ଏହି ସମ୍ମିଳନୀରେ ଯୋଗଦେବ ନାହିଁ ବୋଲି କହିଛି। ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ୍ ତାଙ୍କ ପୂର୍ବ ଆଭିମୁଖ୍ୟକୁ ବଳବତ୍ତର ରଖି କେବଳ ନିଜ ରାଷ୍ଟ୍ର ନୁହେଁ, ଅନ୍ୟ ଦେଶ ଉପରେ ପ୍ରଭାବ ପକାଇବାକୁ ଯାଇ କେହି ସମ୍ମିଳନୀରେ ଯୋଗ ନ ଦେବାକୁ ଆହ୍ୱାନ ଦେଇଛନ୍ତି। ଟ୍ରମ୍ପ୍‌ଙ୍କର ମୂଳରୁ ଜଳବାୟୁ ପରିବର୍ତ୍ତନ ଉପରେ ଏହିଭଳି ଦୃଷ୍ଟିକୋଣ ରହିଆସିଛି। ସେ ଅନେକ ଥର ବିଶ୍ୱତାପନ ଓ ଜଳବାୟୁ ସଂକ୍ରାନ୍ତ ଚେତାବନୀକୁ ପରିହାସ କରି ସେଥିରେ କୌଣସି ସତ୍ୟତା ନାହିଁ ବୋଲି କହିଛନ୍ତି। ଏପରିକି ଦ୍ୱିତୀୟ ଥର ଆମେରିକାର ରାଷ୍ଟ୍ରପତି ହେବା ପରେ ସେ ଜଳବାୟୁ ପରିବର୍ତ୍ତନ ଦିଗରେ ସବୁ ଫଣ୍ଡିଂ ବା ପାଣ୍ଠି ବଣ୍ଟନକୁ ପ୍ରାୟତଃ ବନ୍ଦ କରିଦେଇଛନ୍ତି। ଗତବର୍ଷ ଆଜାରବୈଜାନର ବାକୁଠାରେ ହୋଇଥିବା କପ୍‌୨୯ରେ ମଧ୍ୟ ଆମେରିକା ଯୋଗ ଦେଇ ନ ଥିଲା। ପୂର୍ବାପେକ୍ଷା ଆମେରିକା ଜଳବାୟୁ ପରିବର୍ତ୍ତନ ପ୍ରଭାବରେ ପ୍ରାକୃତିକ ବିପର୍ଯ୍ୟୟକୁ ଘୋର ମାତ୍ରାରେ ସମ୍ମୁଖୀନ ହେଉଥିଲେ ମଧ୍ୟ ଟ୍ରମ୍ପ୍‌ଙ୍କ ଭଳି ଏକଜିଦିଆ ନେତା ଏହା ପଛରେ ଥିବା ମନୁଷ୍ୟକୃତ ନକାରାତ୍ମକ ଯୋଗଦାନକୁ ସ୍ୱୀକାର କରିବାକୁ ଚାହୁଁ ନାହାନ୍ତି। ଏଥିସହିତ ନଭେମ୍ବର ୨୨ ଓ ୨୩ରେ ଦକ୍ଷିଣ ଆଫ୍ରିକାର ଜୋହାନ୍ସବର୍ଗଠାରେ ହେବାକୁ ଥିବା ଜି-୨୦ ଶିଖର ସମ୍ମିଳନୀରେ ସେ କିମ୍ବା ତାଙ୍କର ଅନ୍ୟ କୌଣସି ସରକାରୀ ଅଧିକାରୀ ଯୋଗଦେବେ ନାହିଁ ବୋଲି ଟ୍ରମ୍ପ୍ କହିଛନ୍ତି। ସେ ଅଭିଯୋଗ କରିଛନ୍ତି ଯେ, ଦକ୍ଷିଣ ଆଫ୍ରିକାରେ ଗୋରା କୃଷକମାନଙ୍କୁ ନିର୍ଯାତନା ଦିଆଯାଉଛି। ଯେତେ ଯାଏ ଖ୍ରୀଷ୍ଟିଆନଙ୍କ ବିରୋଧରେ ମାନବ ଅଧିକାର ଉଲ୍ଲଂଘନ ହେଉଥିବ ସେତେ ଯାଏ ସେଠାରେ ଅନୁଷ୍ଠିତ ସମ୍ମିଳନୀକୁ ଆମେରିକା ଯିବ ନାହିଁ ବୋଲି ଟ୍ରମ୍ପ୍ କହିଛନ୍ତି। ହୁଏତ ଜି-୨୦ରେ ଅନ୍ତର୍ଜାତୀୟ ବାଣିଜ୍ୟ ପ୍ରସଙ୍ଗ ଉଠିଲାବେଳେ ଟ୍ରମ୍ପ୍‌ଙ୍କ ବିଭିନ୍ନ ଦେଶ ଉପରେ ଟାରିଫ୍ କଥା ଉଠିବା ଆଶଙ୍କାରେ ଆମେରିକା ପଛଘୁଞ୍ଚା ଦେଉଛି। ସୂଚନାଯୋଗ୍ୟ, ଜି-୨୦ରେ ବିଶ୍ୱର ୧୯ ବୃହତ୍ ଅର୍ଥନୀତି ସମୃଦ୍ଧ ରାଷ୍ଟ୍ର ସହିତ ୟୁରୋପୀୟ ସଂଘ ଓ ଆଫ୍ରିକୀୟ ସଂଘ ରହିଛନ୍ତି। ଏହାର ସଦସ୍ୟମାନେ ବିଶ୍ୱ ଅର୍ଥନୀତିରେ ଥିବା ପ୍ରମୁଖ ପ୍ରସଙ୍ଗ ସଂକ୍ରାନ୍ତରେ ଏହି ମଞ୍ଚରେ ଆଲୋଚନା କରିଥାଆନ୍ତି।

> **ନିଜ ଆଭ୍ୟନ୍ତରୀଣ ସମସ୍ୟାରେ ବୁଡ଼ିରହିଥିବା ଆମେରିକା ଏବେ ବିଶ୍ୱ ନେତୃତ୍ୱରେ ନିଜର ସ୍ଥାନକୁ ବଜାୟ ରଖିବା ଜଟିଳ ଦିଶିଲାଣି। ଜାତିସଂଘ ଜଳବାୟୁ ସମ୍ମିଳନୀ ଓ ବିଶେଷକରି ଜି-୨୦ରୁ ଦୂରେଇ ରହିବା ଆମେରିକାକୁ ଭୂରାଜନୈତିକ ଓ ଅର୍ଥନୈତିକ ମୁଖ୍ୟସ୍ରୋତରୁ ଦୂରେଇ ଦେବ ବୋଲି ଆଲୋଚନା ହେଉଛି। 'ଆଗ ଆମେରିକା' ନୀତିର ପରୀକ୍ଷଣ ଟ୍ରମ୍ପ୍ ଏବଂ ଆମେରିକାକୁ କେଉଁ ସ୍ତରରେ ନେଇ ପହଞ୍ଚାଇବ ତାହା ସମୟ କହିବ।**

ଦେଖିବାକୁ ଗଲେ ଅନ୍ୟ ରାଷ୍ଟ୍ରରେ ମାନବ ଅଧିକାର ଉଲ୍ଲଂଘନକୁ ଦେଖିପାରୁଥିବା ଟ୍ରମ୍ପ୍ ନିଜ ଦେଶରେ ଦୀର୍ଘ ୪୧ ଦିନ ହେବ ହୋଇଥିବା ଶଟ୍‌ଡାଉନ୍‌କୁ ହଟେଇବାରେ ବିଫଳ ହୋଇଛନ୍ତି ବୋଲି ସମାଲୋଚକମାନେ କହୁଛନ୍ତି। ସେଠାରେ ମନି ବିଲ୍ ଗୃହୀତ ନ ହେବା ଏହାର ମୂଳ କାରଣ ପାଲଟିଛି। କୁହାଯାଉଛି ବିରୋଧୀ ଡେମୋକ୍ରାଟିକ୍ ପାର୍ଟି ଟ୍ରମ୍ପ୍‌ଙ୍କ ମନି ବିଲ୍‌କୁ ଗୃହୀତ ହେବାକୁ ଦେଉ ନ ଥିବାରୁ ଏହି ଶଟ୍‌ଡାଉନ୍ ସ୍ଥିତି ଉପୁଜିଛି। ଆମେରିକା ଇତିହାସରେ ଏଭଳି ସ୍ଥିତି ପୂର୍ବରୁ ଦେଖାଦେଇ ନ ଥିଲା। ଏହି ଶଟ୍‌ଡାଉନ୍ ଫଳରେ ପାଖାପାଖି ୧୪ ଲକ୍ଷ ସଂଘୀୟ କର୍ମଚାରୀ ଦରମା ନ ପାଇ ଦହଗଞ୍ଜ ହେଉଛନ୍ତି। ଏଠାରେ କୁହାଯାଇ ପାରେ ଯେ, ଅନେକ ଦିନ ହେବ ଆମେରିକାରେ ଅର୍ଥନୈତିକ ଅସ୍ୱାଭାବିକତା ଜାରି ରହିଛି। ସେଥିପାଇଁ ସ୍ୱାସ୍ଥ୍ୟ ଓ ନିଯୁକ୍ତି କ୍ଷେତ୍ର ଘୋର ପ୍ରଭାବିତ ହେବା ସହ ଦରଦାମ ବୃଦ୍ଧି ଦେଖାଦେଇଛି। ଏହାକୁ ସମ୍ଭାଳିବା ପାଇଁ ଟ୍ରମ୍ପ୍ ଦ୍ୱିତୀୟ ଥର ରାଷ୍ଟ୍ରପତି ଭାବେ ଶପଥ ଗ୍ରହଣ କଲା ମାତ୍ରେ ଡିପାର୍ଟମେଣ୍ଟ ଅଫ୍ ଗଭର୍ନମେଣ୍ଟ ଏଫିସିଏନ୍ସି (ଡିଓଜିଇ) ମାଧ୍ୟମରେ ସରକାରୀ କର୍ମଚାରୀଙ୍କୁ ଛଟେଇ କରିବା ସହ ବିଭିନ୍ନ ଧରଣର ଖର୍ଚ୍ଚକାଟ ପଦକ୍ଷେପ ନେଇଥିଲେ। ଏବେ ବୋଝ ଉପରେ ନଳିତା ବିଡ଼ା ସାଜିଲାଣି ଶଟ୍‌ଡାଉନ୍ ପରିସ୍ଥିତି। ଦୀର୍ଘଦିନ ଧରି ଦରମା ନ ପାଇ ସରକାରୀ କର୍ମଚାରୀ କାମକୁ ଆସିବା ବନ୍ଦ କଲେଣି। ଏପରିକି ଏବେ ଆମେରିକାର ବହୁ ଏୟାରଲାଇନ୍ସ ସେବା କର୍ମଚାରୀ କାର୍ଯ୍ୟରେ ଯୋଗଦେବାକୁ ଆସୁ ନ ଥିବାରୁ ଏୟାର୍ ଟ୍ରାଫିକ୍ କଣ୍ଟ୍ରୋଲ୍‌ରେ ସମସ୍ୟା ଦେଖାଦେବାରୁ ବିମାନ ଚଳାଚଳ ବାଧାପ୍ରାପ୍ତ ହୋଇଛି।

ନିଜ ଆଭ୍ୟନ୍ତରୀଣ ସମସ୍ୟାରେ ବୁଡ଼ିରହିଥିବା ଆମେରିକା ଏବେ ବିଶ୍ୱ ନେତୃତ୍ୱରେ ନିଜର ସ୍ଥାନକୁ ବଜାୟ ରଖିବା ଜଟିଳ ଦିଶିଲାଣି। ଜାତିସଂଘ ଜଳବାୟୁ ସମ୍ମିଳନୀ ଓ ବିଶେଷକରି ଜି-୨୦ରୁ ଦୂରେଇ ରହିବା ଆମେରିକାକୁ ଭୂରାଜନୈତିକ ଓ ଅର୍ଥନୈତିକ ମୁଖ୍ୟସ୍ରୋତରୁ ଦୂରେଇ ଦେବ ବୋଲି ଆଲୋଚନା ହେଉଛି। America First ବା ଆଗ ଆମେରିକା ନୀତିର ପରୀକ୍ଷଣ ଟ୍ରମ୍ପ୍ ଏବଂ ଆମେରିକାକୁ କେଉଁ ସ୍ତରରେ ନେଇ ପହଞ୍ଚାଇବ ତାହା ସମୟ କହିବ।

## su|do|ku — ସୁ-ଡୋ-କୁ

Puzzles by Srikant Ghosh

| | | | | | | | | |
|---|---|---|---|---|---|---|---|---|
| | | | | | | 6 | 5 | 4 |
| | | 7 | | | | | | |
| | 2 | | | 1 | | | | 9 |
| | | | | | 4 | | | |
| | 4 | | 7 | 9 | | | | 1 |
| 7 | | 1 | | 6 | | | 2 | |
| | 7 | 5 | | | | 9 | | |
| | | | | | | | | |
| | | | 3 | 2 | 9 | 8 | | |

ଏହାର ଉତ୍ତର ଆସନ୍ତାକାଲି ପ୍ରକାଶ ପାଇବ

ଉପରେ ପ୍ରଦତ୍ତ ସୁଡୋକୁର ଏପରି ସମାଧାନ କରିବାକୁ ହେବ, ଯେପରି ପ୍ରତ୍ୟେକ ଧାଡି, ସ୍ତମ୍ଭ ଓ ଆୟତାକାର ବାକ୍ସ ଭିତରେ ୧ରୁ ୯ ପର୍ଯ୍ୟନ୍ତ ଅଙ୍କ ରହିବ।

| | | | | | | | | |
|---|---|---|---|---|---|---|---|---|
| 8 | 5 | 1 | 2 | 6 | 3 | 9 | 4 | 7 |
| 3 | 6 | 7 | 4 | 9 | 5 | 1 | 8 | 2 |
| 2 | 9 | 4 | 7 | 8 | 1 | 5 | 6 | 3 |
| 5 | 4 | 8 | 6 | 2 | 9 | 7 | 3 | 1 |
| 7 | 1 | 6 | 5 | 3 | 8 | 2 | 9 | 4 |
| 9 | 2 | 3 | 1 | 4 | 7 | 8 | 5 | 6 |
| 4 | 7 | 5 | 8 | 1 | 6 | 3 | 2 | 9 |
| 1 | 3 | 2 | 9 | 5 | 4 | 6 | 7 | 8 |
| 6 | 8 | 9 | 3 | 7 | 2 | 4 | 1 | 5 |

ଗତକାଲିର ଉତ୍ତର

# ମୁଁ ଗାନ୍ଧୀ ଦେଶର ମଣିଷ



ଡ. ସାରଦା ପ୍ରସାଦ କର

ପ୍ରଯୋଜକ, ନିର୍ଦ୍ଦେଶକ ରିଚାର୍ଡ ଆଟେନବରୋଙ୍କ ବହୁ ପରୀକ୍ଷିତ ୧୯୮୨ର ଚଳଚ୍ଚିତ୍ର 'ଗାନ୍ଧୀ' ପାଇଁ ଲୟତାଳ ଅନୁପଯୁକ୍ତ କାରଣରୁ ଜାତୀୟ ଅଭିନୟ ବିଦ୍ୟାଳୟ ଶିକ୍ଷାପ୍ରାପ୍ତ ଅଭିନେତା ନାସିରୁଦ୍ଦିନ ଶାହ ବାଦ୍ ପଡ଼ିବା ତାଙ୍କୁ ଆଶ୍ଚର୍ଯ୍ୟକଲା। ପରେ ୨୦୦୦ ମସିହା କମଳ ହାସନଙ୍କ 'ହେ ରାମ'ରେ ଅଭିନୟ ସୁଯୋଗ ପାଇ ସେ କିଛିଟା ଆଶ୍ୱସ୍ତ ହେଲେ। ଗାନ୍ଧୀ ଅଭିନୟରେ ସାର୍ ବେନ୍ କିଙ୍ଗ୍‌ସଲେ, ପ୍ରାଥମିକ ରିଲ୍‌ଟିକୁ ଦେଖି 'ଅସମ୍ଭବ' କହି ଉଠି ଚାଲିଯାଇଥିଲେ। ସେହିପରି ଗାନ୍ଧୀ ବେଶରେ ରହି 'ହେ ରାମ'ରେ ଅଭିନୟ କରିବା ନାସିରୁଦ୍ଦିନଙ୍କୁ ଅଣନିଃଶ୍ୱାସୀ କରିଦେଇଥିଲା ବୋଲି ଅଭିନେତା ଜଣକ ସ୍ୱୀକାର କରିଥିଲେ । ଆମେ ଏବେ ଉତ୍ତରଦାୟାଦଗଣ ବିନା ଅଭିନୟ ଶିକ୍ଷାରେ ଗାନ୍ଧୀଙ୍କ ନିଖୁଣ ଅଭିନୟ କରୁଛୁ। ତାଙ୍କ ଶ୍ରାଦ୍ଧ ଦିବସରେ ଉଦାତ୍ତ ସ୍ୱରରେ କହୁଛୁ, 'ମୁଁ ଗାନ୍ଧୀ ଦେଶର ମଣିଷ'। ରାମ ନାମ ଜପାମାଳି କରିଥିବା କିଛି ଅପରାଧୀ ସାଂସଦ ହୋଇ ଦେଶର ଆଇନ ପ୍ରଣୟନ କରୁଛନ୍ତି। ୨୦୨୪ ସାଧାରଣ ନିର୍ବାଚନରେ ସାଂସଦ ଶପଥ ନେଇଥିବା ୩୧ ପ୍ରତିଶତ ବା ୧୭୦ ଜଣ ବଳାତ୍କାର, ଅପହରଣ, ଦଙ୍ଗାପିଟା, ମଣିଷମାରିବା ଆଦି ଅପରାଧରେ ଜଡ଼ିତ। ବିଚାରପତିଙ୍କ ଘରୁ ଟଙ୍କାର ପାହାଡ଼, ଡାକ୍ତର ଅନୁପସ୍ଥାନରୁ ଖଟିଆରେ କୁକୁର ଶୋଇବା ଦୃଶ୍ୟ ଦେଖି ଆମେ ସ୍ୱୀକାର କରିବା ଯେ କେବେ ଆମେ ଗାନ୍ଧୀ ଦେଶର ମଣିଷ ଥିଲୁ।

ବିଶ୍ୱର ଲମ୍ବା ଅବଧି ପଦଯାତ୍ରାକାରୀ କହିଲେ ଗାନ୍ଧୀ ଆଖି ଆଗକୁ ଆସନ୍ତି। ମାଟି କାଦୁଅ, ଖାଲ, ଢେମା ଗ୍ରାମ୍ୟ ରାସ୍ତାରେ ୧୯୧୩ରୁ ୧୯୪୮ ଯାଏ ସମୁଦାୟ ୭୯,୦୦୦ କିଲୋମିଟର ପଦଯାତ୍ରା। ମାର୍ଚ୍ଚ ୧୨ରୁ ଏପ୍ରିଲ ୫, ୨୪ ଦିନର 'ଲବଣ ସତ୍ୟାଗ୍ରହ' ଯାହା ଅହମଦାବାଦ ନିକଟସ୍ଥ ସାବରମତୀ ଆଶ୍ରମରୁ ଉପକୂଳ ଅଞ୍ଚଳ ଦାଣ୍ଡି ଯାଏ ଦୀର୍ଘ ୩୮୬ କିଲୋମିଟର ଯାତ୍ରା, ଏକକାଳୀନ ଦୀର୍ଘ ଅବଧି ଯାତ୍ରାରେ ମାତ୍ର ୭୮ ଜଣ ସହସାଥୀଙ୍କୁ ନେଇ। କିନ୍ତୁ ଦାଣ୍ଡି ପହଞ୍ଚିବା ପୂର୍ବରୁ ଜନ ସମୁଦ୍ର ! ବ୍ରିଟିଶର ଭୟ ହୋଇଯିବାରୁ ପ୍ରାୟ ଦଶ ହଜାର କର୍ମୀଙ୍କୁ ଗିରଫ କଲା। 'ମୁଁ ଗାନ୍ଧୀ ଦେଶର ମଣିଷ' ଆଧାରରେ ଆଜି ବି ଦେଶରେ ପଦଯାତ୍ରା ହେଉଛି, ବିଶେଷକରି ନିର୍ବାଚନ ବେଳେ ଭୋଟ ପାଇଁ। ଲକ୍ଷେ ଲୋକଙ୍କ ବଳ ଗୋଟେଇ ନେତା ଗେଣ୍ଡୁମାଳ ପକେଇ ଚାଲନ୍ତି ହେଲେ ମାତ୍ର ଦୁଇ କିଲୋମିଟର ଚାଲିବା ପରେ ୩ଶହ ଲୋକ ସାଙ୍ଗରେ। ଜନତା ଜାଣନ୍ତି ଯେ ଏମାନେ ଆସନ ପ୍ରତ୍ୟାଶୀ, ଗାନ୍ଧୀ ନୁହନ୍ତି। ଏଠାରେ ଗାନ୍ଧୀଙ୍କୁ ଜଣେ ମହାତ୍ମା ଦିବ୍ୟାତ୍ମାର ଉଦାହରଣ ଭାବରେ



ନିଆଯାଇଛି। ରୁଚି, ନୈତିକତା, ବେଶ ଗାନ୍ଧୀଙ୍କଠାରୁ ଦୂରରେ କିନ୍ତୁ କେହି ଆମକୁ ଛଳେଇକି ଗାନ୍ଧୀଟା ବୋଲି ସମ୍ବୋଧନ କରିଦେଲେ ମନ କୁଣ୍ଢେମୋଟ। ବୁଲିବୁଲି ନୋବେଲ୍ ପୁରସ୍କାର ପାଇଁ ଦେଶଗୁଡ଼ିକୁ ସୁପାରିସ ମାଗୁଥିବା ରାଷ୍ଟ୍ରପତି ଟ୍ରମ୍ପଙ୍କ ପରି ଗାନ୍ଧୀ ଚାହିଁଥିଲେ ପୃଥିବୀର ସବୁ ବଡ଼ ପୁରସ୍କାର ସାଉଁଟି ନେଇଥାନ୍ତେ।

ବ୍ରହ୍ମପୁର ସହରର ଜଣାଶୁଣା ଆଇନଜ୍ଞ ପୀତବାସ ପଣ୍ଡାଙ୍କ ଛାତିରେ ଦୁଇ ରାଉଣ୍ଡ ଗୁଳି ବସେଇଦେବା ଆଗରୁ ଭଡ଼ାଟିଆ ଅପରାଧୀ ଆଗ ନମସ୍କାରଟେ ପକେଇଥିବା ଚର୍ଚ୍ଚାର ବିଷୟ। ୨୨ ବର୍ଷୀୟା ଏଲ୍‌ଟିଟିଇ ବିଚ୍ଛିନ୍ନତାବାଦୀ କଲେଇବାନି ରାଜରତ୍ନମ ଓରଫ ଧନୁ, ମେ ୨୧ ୧୯୯୧ର ଶ୍ରୀପେରୁମ୍ବୁଦୁର ସଭାରେ ପ୍ରଧାନମନ୍ତ୍ରୀ ରାଜୀବ ଗାନ୍ଧୀଙ୍କୁ ଫୁଲହାର ଦେବା ବାହାନାରେ ପେନ୍‌ସିଲ ବୋମାରେ ଉଡ଼େଇଦେଲେ। ୧୯୮୩ ମସିହା, ସଫଦରଜଙ୍ଗ ବାସଭବନରେ ନିଜ ଅଙ୍ଗରକ୍ଷୀଙ୍କ ହାତରେ ଜୀବନ ଦେଲେ ତତ୍କାଳୀନ ପ୍ରଧାନମନ୍ତ୍ରୀ ଇନ୍ଦିରା ଗାନ୍ଧୀ। ହତ୍ୟା ଅପରାଧ ଜଡ଼ିତ ବିଶ୍ୱସ୍ତ ରକ୍ଷୀ ବିୟନ୍ତ ସିଂଙ୍କୁ ଅନ୍ୟ ଅଙ୍ଗରକ୍ଷୀ ଘଟଣା ସ୍ଥଳରେ ସଫା କରିଦେବା ବେଳେ ଶତ୍‌ୱନ୍ତ ସିଂଙ୍କ ବିଚାର ଚାଲିଲା ୧୯୮୯ ଯାଏ। ସାକ୍ଷୀ ପ୍ରମାଣ ଥାଇ ଦିବଂଗତ ପ୍ରଧାନମନ୍ତ୍ରୀଙ୍କୁ ୬ ବର୍ଷ ନ୍ୟାୟ ପାଇଁ ଅପେକ୍ଷା କରିବାକୁ ପଡ଼ିଲା। ଅନୁଷ୍ଠାନ ନାମ ଭିନ୍ନ ହେଲେ କଣ୍ଟ୍ରୋଲ ଡିଲର, କବି, କଣ୍ଟ୍ରାକ୍ଟର, କ୍ରିକେଟରଙ୍କ ଚୟନ ପଦ୍ଧତି ଗୋଟିଏ ସୂତ୍ର। କାହା ଶିବିରକୁ କିଏ ଫେରିବେ ତାହା ନିରପେକ୍ଷ ବିଚାର ଆଧାରିତ କହିଦେଲେ ସବୁରି ତୁଣ୍ଡ ଚୁପ।

ଜଡ଼ରେ ଯିଏ ଆତ୍ମା ଦେଲା ସେ ମହାତ୍ମା ହେଲା। କେ. କାମରାଜଙ୍କୁ ତାମିଲରେ କର୍ମବୀର, କାଲା ଗାନ୍ଧୀ ଆଦି କେତେ କ'ଣ ନାମ ଦିଆଗଲା। ବର୍ଣ୍ଣ ବୈଷମ୍ୟ ବିରୋଧ ଶାଣିତ ସ୍ୱର ଶୁଭିଲା ଆଫ୍ରିକାରୁ। ନେଲ୍‌ସନ ମଣ୍ଡେଲା ଗାନ୍ଧୀଙ୍କୁ ଆଦର୍ଶ ମନେକରି ଅନଶନ କଲେ ଜେଲରେ। ଆମେରିକାରୁ ମାର୍ଟିନ ଲୁଥର କିଙ୍ଗ୍ ଜୁନିୟର (୧୯୬୮ରେ ହତ୍ୟାର ଶିକାର) ସାମାଜିକ ଅଧିକାର ପାଇଁ ସ୍ୱର ଉତ୍ତୋଳନ କଲେ, ଆଖି ଆଗରେ ଗାନ୍ଧୀ ଥିଲେ ଈଶ୍ୱର। ଏମାନଙ୍କୁ ଗାନ୍ଧୀ ଚେଁହି ଚିହାଇ ବିଜ୍ଞାପିତ କରି ନ ଥିଲେ। ଭାଇ ଭାଗରୁ ଆମେ ପାଇଥିବା ସେଦିନର ଜୀବନ ଥିଲା ଅଧାଲୁଚା ଦେହର, ଛିଣ୍ଡା କତରାର, ଉଦର ଦହନର, ଉତ୍କଟ ଦାରିଦ୍ର୍ୟର। ବନ୍ଧବାଡ଼, ରାସ୍ତାଘାଟ, ଶିକ୍ଷାନୁଷ୍ଠାନ, ବୈଦ୍ୟଖାନା ଆଦି ତିଆରି ହେବାକୁ ସମୟ ଲାଗିଲା। ଅନେକ ଜନହିତକର ଯୋଜନାର ଖୋଲାପଡ଼ିଆ ଅଧିବେଶନରେ ନିଷ୍ପତ୍ତି ହେଉଥିଲା। ନେତାମାନେ ଅଧା ରାସ୍ତାରେ ଗାଡିରଖି କର୍ମକର୍ତ୍ତାଙ୍କଠାରୁ ବୁଝୁ ନ ଥିଲେ, ତାଙ୍କ ବେକ ପାଇଁ ବଡ଼ ମାଳଟେ ଆସିଛିକି ନାହିଁ କିମ୍ବା ଲୋକ ସମାଗମ ଆଖିଦୃଶିଆ ହୋଇଛି କି ନାହିଁ।

ଦେଶର ଷଷ୍ଠ ପ୍ରଧାନମନ୍ତ୍ରୀ ମୋରାରଜି ଦେଶାଇ (୧୯୭୭ ମାର୍ଚ୍ଚ-୧୯୭୯ ଜୁଲାଇ), ବ୍ୟକ୍ତିଗତ ଜୀବନ ନିରାଡ଼ମ୍ବର, ସରଳ, ସାରା ଭାରତରୁ ମଦ ନିବାରଣ ନିଷ୍ପତ୍ତି ଆଗରୁ ସରକାରରେ ପୂର୍ଣ୍ଣଚ୍ଛେଦ ପଡ଼ିଲା। ପାକିସ୍ତାନର ସର୍ବୋଚ୍ଚ ବେସାମରିକ ସମ୍ମାନ 'ନିଶାନ-ଇ-ପାକିସ୍ତାନ'ରେ ସମ୍ମାନିତ ତାରକା ଜଣକ ଥିଲେ 'ସର୍ବୋଦୟ'ର ନିଷ୍ଠାପର ସେବକ, ଗାନ୍ଧୀ ଅନୁଗାମୀ। ତିରିଶ ବର୍ଷ ଆଗରୁ ଗାନ୍ଧୀ ସେପାରିକୁ ଚାଲିଯାଇଥିଲେ। ନଚେତ ଆଜିର ଦିନରେ କିଛି ନିନ୍ଦୁକ କହିଥା'ନ୍ତେ ସେ ଗାନ୍ଧୀ ଅନୁଗାମୀ ବୋଲି ପାକିସ୍ତାନ ସହ ସଲାସୁତରା କରି ପୁରସ୍କାର କରେଇଥିବେ। ୧୨ ଜୁନ ୨୦୨୫, ଲଣ୍ଡନ ଯାତ୍ରାରେ ଏୟାର ଇଣ୍ଡିଆ ବିମାନ ଏଆଇ-୧୭୧, ଆକାଶକୁ ଉଠିବାର ୩୨ସେକେଣ୍ଡ ଭିତରେ ଧ୍ୱଂସ ପାଇଗଲା। ଯାତ୍ରୀ, କର୍ମଚାରୀ ଓ ବାହାର ପଥଚାରୀ ମିଶି ସମୁଦାୟ ୨୬୦ ପ୍ରାଣ ହରେଇଲେ। ଚେନ୍ନାଇର ୨୭ ବର୍ଷୀୟା ରୋବୋଟିକ ଇଞ୍ଜିନିୟର ରିନି ଯୋଶୀଲଦା ଦାବି ଦୋହରେଇଲେ ଯେ ସେ ଏଭଳି ଦୁର୍ଘଟଣା ପାଇଁ ଦାୟୀ। କମ୍ପ୍ୟୁଟରର ଭୁଲ୍ ମେଲ୍ ଠିକଣାରୁ ଆଉ 'ଡାର୍କ ୱେବ' ପ୍ରଣାଳୀରେ ନିଜ ପରିଚୟ ଲୁଚାଇ ସେ ଏଭଳି କରିଥିଲେ ତାଙ୍କର ଜଣେ ପୁରୁଷ ବନ୍ଧୁଙ୍କୁ ଫସାଇବା ପାଇଁ।

ଗାନ୍ଧୀ ଦେଶର ମହିଳାଟିଏ କେବଳ ଭଗତ୍ ସିଂଙ୍କ ପରି ଗୌରବଙ୍କୁ ଜନ୍ମ ଦେଇପାରେ। ୨୩ ମାର୍ଚ୍ଚ ୧୯୩୧, ମାତ୍ର ୨୩ ବର୍ଷ ବୟସରେ ଫାଶୀ ପାଇବାର ଦିନକ ଆଗରୁ ଜଗୁଆଳି ଆସି ଭଗତ୍ ସିଂଙ୍କୁ କହିଲେ, ତୁମ ମା' ତୁମକୁ ଭେଟିବାକୁ ଚାହୁଁଛନ୍ତି। ଭଗତ୍ ସିଂ ହଁ ଭରିଲେ ହେଲେ ସର୍ତ୍ତରେ ଲେଖିଲେ- ତୁ ଆସିବୁ ଯଦି କାନ୍ଦିବୁନି, ଯଦି କାନ୍ଦିବୁ ତେବେ ଆସିବୁନି। ସେହି ପ୍ରକାରେ ମା' ଭଗବତୀ କୌର ଆସିଲେ ଭଗତ୍ ସିଂଙ୍କୁ ଭେଟି କଥାହେଲେ। ଫେରିଗଲା ବେଳେ କିନ୍ତୁ ନିଜକୁ ସମ୍ଭାଳି ନ ପାରି କାନ୍ଦି ପକେଇଲେ। ଏହା ସର୍ତ୍ତର ଖିଲାପ ବୋଲି କହିଲେ ଭଗତ୍ ସିଂ। ଓଢ଼ଣୀରେ ଆଖି ପୋଛି ମା' ଉତ୍ତର ଦେଲେ, ମୁଁ ତୋ ଫାଶୀ ପାଇଁ କାନ୍ଦୁନି। ଅବସୋସ ରହିଗଲା ଆଉ ଗୋଟେ ଭଗତ୍ ସିଂକୁ ଜନ୍ମ ଦେବାର ବୟସ ମୋ ପାଖରେ ନାହିଁ। ଗାନ୍ଧୀ ପ୍ରୟାଣର ୨୭ ବର୍ଷ ପରେ, ଦିଲ୍ଲୀଠାରେ ଭଗବତୀ କୌରଙ୍କ ଦେହାନ୍ତ ବେଳକୁ ଘୋର ଆର୍ଥିକ ଦୁର୍ଦ୍ଦଶା ଥିଲା। ଭଗତ୍ ସିଂଙ୍କ ଅନ୍ୟ ଭାଇ ଭଉଣୀ କିନ୍ତୁ ସେଭଳି କିଛି ଦାୟିତ୍ୱ ନେଲେନି ମା'ର। ଦେଶ ଜରାନିବାସମୟ ହେବାରେ ବାପା, ମା'ଙ୍କୁ ମୁଁ ଘରେ ରଖିଛି କହି କେହି ପୁଅ ଦାଣ୍ଡରେ ଛାତି ଚଉଡାକଲେ ଲାଗୁଛି ଗାନ୍ଧୀ ଦେଶର ମଣିଷ ଟିକେ ମୋହଗ୍ରସ୍ତ ହୋଇସାରିଛି।

ମୋ: ୮୨୪୯୮୨୭୧୪୮

# କୃଷି ବିକାଶରେ ଶ୍ରୀଅନ୍ନ



ଡି. ଶୁଭମ୍

ଓଡ଼ିଶାର କୃଷି ଐତିହ୍ୟରେ ଶ୍ରୀଅନ୍ନ ବା ମାଣ୍ଡିଆର ସ୍ଥାନ ସ୍ୱତନ୍ତ୍ର। ରାଜ୍ୟରେ ମାଣ୍ଡିଆ ଗାଁର ପରିକଳ୍ପନା କରିବା ଆମ ପର ପିଢ଼ି ପାଇଁ ବାଟ ଉନ୍ମୁକ୍ତ କରିବାର ଏକ ସୁଯୋଗ। ଆମ କୁଶଳୀ ଚାଷୀମାନେ ଏହି ମହତ ଉଦ୍ଦେଶ୍ୟରେ ପ୍ରମୁଖ ଭାଗୀଦାରି ସାଜିବେ। ଜଳବାୟୁ ପରିବର୍ତ୍ତନର ଉତ୍କଟ ସମସ୍ୟାକୁ ଚାଷଜମିରେ ପ୍ରତିହତ କରିବାର ଏକ ସୁଦୂରପ୍ରସାରୀ ଯୋଜନା ମାଣ୍ଡିଆ ଗାଁ। ମାଣ୍ଡିଆ ଗାଁରେ ସମସ୍ତ ଚାଷୀ ଓ ସାଧାରଣଲୋକ ମିଳିତ ଭାବରେ ସହଯୋଗ ତଥା ସମର୍ଥନ ପୂର୍ବକ ମାଣ୍ଡିଆର ପ୍ରଚାର ପ୍ରସାର ତଥା ଏହାର ପରିସୀମା ବୃଦ୍ଧି କରିବା ପାଇଁ ଶପଥ ନେବେ। ଗ୍ରାମୀଣ ବଜାରକୁ ସୁଧାରିବା ସହ ପୋଷଣ ଆଉ ଅର୍ଥନୈତିକ ବିକାଶ ଦିଗରେ ମାଣ୍ଡିଆ ଗାଁ ସାହାଯ୍ୟ କରିବ।

''ପାହାଡ଼ ଗାଁରେ ମାଣ୍ଡିଆ ଚାଷ, ସୁରୁଯ ଉଇଁଲେ ଆସଇ ହସ।'' ଏ ଲୋକଗୀତ ଆମ ପାଇଁ ସାଧାରଣ ହେଲେ ମଧ୍ୟ ଆଜିର ସମୟରେ ଏହାର ଗୁରୁତ୍ୱ ଅନେକ। ବର୍ଷବର୍ଷ ପୂର୍ବର ଗରିବର ଖାଦ୍ୟ ବୋଲି ମାନ୍ୟତା ପାଇଥିବା ଏହି କ୍ଷୁଦ୍ରଶସ୍ୟ ଆଜି ଘରର ଚାରିକାନ୍ଥ ଭିତରେ ଆଉ ସୀମିତ ହୋଇ ନାହିଁ। ପୋଲସରାରୁ ପ୍ୟାରିସ୍, କୋରାପୁଟରୁ ଜି ୨୦ ଯାଏ ସବୁଠି ଏହା ପରିବ୍ୟାପ୍ତ। ଜଳବାୟୁର ରୂପରେଖ ହେଉ ଅବା ଆମ ରାଜ୍ୟର ଭୌଗୋଳିକ ଦୃଷ୍ଟିକୋଣ ସବୁଆଡୁ ବିଚାର କଲେ ଆଗାମୀ ପିଢ଼ି ପାଇଁ ସ୍ୱପ୍ନ ଆଉ ସମ୍ଭାବନାର ବୀଜ ବୁଣିବାରେ ମାଣ୍ଡିଆର ଭୂମିକା ସର୍ବାଗ୍ରେ ରହିବ। ଭବିଷ୍ୟତ ପିଢ଼ି ପାଇଁ ସ୍ୱାବଲମ୍ବୀ ହେବା ପଥରେ ପଥଚାରୀ ମାଣ୍ଡିଆ।

ପାରମ୍ପରିକ ସମୟର ଚାଷ କଥା କହିଲେ ମାଣ୍ଡିଆ ଚାଷର କାହାଣୀ ଗାଁଗୁଡ଼ିକରେ ଶୁଣିବାକୁ ମିଳେ। ଆମ ବାପା ଅଜା ପିତୃପୁରୁଷ ଆମ ପାଇଁ ସେଇ ବିହନ ଆଉ ଚାଷ ପ୍ରଣାଳୀକୁ ଅର୍ପଣ କରିଯାଇଛନ୍ତି। ମାଣ୍ଡିଆକୁ ନେଇ ଭିନ୍ନ ପରିକଳ୍ପନା କରିବାର ସମୟ ଉପନୀତ। ସମସ୍ତଙ୍କ ମିଳିତ ପ୍ରଚେଷ୍ଟାରେ ଓଡ଼ିଶାରେ ମାଣ୍ଡିଆଗାଁର ଅୟମାରମ୍ଭ ହେଉ।

ମାଣ୍ଡିଆଗାଁ ଗଠନ ଦିଗରେ ଆମେ କିଛିଟା ପ୍ରମୁଖ ଦିଗ ଉପରେ ଧ୍ୟାନ ଦେବା ଆବଶ୍ୟକ। ପ୍ରଥମରେ ପ୍ରତିଗାଁରେ ପ୍ରତ୍ୟେକଟି ଚାଷୀ ବର୍ଷକୁ ଥରେ ମାଣ୍ଡିଆ ଚାଷ କରିବାକୁ ଯୋଜନା କରିବେ। ଫସଲ ବିବିଧୀକରଣ ମାଧ୍ୟମରେ ଚାଷଜମିରେ ମାଣ୍ଡିଆ ଚାଷ କରିବା ସହ ଦେଶୀ କିସମକୁ ପ୍ରୋତ୍ସାହିତ କରିବେ। ଦ୍ୱିତୀୟରେ ଆମ ରାଜ୍ୟର ଅନେକ ଜନଜାତି ମାଣ୍ଡିଆଚାଷ ବର୍ଷବର୍ଷ ହେଲା କରିଆସୁଛନ୍ତି। ରାଜ୍ୟ ସରକାରଙ୍କ ତରଫରୁ ଶ୍ରୀଅନ୍ନ ଅଭିଯାନ ମାଧ୍ୟମରେ ବିକାଶର ଧାରା ଜାରିରହିଛି। ତେଣୁ ଏହାର ମିଳିତ ସମନ୍ୱୟରେ ଆମେ ପ୍ରଥମାବସ୍ଥାରେ ଏହିସବୁ ଅଞ୍ଚଳରେ ମାଣ୍ଡିଆ ଗାଁକୁ ଚୟନ କରିପାରିବା। ଏଥିରେ ସେହି



ଗାଁର ଚାଷୀ ତଥା ମହିଳାମାନଙ୍କୁ ଦାୟିତ୍ୱ ଦେଇ ମିଲେଟ ଚାମ୍ପିୟନ ବା ସଫଳ ମାଣ୍ଡିଆ ଚାଷୀମାନଙ୍କୁ ଏକାଠିକରି ସେମାନଙ୍କ ମାଧ୍ୟମରେ ଅନ୍ୟ ଚାଷୀଙ୍କୁ କ୍ଷେତ୍ର ପରିଦର୍ଶନର ସୁଯୋଗ ଦେବା। ମହିଳାମାନେ ପ୍ରଗତିର କର୍ଣ୍ଣଧାର। ସେମାନେ ଗାଁର ଚାଷବାସର ଆୟ ବ୍ୟୟର ହିସାବ ପୂର୍ବକ ମାଣ୍ଡିଆ ଚାଷୀମାନଙ୍କ ସହ ଏକାଠି ହୋଇ ଆଗାମୀ ୫ବର୍ଷର ରୋଡମ୍ୟାପ ପ୍ରସ୍ତୁତ କରିପାରିବେ। ତୃତୀୟରେ ଏହିସବୁ ମାଣ୍ଡିଆ ଗାଁରେ କମ୍ୟୁନିଟି ସିଡ୍‌ବ୍ୟାଙ୍କ ବା ଗୋଷ୍ଠୀଭିତ୍ତିକ ବିହନ ସଂରକ୍ଷଣ ମାଧ୍ୟମରେ ଦେଶୀ ବିହନକୁ ଅଧିକରୁ ଅଧିକ ପ୍ରୋତ୍ସାହିତ କରିବାକୁ ଯୋଜନା ପ୍ରସ୍ତୁତ ହେବ। ଚାଷୀମାନଙ୍କ ମଧ୍ୟରେ ଦେଶୀ ବିହନକୁ ନେଇ ଅଧିକ ଯତ୍ନବାନ୍ ହେବା ସହ ଏହି ମାଣ୍ଡିଆ ଗାଁଗୁଡ଼ିକରେ ଗୋଟେ ଗୋଟେ ମାଣ୍ଡିଆ ବିହନ ବ୍ୟାଙ୍କ ସୃଷ୍ଟି କରାଯାଇ ପାରିବ। ଏସ୍‌ଏମ୍‌ଆଇ ବା ସିଷ୍ଟମ ଅଫ୍ ମିଲେଟ ଇଣ୍ଟେନସିଫିକେଶନ ମଡେଲକୁ ଚାଷୀମାନଙ୍କ ପାଖରେ ପ୍ରଶିକ୍ଷଣ ପୂର୍ବକ ପହଞ୍ଚାଇବାକୁ ଉଦ୍ୟମ କରାଯାଇ ପାରିବ। ଚତୁର୍ଥରେ ପ୍ରତି ମାଣ୍ଡିଆ ଗାଁର ବିକାଶ ମାନଚିତ୍ରରେ ସେ ଗାଁର ମହିଳା, ଯୁବ ଉଦ୍ୟୋଗୀ ତଥା ସଫଳ କୃଷକମାନଙ୍କୁ ନେଇ ଏକ କମିଟି କରାଯାଇ ପୂର୍ବବର୍ଷଗୁଡ଼ିକରେ ମାଣ୍ଡିଆ କ୍ଷେତ୍ର ତଥା ଏହାର ମୋଟ ଅମଳ ପରିମାଣ ଉପରେ ପୁଙ୍ଖାନୁପୁଙ୍ଖ ଆଲୋଚନା କରି ଆଗାମୀ ୫ବର୍ଷ ମଧ୍ୟରେ କିପରି ଏହାର ମୋଟ କ୍ଷେତ୍ର ପରିମାଣ ବୃଦ୍ଧି କରାଯାଇପାରିବ ସେ ଦିଗରେ ଚିନ୍ତା କରାଯାଇପାରେ। ପଞ୍ଚମରେ ରାଜ୍ୟ କୃଷି ବିଭାଗ, ଶ୍ରୀଅନ୍ନ ଅଭିଯାନ, କୃଷି ବିଶ୍ୱବିଦ୍ୟାଳୟ, କୃଷିବିଜ୍ଞାନ କେନ୍ଦ୍ରଗୁଡ଼ିକର ପ୍ରତ୍ୟକ୍ଷ ସହାୟତା ନେଇ ମାଣ୍ଡିଆ ଗାଁର ଚାଷୀମାନେ ବର୍ଷକୁ ଅନ୍ତତଃ ଥରେ ବୀଜ ମହୋତ୍ସବ ନାମରେ ଏକ କାର୍ଯ୍ୟକ୍ରମ କରି ମାଣ୍ଡିଆକୁ ନେଇ ନୂଆ ପରିଚୟ ଦେବା ସହ ଏଥିରେ ମାଣ୍ଡିଆର କିପରି ମୂଲ୍ୟ ସଂଯୋଗପୂର୍ବକ ବିଭିନ୍ନ ଖାଦ୍ୟସାମଗ୍ରୀ ପ୍ରସ୍ତୁତ କରାଯାଇପାରିବ ସେ ଦିଗରେ ଧ୍ୟାନ ଦେଇପାରିବେ। ଏଥିରେ ସ୍ୱୟଂସହାୟକ ଗୋଷ୍ଠୀ, କୃଷକ, ଉତ୍ପାଦକ ସଂଗଠନ, ଷ୍ଟାର୍ଟଅପଗୁଡ଼ିକୁ ଏକାଠିକରି ମାଣ୍ଡିଆ ପୋଷଣ କ୍ୟାମ୍ପ ମଧ୍ୟ ଆୟୋଜନ କରାଯାଇପାରେ। ଏହା ବ୍ୟତୀତ ମାଣ୍ଡିଆର ଉପଯୁକ୍ତ ବିପଣନ ପାଇଁ ଇ-ମାର୍କେଟ୍ ତଥା ଯୁବ ଉଦ୍ୟୋଗୀମାନଙ୍କ ମାଣ୍ଡିଆ ଉଦ୍ୟୋଗକୁ ଆମେ ଏଥିରେ ଯୋଡ଼ିପାରିବା। ଏହି ମାଣ୍ଡିଆ ଗାଁରେ ମାସିକିଆ ମିଲେଟ ହାଟ ମାଧ୍ୟମରେ ଦେଶୀ ଉତ୍ପାଦ ପାଇଁ ବିକ୍ରିବଟାର ସୁଯୋଗ ସୃଷ୍ଟି କରିପାରିବା।

ପ୍ରତିବର୍ଷ ନଭେମ୍ବର ୧୦ରେ ମାଣ୍ଡିଆ ଦିବସ ପାଳୁଛି। ଏବର୍ଷ ମାଣ୍ଡିଆ ଚାଷରେ ମହିଳାମାନଙ୍କର ଗୁରୁତ୍ୱ ତଥା କୃଷି ଐତିହ୍ୟ ଦିଗରେ ଆମେ କିପରି ପ୍ରତ୍ୟକ୍ଷ ଭାଗୀଦାରି ସାଜିପାରିବା ତାହା ଆମ ପାଇଁ ଏକ ବଡ଼ ଆହ୍ୱାନ। ଆଗାମୀ ୨୦୩୬ ବେଳକୁ ଆମେ ଅନ୍ତତଃ ଓଡ଼ିଶାରେ ୫୦୦ଟି ମାଣ୍ଡିଆ ଗାଁର ପରିକଳ୍ପନା କରିବାକୁ ସଙ୍କଳ୍ପନେବା। ଯେଉଁଥିରେ ପାଖାପାଖି ୧୦ଲକ୍ଷ ମାଣ୍ଡିଆ ଚାଷୀ ପ୍ରତ୍ୟକ୍ଷ ଭାବେ ପ୍ରଶିକ୍ଷଣ ପୂର୍ବକ ସଫଳ ମିଲେଟ୍ ଚାଷୀଭାବେ ପରିଗଣିତ ହୋଇପାରିବେ। ମାଣ୍ଡିଆ, ମହିଳା ଆଉ ମାର୍କେଟର ସମନ୍ୱୟ ଏହି ମିଶନକୁ ସଫଳ ରୂପ ଦେବ।

**ଜୈବ ନିରୀକ୍ଷକ, ଓଡ଼ିଶା ରାଜ୍ୟ ଜୈବ ପ୍ରମାଣନ ସଂସ୍ଥା(ଓସୋକା), ଭୁବନେଶ୍ୱର**
**ମୋ:୯୪୩୮୪୬୭୦୭୯**

## ଏଇ ଭାରତରେ

କର୍ଣ୍ଣାଟକର ସିର୍‌ଶି ଗାଁକୁ ଗଲେ ସେଠାରେ ରୋବୋ ଶିକ୍ଷକ ଦେଖିବାକୁ ପାଇବେ, ଯାହା ମଣିଷଙ୍କ ଭଳି ପଢ଼ାଇପାରୁଛି। ସ୍ମାର୍ଟ ଶିକ୍ଷାକୁ କର୍ଣ୍ଣାଟକ ଗ୍ରାମାଞ୍ଚଳ ପିଲାଙ୍କ ପାଖରେ ପହଞ୍ଚାଇବା ଅକ୍ଷୟ ମାଶେଲକର ଏଡି ରୋବୋ ନିର୍ମାଣ କରିଛନ୍ତି। ଅକ୍ଷୟଙ୍କ ବୟସ ୩୦। କୋଭିଡ୍ ମହାମାରୀ ସମୟରେ ସେ ଏହି ରୋବୋ ନିର୍ମାଣ କରିବାକୁ ଯୋଜନା ପ୍ରସ୍ତୁତ କରି ୨୦୨୨ରେ ଶେଷ କରିଥିଲେ। ଏହାକୁ ତିଆରି କରିବାକୁ ୧୮ ମାସ ଲାଗିଯାଇଥିଲା ଏବଂ ମୋଟ ଖର୍ଚ୍ଚ ହୋଇଥିଲା ୨ ଲକ୍ଷ ଟଙ୍କା। ଏହି ରୋବୋ ଶିକ୍ଷକର ନାମ ଶିଖା। ଚତୁର୍ଥ ଶ୍ରେଣୀ ପର୍ଯ୍ୟନ୍ତ ପିଲାଙ୍କୁ ଏହା କନ୍ନଡ ଓ ଇଂଲିଶରେ ପଢ଼ାଇପାରୁଛି। ଶିଖା ବିଭିନ୍ନ ବିଷୟରେ ପଢ଼ାଇବା ସହ ରାଇମ ମଧ୍ୟ ଗାଇପାରୁଛି। ପିଲାମାନେ ଆଗ୍ରହ ସହ ଶିଖାଠାରୁ ପଢ଼ିବାକୁ ଚାହିଁ ବସୁଛନ୍ତି। ଏବେ 'ଶିଖା'କୁ ୩୫,୦୦୦ ଟଙ୍କାରେ ତିଆରି କରିବାକୁ ଯୋଜନା କରିଛନ୍ତି, ଯାହାଦ୍ୱାରା ଉତ୍ତର କନ୍ନଡର ସବୁ ସ୍କୁଲରେ ପିଲା ଶିଖାଠାରୁ ପଢ଼ିବାର ସୁଯୋଗ ପାଇପାରିବେ। କେବଳ ଏତିକି ନୁହେଁ, ଅକ୍ଷୟ ମଧ୍ୟ ପିଲାମାନଙ୍କୁ ରୋବୋଟିକ ଟେକ୍ନୋଲୋଜି ସମ୍ପର୍କରେ ଶିକ୍ଷା ଦେଉଛନ୍ତି। ପାଖାପାଖି ୨୦୦ ପିଲା ଏବେ କ୍ଷୁଦ୍ର ରୋବୋ ନିର୍ମାଣ କରିପାରୁଛନ୍ତି।

## ୫୦ ବର୍ଷ ତଳର ଧରିତ୍ରୀ

**୧୦ ନଭେମ୍ବର ୧୯୭୬**

- ରାଜ୍ୟରେ ପ୍ରାଥମିକ ସ୍କୁଲରେ ଶିକ୍ଷକ ନିଯୁକ୍ତିର ସର୍ବନିମ୍ନ ବୟସ ସୀମା ୨୦ ବର୍ଷରୁ ୧୮ ବର୍ଷକୁ ଏବଂ ସର୍ବୋଚ୍ଚ ବୟସସୀମା ୨୫ ବର୍ଷରୁ ୨୮ ବର୍ଷକୁ ବୃଦ୍ଧି କରାଯାଇଛି।
- ପଞ୍ଚମ ପଞ୍ଚବାର୍ଷିକ ଯୋଜନା କାଳରେ ଆଭ୍ୟନ୍ତରୀଣ ନୌପରିବହନ ବିକାଶ ଦିଗରେ କେନ୍ଦ୍ର ସରକାର ବିଭିନ୍ନ ରାଜ୍ୟକୁ ୩୬୨ ଲକ୍ଷ ଟଙ୍କା ମଞ୍ଜୁର କରିଛନ୍ତି।

## ଚିରନ୍ତନୀ

ନିମେଷେ କେତେ ରୂପ ଫୁଟଇ ନୟନେ
ସେ ଆଖି ଦିଏ ଦେଖା ନିଶୀଥ-ଶୟନେ
ରୂପର ଉପାସନା ରଚଇ ମାନସେ
ସ୍ୱପନ ଧନ ତାହା ନୁହଇ ଆନ ସେ
ଦୂରର ତାରା ସମ ଦିଶଇ ଚେତନେ
ନିମେଷେ ଯେତେ ରୂପ ଫୁଟଇ ନୟନେ ।
-(ସୁଦୂରଗାନ)
-କାଳିନ୍ଦୀ ଚରଣ ପାଣିଗ୍ରାହୀ

## ପାଠକ ଶ୍ରେଷ୍ଠ ବିଚାରକ

### ପ୍ରଦୂଷଣ ନିୟନ୍ତ୍ରଣ କରାଯାଉ

ମହାଶୟ,

ପାନୀୟଜଳ ଓ ବାୟୁ ପ୍ରଦୂଷଣ ଆଗାମୀ ଦିନରେ ସଙ୍କଟ ସୃଷ୍ଟିକରିବ, ଏଥିରେ ସନ୍ଦେହ ନାହିଁ। ଗ୍ରୀଷ୍ମଋତୁରେ ଜଳ ସଙ୍କଟ ଉତ୍କଟ ହେଉଛି । ବୋର୍‌ୱେଲ ଖନନ ଫଳରେ ଜଳସ୍ତର ହ୍ରାସ ପାଉଛି। ପୋଖରୀ, ନଦୀ ଓ ନାଳ ପାଣି ବିଭିନ୍ନ କାରଣରୁ ଦୂଷିତ ହେଉଛି। ସହରାଞ୍ଚଳର ବିଭିନ୍ନ ପୂଜାପାର୍ବଣରେ ମୂର୍ତ୍ତି ବିସର୍ଜନ ନିମିତ୍ତ ସ୍ୱତନ୍ତ୍ର ପୋଖରୀ ଖନନ କରାଯାଇ ଜଳ ପ୍ରଦୂଷଣ ରୋକାଯାଇପାରୁଛି। କିନ୍ତୁ ଗ୍ରାମାଞ୍ଚଳରେ ଏହିପରି ବ୍ୟବସ୍ଥା ନାହିଁ। ନଦୀ, ପୋଖରୀରେ ମୂର୍ତ୍ତି ବିସର୍ଜନ କରାଯାଇ ଜଳ ଦୂଷିତ ହେଉଛି। ଏହି ପାଣିରେ ସ୍ନାନକରି ଲୋକେ ବିଭିନ୍ନ ଚର୍ମରୋଗରେ ପୀଡ଼ିତ ହେଉଛନ୍ତି। ସେହିପରି ଦୀପାବଳିରେ ବାଣଫୁଟିବା ଯୋଗୁ ବାୟୁମଣ୍ଡଳରେ ବିଷାକ୍ତ ଧୂଳିକଣା ଘୁରି ବୁଲୁଛି। କଟକ, ବ୍ରହ୍ମପୁର, ଭୁବନେଶ୍ୱର, ରାଉରକେଲା ଓ ଅନୁଗୋଳ ସହରର ବାୟୁ ପ୍ରଦୂଷଣ ଚିନ୍ତାଜନକ ହୋଇପଡ଼ିଲାଣି। ରାଜ୍ୟର ଖଣି ଖାଦାନ ଓ କଳ କାରଖାନା ଥିବା ଅଞ୍ଚଳରେ ବାୟୁ ଓ ଜଳ ପ୍ରଦୂଷଣ ରୋକିବାକୁ ସରକାର ବିଶେଷ ଦୃଷ୍ଟିଦେବା ଆବଶ୍ୟକ। ପୂର୍ବରୁ ସାବଧାନ ନ ହେଲେ ଦିଲ୍ଲୀ ଭଳି ଆମ ରାଜ୍ୟର ଅବସ୍ଥା ହେବାକୁ ବେଶିଦିନ ଲାଗିବ ନାହିଁ। ରାଜ୍ୟରେ ବୃକ୍ଷରୋପଣ ପାଇଁ ସରକାର ପ୍ରଚାର କରୁଥିଲେ ମଧ୍ୟ ବାସ୍ତବ କ୍ଷେତ୍ରରେ ୧୦ଭାଗ କାର୍ଯ୍ୟକାରୀ ହେଉନାହିଁ । କେବଳ କାଗଜ କଲମରେ ହିସାବ ଦିଆଯାଉଛି।

**-ନିର୍ମଳ ସାମଲ, ପୋଖରୀପୁଟ, ଭୁବନେଶ୍ୱର**

ପାଠକ ଶ୍ରେଷ୍ଠ ବିଚାରକ ସ୍ତମ୍ଭକୁ ପତ୍ର ପଠାଇବାର ଠିକଣା: ସମ୍ପାଦକ, ଧରିତ୍ରୀ, ବି-୧୫, ରସୁଲଗଡ ଶିଳ୍ପାଞ୍ଚଳ, ଭୁବନେଶ୍ୱର-୭୫୧୦୧୦
କେବଳ ସମ୍ପାଦକଙ୍କୁ ପତ୍ର, ଖବର ପାଇଁ ବ୍ୟବହାର କରନ୍ତୁ : E-mail: edit.dharitri@gmail.com (Use only for letters to Editor, news & news photos) କେବଳ ବିଜ୍ଞାପନ ପାଇଁ ବ୍ୟବହାର କରନ୍ତୁ: E-mail:advt@dharitri.com :miku11@yahoo.com (Use only for advertisements,commercial queries)

# ପୋଲିସକୁ ଆକ୍ରମଣ, ଗାଡ଼ି ଭଙ୍ଗାରୁଜା

## ଟ୍ରେଲର ଧକ୍କାରେ ଯୁବକଙ୍କ ମୃତ୍ୟୁ ପରେ ତାତିଲେ ଲୋକେ

ବଣାଇଁ,୯।୧୧ (ପ୍ରଦୀପ ତ୍ରିପାଠୀ)

ସୁନ୍ଦରଗଡ଼ ଜିଲା ନରେନ୍ଦ୍ର-ଗୁରୁଣ୍ଡିଆ ରାଜ୍ୟ ରାଜପଥ-୧୦ର ତୁରାମରା ନିକଟରେ ଟ୍ରେଲର ଧକ୍କାରେ ରବିବାର ସନ୍ଧ୍ୟାରେ ଜଣେ ଯୁବକଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ଜୀବିକା ଗ୍ରାମର ସନ୍ତୋଷ ନନ୍ଦ। ଟ୍ରେଲର ଚାଳକଙ୍କୁ ଉତ୍ୟକ୍ତ ଲୋକେ ଆକ୍ରମଣ କରି ଲହୁଲୁହାଣ କରିବା ପରେ ରାସ୍ତା ଅବରୋଧ କରି ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ଗୁରୁତର ଅବସ୍ଥାରେ ଟ୍ରେଲର ଚାଳକଙ୍କୁ ଉଦ୍ଧାର କରି ଗୁରୁଣ୍ଡିଆ ପୋଲିସ ପିସିଆର ଭ୍ୟାନରେ ଚିକିତ୍ସାଳୟ ନେବା ପାଇଁ ଚେଷ୍ଟା କରିବାରୁ ଅଞ୍ଚଳବାସୀ ଏହାର ଦୃଢ଼ ବିରୋଧ କରିଥିଲେ। ଏପରିକି ଲୋକେ ସମ୍ପୃକ୍ତ ଟ୍ରେଲରକୁ ଏହି ପିସିଆର ଭ୍ୟାନ ଏସ୍‌କର୍ଟ କରି ଆଣୁଥିବା ଦର୍ଶାଇ ପୋଲିସକୁ ଆକ୍ରମଣ କରିବା ସହ ଭ୍ୟାନ ଭଙ୍ଗାରୁଜା କରିଛନ୍ତି। ଖବର ଲେଖା ହେବା ସୁଦ୍ଧା ଘଟଣାସ୍ଥଳରେ ଉତ୍ତେଜନା ଲାଗି ରହିଥିଲା। ଉତ୍ୟକ୍ତ ଲୋକେ ବାହାର ଲୋକଙ୍କୁ ଦେଖିଲେ ଗାଳିଗୁଲଜ କରିବା ଓ ଫଟୋ ଉତ୍ତୋଳନକୁ ବିରୋଧ କରୁଥିବାରୁ କେହି ଘଟଣାସ୍ଥଳରେ ପହଞ୍ଚି ପାରୁ ନ ଥିବା ଜଣାପଡ଼ିଛି। ବଣାଇଁ, ଲହୁଣିପଡ଼ା, ଗୁରୁଣ୍ଡିଆ, ଟିକାୟତପାଲୀ, ମହୁଲପଦା ଥାନା ଅଧିକାରୀ ପହଞ୍ଚି ସ୍ଥିତି ଉପରେ ନଜର ରଖିଛନ୍ତି। ରାତି ୮ଟାରେ ରାଉରକେଲାରୁ ୨ପ୍ଲାଟୁନ ପୋଲିସ ଫୋର୍ସ ଘଟଣାସ୍ଥଳ ଅଭିମୁଖେ ବାହାରିଥିବା ସୂଚନା ମିଳିଥିଲା।

ସୂଚନା ଅନୁଯାୟୀ, ଯୁବକ ଜଣକ ତୁରାମରା ନିକଟରେ ଠିଆ ହୋଇଥିବା ସମୟରେ ଗୁରୁଣ୍ଡିଆରୁ ବଣାଇଁ ପଟକୁ ଆସୁଥିବା ଟ୍ରେଲର ତାଙ୍କୁ ଧକ୍କା ଦେଇ ଘୋଷାଡ଼ି ନେଇଥିଲା। ଫଳରେ ଘଟଣାସ୍ଥଳରେ ତାଙ୍କର ମୃତ୍ୟୁ ଘଟିଥିଲ। ବିକ୍ଷୋଭ ଯୋଗୁ ରାଜ୍ୟ ରାଜପଥ -୧୦ରେ ଗାଡି ଚଳାଚଳ ସମ୍ପୂର୍ଣ୍ଣ ବନ୍ଦ ରହିଥିଲା।

# ଘରକୁ ଡାକି ସାଙ୍ଗ ସହ ଖାଇଲେ, ଗୁଳି କରିଦେଲେ

ଗୁରୁଗ୍ରାମ,୯।୧୧



ଏକାଦଶ ଶ୍ରେଣୀର ଜଣେ ନାବାଳକଙ୍କୁ ୨ ସହପାଠୀ ଡାକିନେଇ ତାଙ୍କ ସହ ରାତ୍ରଭୋଜନ କରିବା ପରେ ତାଙ୍କୁ ଗୁଳିମାଡ଼ କରିଛନ୍ତି। ଏଭଳି ଚାଞ୍ଚଲ୍ୟକର ଘଟଣା ଶନିବାର ଗୁରୁଗ୍ରାମର ସେକ୍ଟର ୪୮ରେ ଘଟିଛି। ୧୭ ବର୍ଷୀୟ ୨ ଅଭିଯୁକ୍ତ ନାବାଳକଙ୍କୁ ଗୁରୁଗ୍ରାମ ସଦର ଥାନା ପୋଲିସ କାବୁ କରିବା ସହ ଗୋଟିଏ ପିସ୍ତଲ, ଗୋଟିଏ ମାଗାଜିନ୍, ୫ ଗୁଳି, ଗୋଟିଏ ଖୋକା ଜବତ କରିଛି। ଆହତ ନାବାଳକଙ୍କୁ ଗୁରୁତର ଅବସ୍ଥାରେ ସ୍ଥାନୀୟ ଏକ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ସୂଚନାନୁଯାୟୀ, ଆହତ ନାବାଳକ ଏବଂ ଜଣେ ଅଭିଯୁକ୍ତ ନାବାଳକଙ୍କ ମଧ୍ୟରେ ୨ ମାସ ତଳେ ବାକ୍‌ଯୁଦ୍ଧ ହୋଇଥିଲା। ଏହାର ପ୍ରତିଶୋଧ ନେବାକୁ ଯାଇ ଅଭିଯୁକ୍ତ ନାବାଳକ ତାଙ୍କର ଜଣେ ସାଙ୍ଗଙ୍କ ସହ ମିଶି ଏହି ଘଟଣା ଘଟାଇଛନ୍ତି। ଏଥିପାଇଁ ଅଭିଯୁକ୍ତ ନାବାଳକ ପ୍ରପର୍ଟି ଡିଲର ଭାବେ କାର୍ଯ୍ୟ କରୁଥିବା ତାଙ୍କ ବାପାଙ୍କ ଲାଇସେନ୍ସପ୍ରାପ୍ତ ପିସ୍ତଲକୁ ବ୍ୟବହାର କରିଛନ୍ତି। ପୋଲିସ ଉକ୍ତ ଘରର ଏକ ବକ୍ସରୁ ଆଉ ଏକ ମାଗାଜିନ ଏବଂ ୬୫ଟି ଗୁଳି ଜବତ କରିଛି। ଆହତ ନାବାଳକଙ୍କ ମା'ଙ୍କ ଅଭିଯୋଗ କ୍ରମେ ପୋଲିସ ମାମଲା ରୁଜୁ କରି ତଦନ୍ତ ଚଳାଇଛି।

# ନାରାୟଣ ପ୍ରଧାନ ହତ୍ୟା ମାମଲାରେ ଜଣେ ଗିରଫ

- ନଦୀପଠାରୁ ମିଳିଥିଲା ମୃତଦେହ
- ୨ ଅଛନ୍ତି ଫେରାର



ଗିରଫ ଅଭିଯୁକ୍ତ।

ଟିକିଟି,୯।୧୧(ପ୍ରକାଶ ଚନ୍ଦ୍ର ସାହୁ)

କେ.ନୂଆଗାଁ ଥାନା ନୂଆପଡା ଫାଣ୍ଡି ଅନ୍ତର୍ଗତ ନୂଆପଡା ଗ୍ରାମ ଶିବମନ୍ଦିର ନିକଟରେ ଥିବା ବାହୁଦା ନଦୀ ପଠାରେ ୧୨।୧୦।୨୫ରେ ଚରିଆପଡ଼ା ସାହିର ନାରାୟଣ ପ୍ରଧାନଙ୍କ ମୃତଦେହ ମିଳିଥିଲା। ତଦନ୍ତ ପରେ ନାରାୟଣଙ୍କୁ ହତ୍ୟା ପରେ ମୃତଦେହକୁ ନଦୀକୂଳରେ ଫୋପାଡ଼ି ଦିଆଯାଇଥିବା ଜଣାପଡ଼ିଥିଲା। ରବିବାର କେ. ନୂଆଗାଁ ପୋଲିସ ଜଣେ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି। ସେ ହେଲେ ନୂଆପଡାର ଶଙ୍କର ବେହେରା। ଜାମିନ ନାମଞ୍ଜୁର ହେବାରୁ ତାଙ୍କୁ ଜେଲ ହାଜତକୁ ପଠାଯାଇଛି। ଥାନା ଅଧିକାରୀ କିଶୋର ସାମଲ କହିଛନ୍ତି, କିଛିଦିନ ତଳେ ନାରାୟଣ ପ୍ରଧାନ ସାହିର ଜଣେ ବ୍ୟକ୍ତିଙ୍କ ଘରେ ପଶି କେହି ନ ଥିବା ସୁଯୋଗ ନେଇ ନାବାଳିକାଙ୍କୁ ଅସଦାଚରଣ କରିଥିଲେ। ଏହା ଜାଣିବା ପରେ ନାବାଳିକାଙ୍କ ପରିବାର ଓ ସମ୍ପର୍କୀୟ ନାରାୟଣଙ୍କୁ ମାରପିଟ କରିଥିଲେ। ଏହି ଘଟଣାକୁ ନେଇ ନାରାୟଣଙ୍କୁ ହତ୍ୟା କରିଥିବା ଜେରା ବେଳେ ଶଙ୍କର କହିଛନ୍ତି। ଏଥିରେ ଅନ୍ୟ ଦୁଇଜଣ ସମ୍ପୃକ୍ତ ଅଛନ୍ତି। ସେମାନଙ୍କୁ ଖୁବଶୀଘ୍ର ଗିରଫ କରାଯିବ ବୋଲି ଥାନା ଅଧିକାରୀ କହିଛନ୍ତି। ସୂଚନା ଯୋଗ୍ୟ ନାରାୟଣ ଦୀର୍ଘଦିନ ହେଲା ମଜୁରିଆ ଭାବେ କାମ କରି ପରିବାର ଚଳାଇ ଆସୁଥିଲେ। କୌଣସି କାରଣରୁ ସେ ପରିବାରଠାରୁ ଅଲଗା ହୋଇ ନଦୀପଠାରେ ଏକ ବଗିଚାକରି ସେଥିରେ ଫୁଲଚାଷ କରିଥିଲେ। ପ୍ରତିଦିନ ଭଳି ଗତ ୧୨ ତାରିଖ ଭୋରୁ ନାରାୟଣ ଫୁଲ ତୋଳିବାକୁ ଯାଇ ଫେରି ନ ଥିଲେ। ନଦୀ ପଠାରେ ତାଙ୍କ ପୋଷାକ ଥିବାବେଳେ ତାଙ୍କର ମୃତଦେହ ନଦୀପାଣିରେ ରକ୍ତାକ୍ତ ଅବସ୍ଥାରେ ପଡ଼ିଥିବା ଦେଖିବାକୁ ମିଳିଥିଲା। ଖବରପାଇ ନୂଆପଡ଼ା ଫାଣ୍ଡି ଅଧିକାରୀ ଜଗବନ୍ଧୁ ବାର୍ଲା ପହଞ୍ଚି ମୃତଦେହ ଜବତ କରିଥିଲେ। ପରେ ନାରାୟଣଙ୍କ ପୁଅ ଶିବ କେ. ନୂଆଗାଁ ଥାନାରେ ଅଭିଯୋଗ କରିବା ପରେ କେସ୍ ନଂ. ୩୫୩/୨୫ ରୁଜୁ କରି ପୋଲିସ ତଦନ୍ତ ଚଳାଇଥିଲା।

# ୧୪୮ ଖାଇବା ତେଲ ଟିଣ, ବୋଲେରୋ ଜବତ : ୪ ଗିରଫ

## ଗୋକୁଲଧାମ ଗୋଦାମରୁ ଚୋରି ଘଟଣା



କଣ୍ଟାବାଞ୍ଜି ଥାନା ପରିସରରେ ଜବତ ବୋଲେରୋ ।

କଣ୍ଟାବାଞ୍ଜି,୯।୧୧(ଗୁରୁଦୟାଲ ହଂସ)

ବଲାଙ୍ଗୀର ଜିଲା କଣ୍ଟାବାଞ୍ଜି ପୋଲିସ ରବିବାର ଦେଓଗାଁ ଥାନା ଅଧୀନ ଡୁମେରପିଟା ଗ୍ରାମରେ ଚଢାଉ କରି ୧୪୮ଟି ଖାଇବା ତେଲ ଟିଣ, ୨ଟି ଖାଲି ତେଲ ଟିଣ, ଏକ ବୋଲେରୋ ଜବତ କରିଛି । ଏହାଛଡା କଣ୍ଟାବାଞ୍ଜି ବଜାରପଡାର ଜଣେ ବ୍ୟକ୍ତିଙ୍କଠାରୁ ନଗଦ ଦେଢ଼ଲକ୍ଷ ଟଙ୍କା ଜବତ କରାଯାଇଛି। ଘଟଣାରେ ପୋଲିସ ୪ ଜଣଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି ।

ପୋଲିସଠାରୁ ମିଳିଥିବା ସୂଚନା ଅନୁଯାୟୀ, କଣ୍ଟାବାଞ୍ଜି ଗୋକୁଲଧାମସ୍ଥିତ ମୁକେଶ କୁମାର ଜୈନ(୩୦)ଙ୍କ ଗୋଦାମରୁ ୨।୯।୨୦୨୫ ଏବଂ ୨୬।୯।୨୦୨୫ ମଧ୍ୟରାତ୍ରିରେ ୧୫୦ଟି ଖାଇବା ତେଲ ଭର୍ତ୍ତି ଟିଣ, ନଗଦ ୧ ଲକ୍ଷ ୫୦ ହଜାର ଟଙ୍କା ସହ ଏକ ବୋଲେରୋ (ନଂ. ଓଡି୦୮ଡି୪୬୪୭) ଚୋରି ହୋଇଥିଲା। ଏହି ଚୋରି ନେଇ ଜୈନ କଣ୍ଟାବାଞ୍ଜି ଥାନାରେ ଗତ ୬ ତାରିଖରେ ଅଭିଯୋଗ କରିଥିଲେ। ଜୈନଙ୍କ ଅଭିଯୋଗ ପରେ ପୋଲିସ ପକ୍ଷରୁ ଏକ ତଦନ୍ତକାରୀ ଟିମ୍ ଗଠନ କରାଯାଇଥିଲା। ଏହି ଟିମ୍‌ରେ କଣ୍ଟାବାଞ୍ଜି ପୋଲିସ ଏସ୍‌ଡିପିଓ ଲକ୍ଷ୍ମୀନାରାୟଣ ମାରାଣ୍ଡି ଓ ଆଇଆଇସି ଗୋପାଳ କର୍ଣ୍ଣଙ୍କ ତତ୍ତ୍ୱାବଧାନରେ ସବ୍‌ଇନ୍ସପେକ୍ଟର ପୂର୍ଣ୍ଣମି ଓରାମ, ଏଏସଆଇ ଈଶ୍ୱର ଚନ୍ଦ୍ର ମାଝି, କନଷ୍ଟେବଳ ଏଲ.ସୋରେଙ୍ଗ, ଚରନ ଛତର, ଜି. ଖୁରା ସାମିଲ ଥିଲେ। ଘଟଣାର ଅନୁସନ୍ଧାନ ପରେ କଣ୍ଟାବାଞ୍ଜି ପୋଲିସ ସନ୍ଦେହରେ କେତେଜଣ ବ୍ୟକ୍ତିଙ୍କୁ ଆଣି ପଚରାଉଚରା କରିଥିଲ। ସେମାନଙ୍କ ମଧ୍ୟରୁ କଣ୍ଟାବାଞ୍ଜି ଥାନା ଚଟୁଅନକା ଗ୍ରାମର ଅବତାର ଓରଫ ହିମାଂଶୁ ପୁଟେଲ (୨୩)ଙ୍କ ସହ ଅନ୍ୟ ୩ ଜଣ ଚୋରି କରିଥିବା ସ୍ୱୀକାର କରିଥିଲେ। ଏହାପରେ ପୋଲିସ ବେଲପଡ଼ା ଥାନା ଲଥାକେନ୍ଦ ଗ୍ରାମର ସନ୍ତୋଷ ପୁଞ୍ଜି(୩୫), ହିମାଂଶୁ ପୁଟେଲ ଓ ଅନ୍ୟ ୨ ଜଣଙ୍କୁ ଗିରଫ କରିଛି। ସେମାନଙ୍କ ସୂଚନା ଆଧାରରେ ପୋଲିସ ଦେଓଗାଁ ଥାନା ଡୁମେରପିଟାର ଜଣେ ବ୍ୟକ୍ତିଙ୍କ ଘରେ ଚଢାଉ କରି ବୋଲେରୋ ସହ ତେଲ ଟିଣ ଓ ଚୋରି ଯାଇଥିବା ନଗଦ ଟଙ୍କା କଣ୍ଟାବାଞ୍ଜି ବଜାରପଡ଼ାରୁ ଜବତ କରିଥିଲା । ଏ ନେଇ କଣ୍ଟାବାଞ୍ଜି ଥାନାରେ ନଂ. ୩୧୫/୨୦୨୫ ଓ ନଂ. ୩୪୭/୨୦୨୫ରେ ମାମଲା ରୁଜୁ କରି ପୋଲିସ ଅଧିକ ତଦନ୍ତ ଚଳାଇଛି।

# ଦୁର୍ବୃତ୍ତଙ୍କ ଗୁଳିରେ ଗୋରୁ ବ୍ୟବସାୟୀ ମୃତ

ବାରିପଦା,୯।୧୧(ନୀଳାଦ୍ରି ବିହାରୀ ଦଣ୍ଡପାଟ)

ମୟୂରଭଞ୍ଜ ଜିଲା ଘାଗରବେଢ଼ା ଥାନା କେନ୍ଦୁଆ ଅଞ୍ଚଳରେ ଦୁର୍ବୃତ୍ତଙ୍କ ଗୁଳିମାଡ଼ରେ ଜଣେ ଗୋରୁ ବ୍ୟବସାୟୀଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ କଳନ୍ଦା ଗ୍ରାମର ହାରା ମହାନ୍ତ। ଦୁର୍ବୃତ୍ତମାନେ ତାଙ୍କଠାରୁ ଲକ୍ଷାଧିକ ଟଙ୍କା ଲୁଟି ନେଇ ଫେରାର ହୋଇଯାଇଛନ୍ତି। ଖବରପାଇ ପୋଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଜାରି ରଖିଛି। ସୂଚନାଯୋଗ୍ୟ, ବ୍ୟବସାୟୀ ଜଣକ ରବିବାର ଅଙ୍ଗାରପଦା ସାପ୍ତାହିକ ହାଟକୁ ବଳଦ କିଣିବାକୁ ଆସିଥିଲେ। ଦୁର୍ବୃତ୍ତମାନେ ତାଙ୍କୁ ପିଛା କରି କେନ୍ଦୁଆ ନିକଟରେ ଟଙ୍କା ଛଡ଼ାଇନେବାକୁ ଉଦ୍ୟମ କରିଥିଲେ। ବ୍ୟବସାୟୀ ଜଣକ ଏହାକୁ ପ୍ରତିରୋଧ କରିବାରୁ ଦୁର୍ବୃତ୍ତମାନେ ତାଙ୍କ ଉପରକୁ ଗୁଳି ଚଳାଇଥିଲେ। ଫଳରେ ଘଟଣାସ୍ଥଳରେ ତାଙ୍କର ମୃତ୍ୟୁ ଘଟିଥିଲା। ପରେ ଦୁର୍ବୃତ୍ତମାନେ ତାଙ୍କ ପାଖରେ ଥିବା ଲକ୍ଷାଧିକ ଟଙ୍କା ଲୁଟିନେଇ ପଳାଇ ଯାଇଥିଲେ।

# ହୋମ୍‌ଗାର୍ଡଙ୍କୁ ଆକ୍ରମଣ, ବାଇକ୍ ଜାଳିଦେଲେ

ଭଞ୍ଜନଗର,୯।୧୧(ବାବୁଲା ପ୍ରଧାନ)



ଜଳୁଥିବା ବାଇକ୍ ।

ଗଞ୍ଜାମ ଜିଲା ଭଞ୍ଜନଗର ଥାନାରେ କାର୍ଯ୍ୟରତ ହୋମ୍‌ଗାର୍ଡ ଗଜେନ୍ଦ୍ର ନାୟକଙ୍କୁ ରବିବାର ତାଙ୍କ ଗ୍ରାମର ଜଣେ ଯୁବକ ଆକ୍ରମଣ କରିବା ସହ ବାଇକ୍ ଜାଳି ଦେଇଥିବା ଅଭିଯୋଗ ହୋଇଛି। ଏ ନେଇ ଥାନାରେ ଅଭିଯୋଗକ୍ରମେ ପୋଲିସ ଏକ ମାମଲା ରୁଜୁ କରି ଅଭିଯୁକ୍ତ ସାନକଦଣ୍ଡା ପଞ୍ଚାୟତ ସମାପଲ୍ଲ ଗ୍ରାମର ଜିତୁ ନାୟକଙ୍କୁ ଅଟକ ରଖି ପଚରାଉଚରା ଚଳାଇଛି। ହୋମ୍‌ଗାର୍ଡ଼ ଗଜେନ୍ଦ୍ର ନିଜ ଗ୍ରାମ ସମାପଲ୍ଲରୁ ଥାନାକୁ ଡ୍ୟୁଟି କରିବାକୁ ଆସୁଥିଲେ। ଏହି ସମୟରେ ଜିତୁଙ୍କ ବାଇକ ସହ ତାଙ୍କ ବାଇକ୍ ଧକ୍କା ହୋଇଥିଲା। ଏହାକୁ ନେଇ ଉଭୟଙ୍କ ମଧ୍ୟରେ ଯୁକ୍ତିତର୍କ ହୋଇଥିଲା। ପରେ ଜିତୁ ଗଜେନ୍ଦ୍ରଙ୍କୁ ଆକ୍ରମଣ କରିବା ସହ ତାଙ୍କ ବାଇକ୍‌ରେ ନିଆଁ ଲଗାଇ ଦେଇଥିଲେ।

## Business

# ପିଲାଙ୍କ ପାଇଁ ଚାନ୍ଦି ଭଣ୍ଡାରର 'ଟ୍ରେଜର୍ସ' କଲେକ୍ସନ

## ଖଣ୍ଡଗିରିରେ ଖୋଲିବ ୨୫ତମ ଷ୍ଟୋର୍

ଭୁବନେଶ୍ୱର,୯।୧୧(ଅନୁରାଧା ମହାରଣା)




ଚାନ୍ଦିଭଣ୍ଡାର ପକ୍ଷରୁ ପୁରୁଷଙ୍କ ପାଇଁ ସ୍ୱତନ୍ତ୍ର କଲେକ୍ସନ 'ଅମୋଘ' ଏବଂ ମହିଳାଙ୍କ ପାଇଁ ଏକାଧିକ ଗହଣା କଲେକ୍ସନର ଚାହିଦା ବଢୁଥିବାବେଳେ ପିଲାଙ୍କ ପାଇଁ 'ଟେଜର୍ସ'ର ଉନ୍ମୋଚନ କରାଯାଇଛି। ରବିବାର ସ୍ଥାନୀୟ ଏକ ହୋଟେଲରେ ଅନୁଷ୍ଠିତ ଖରଦାତା ସମ୍ମିଳନୀରେ ଚାନ୍ଦିଭଣ୍ଡାର ନିର୍ଦ୍ଦେଶିକା ଲିପସା ହଂସ ଏବଂ ନିର୍ଦ୍ଦେଶକ ମାଣିକ୍ ହଂସ 'ଟ୍ରେଜରସ୍' ସମ୍ପର୍କରେ ବିସ୍ତୃତ ବିବରଣୀ ଦେଇଛନ୍ତି। ଲିପ୍‌ସା କହିଛନ୍ତି, ଏହି କଲେକ୍ସନରେ ପିଲାଙ୍କ ପାଇଁ ରୁପା ଆଙ୍କଲେଟ୍, ଲକେଟ୍, ଚୁଡ଼ି, ଖଡୁ, ନେକ୍‌ଚେନ୍ ସହ ଅନେକ ଉତ୍ପାଦ ରହିଛି। ସବୁଜ ରଙ୍ଗ ଅଭିବୃଦ୍ଧିର ସଙ୍କେତ ହୋଇଥିବାରୁ ଏହି କଲେକ୍ସନର ଥିମ ସବୁଜ ରଖାଯାଇଛି। ଶିଶୁମାନଙ୍କୁ ଉପହାରରେ ଦେବା ପାଇଁ ଏହି ସବୁ ଉତ୍ପାଦ ଖୁବ୍ ମନଲାଖି ହେବ ବୋଲି ଲିପ୍‌ସା କହିଛନ୍ତି। ୧୩ ଓ ୧୪ ତାରିଖରେ ଗହଣା ଗଢ଼ା ମଜୁରି ଉପରେ ଫ୍ଲାଟ୍ ୩୦% ରିହାତି ଘୋଷଣା କରାଯାଇଛି। ମାଣିକ୍ କହିଛନ୍ତି, ଶିଶୁଙ୍କୁ ଖେଳନା ଉପହାର ଦେଲେ ତାହା କିଛି ଦିନ ବ୍ୟବହାର ଯୋଗ୍ୟ ହୋଇଥାଏ ମାତ୍ର 'ଟ୍ରେଜରସ୍' କଲେକ୍ସନ ଗହଣା ଉପହାର ଦେଲେ ଏହାକୁ ପିଢ଼ି ପରେ ପିଢ଼ି ଶିଶୁମାନେ ବ୍ୟବହାର କରିପାରିବେ। ଶିଶୁମାନେ ଘରର ଅମୂଲ୍ୟ ସମ୍ପଦ ହୋଇଥିବାରୁ ଏହି କଲେକ୍ସନର ଏପରି ନାମ ଦିଆଯାଇଥିବା ସେ କହିଛନ୍ତି। ତେବେ ଚାନ୍ଦି ଭଣ୍ଡାର ବର୍ଷକ ମଧ୍ୟରେ ଜାତୀୟସ୍ତରର ବ୍ରାଣ୍ଡ ଭାବେ ପରିଚୟ ସୃଷ୍ଟି କରିବାକୁ ପ୍ରସ୍ତୁତ ଥିବା ସେ କହିଛନ୍ତି। ଏହାସହ ଖୁବଶୀଘ୍ର ଚାନ୍ଦିଭଣ୍ଡାରର ୨୫ତମ ଷ୍ଟୋର ଖଣ୍ଡଗିରିରେ ଖୋଲିବା ନେଇ ସୂଚନା ଦିଆଯାଇଛି।

# କ୍ରେଡାଇ ଭୁବନେଶ୍ୱରର ନୂଆ ପରିଚାଳନା କମିଟି ଗଠିତ

ଭୁବନେଶ୍ୱର,୯।୧୧

କନ୍‌ଫେଡେରେଶନ ଅଫ୍ ରିଅଲ ଇଷ୍ଟେଟ ଡେଭଲପର୍ସ ଆସୋସିଏଶନ୍‌ସ ଅଫ୍ ଇଣ୍ଡିଆ (କ୍ରେଡାଇ)ର ଭୁବନେଶ୍ୱର ଚାପ୍ଟର ପକ୍ଷରୁ ୨୦୨୫-୨୭ ଅବଧି ପାଇଁ ନୂଆ ପରିଚାଳନା କମିଟି ଗଠନ କରାଯାଇଛି। ରିଟର୍ନିଂ ଅଫିସର ମଧୁ ମହାନ୍ତି ଓ ମହମ୍ମଦ ମୋକିମଙ୍କ ତତ୍ତ୍ୱାବଧାନରେ ଏହି ନିର୍ବାଚନ ପ୍ରକ୍ରିୟା ଶନିବାର ହୋଇଥିଲା। ଚୟନ ପ୍ରକ୍ରିୟାରେ ଅଧ୍ୟକ୍ଷ ଭାବେ ଶେଖ୍ ମୈରାଜୁଲ ହକ୍, ଉପାଧ୍ୟକ୍ଷ ମନୋଜ କୁମାର ସାହୁ ଓ ଶରତ କୁମାର ସାହୁ, ସଚିବ କଳିଙ୍ଗ କେଶରୀ ରଥ, ଯୁଗ୍ମ ସଚିବ ନାଭାଲ ମହାଜନ ଓ ସୌଭାଗ୍ୟ ସୁନ୍ଦର ରାଉତରାୟ, ମାନୋନୀତ ହୋଇଥିବାବେଳେ କୋଷାଧ୍ୟକ୍ଷ ଭାବେ ମନମୋହନ ଅଗ୍ରୱାଲ, କାର୍ଯ୍ୟନିର୍ବାହୀ ସଦସ୍ୟ ଅଶ୍ୱିନୀ କୁମାର ପାଢୀ, ମାନସ କୁମାର ବେହେରା, ଆଦିତ୍ୟ ଦାସ ଏବଂ ଅଭୟ କୁମାର ପଣ୍ଡା ରହିଛନ୍ତି। ନିର୍ବାଚନର ଫଳାଫଳ ଘୋଷଣା ଅବସରରେ କ୍ରେଡାଇର ଜାତୀୟ ଉପାଧ୍ୟକ୍ଷ ଏବଂ କ୍ରେଡାଇ ଓଡ଼ିଶା ଅଧ୍ୟକ୍ଷ ସ୍ୱଦେଶ କୁମାର ରାଉତରାୟ ଏବଂ କ୍ରେଡାଇ ଓଡ଼ିଶା ସଚିବ ଅନିଲ କୁମାର ଅଗ୍ରୱାଲ ଉପସ୍ଥିତ ଥିଲେ। ନବନିର୍ବାଚିତ ଅଧ୍ୟକ୍ଷ ଶେଖ୍ ମୈରାଜୁଲ ହକ୍‌ଙ୍କ ନେତୃତ୍ୱ ଅଧୀନରେ ନୂଆ ପରିଚାଳନା କମିଟି ଭୁବନେଶ୍ୱରରେ ରିଅଲ ଇଷ୍ଟେଟ କ୍ଷେତ୍ର ପାଇଁ ଏକ ପ୍ରଗତିଶୀଳ ଦୃଷ୍ଟିକୋଣର ରୂପରେଖ ପ୍ରସ୍ତୁତ କରିଥିବା କୁହାଯାଇଛି।

# କିଟ୍ ମ୍ୟାନେଜମେଣ୍ଟ ସ୍କୁଲ ପକ୍ଷରୁ 'ଶିଳ୍ପ ସିମ୍ପୋଜିମ ୫.୦'

ଭୁବନେଶ୍ୱର,୯।୧୧(ଅନୁରାଧା ମହାରଣା)



ଏସ.ଏନ. ସୁବ୍ରମଣ୍ୟମ

କିଟ୍ ମ୍ୟାନେଜମେଣ୍ଟ ସ୍କୁଲ ପକ୍ଷରୁ ରବିବାର 'ଶିଳ୍ପ ସିମ୍ପୋଜିମ ୫.୦' ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ଲାର୍ସନ ଆଣ୍ଡ ଟୁବ୍ରୋ (ଏଲ୍‌ଆଣ୍ଡଟି) ଅଧ୍ୟକ୍ଷ ଓ ପରିଚାଳନା ନିର୍ଦ୍ଦେଶକ ଏସ୍. ଏନ୍. ସୁବ୍ରମଣ୍ୟମ ଯୋଗଦେଇଥିଲେ। ଛାତ୍ରୀଛାତ୍ରଙ୍କୁ ପରାମର୍ଶ ଦେଇ ସୁବ୍ରମଣ୍ୟମ କହିଛନ୍ତି, ସ୍ୱପ୍ନ ଦେଖ, ନମ୍ର ରୁହ ଓ ନିଜର ୩୫ ବର୍ଷ ବୟସ ହେବା ପୂର୍ବରୁ କିଛି ସଫଳତା ହାସଲ କରି ଦେଖାଅ। ସବୁଜ ହାଇଡ୍ରୋଜେନ ବିପ୍ଳବ, କୃତ୍ରିମ ବୁଦ୍ଧିମତ୍ତା ଓ ଇଭି ରୂପାନ୍ତରଣରୁ ସୃଷ୍ଟି ହେଉଥିବା ସୁଯୋଗଗୁଡ଼ିକ ହାସଲ କରିବା ଉପରେ ଗୁରୁତ୍ୱ ଦେଇଛନ୍ତି। ଏହାସହ ନବୀକରଣ ଯୋଗ୍ୟ ଶକ୍ତି, କୃତ୍ରିମ ବୁଦ୍ଧିମତ୍ତା ଓ ସ୍ଥାୟୀ ପ୍ରଯୁକ୍ତିବିଦ୍ୟା ଦ୍ୱାରା ଆବୃତ୍ତ ରୂପାନ୍ତରିତ ଶିଳ୍ପ ଦୃଶ୍ୟପଟ ଉପରେ ସେ ଆଲୋକପାତ କରିଥିଲେ। ଭବିଷ୍ୟତକୁ ଆକାର ଦେଉଥିବା ପ୍ରମୁଖ ବିଶ୍ୱ ପରିବର୍ତ୍ତନ ଉପରେ ଆଲୋକପାତ କରି ସେ କହିଲେ, ସୌର ଏବଂ ସବୁଜ ହାଇଡ୍ରୋଜେନ ବିପ୍ଳବରୁ କୃତ୍ରିମ ବୁଦ୍ଧିମତ୍ତା ଏବଂ ଇଭି ରୂପାନ୍ତର ହେଉଛି। ୟୁଏଇ ଭଳି ଦେଶଗୁଡ଼ିକ ପୂର୍ବରୁ ନବୀକରଣଯୋଗ୍ୟ ଶକ୍ତି କ୍ଷେତ୍ରରେ ଗୁରୁତ୍ୱପୂର୍ଣ୍ଣ ସଫଳତା ହାସଲ କରୁଛନ୍ତି। ଆବୁଧାବିର ସମ୍ପୂର୍ଣ୍ଣ ଶକ୍ତି ବ୍ୟାଟେରି ସିଷ୍ଟମ ଦ୍ୱାରା ପରିଚାଳିତ ବୋଲି ସେ ସୂଚନା ଦେଇଥିଲେ। ସେ ଛାତ୍ରୀଛାତ୍ରମାନଙ୍କୁ ଏଆଇ, ଇଭି ଓ ସବୁଜ ଶକ୍ତିରେ ଦେଖାଦେଉଥିବା ବିଶାଳ ସୁଯୋଗର ଅନୁସନ୍ଧାନ କରିବାକୁ ଆହ୍ୱାନ କରିଥିଲେ। କର୍ପୋରେଟ ଜ୍ଞାନ ଏବଂ ବ୍ୟକ୍ତିଗତ ପରାମର୍ଶକୁ ମିଶ୍ରଣ କରି ସୁବ୍ରମଣ୍ୟମ ଛାତ୍ରୀଛାତ୍ରଙ୍କୁ ଦୃଢ଼ ରହିବା ଏବଂ ସେମାନଙ୍କର ମୂଳକୁ ମୂଲ୍ୟ ଦେବା ପାଇଁ ପରାମର୍ଶ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ କିଟ୍ ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ଶରଣଜିତ ସିଂହ, କୁଳସଚିବ ପ୍ରଫେସର ଜ୍ଞାନ ରଞ୍ଜନ, କିଟ୍ ସ୍କୁଲ ଅଫ ମ୍ୟାନେଜମେଣ୍ଟ ନିର୍ଦ୍ଦେଶକ ଡ. କୁମାର ମହାନ୍ତି ଏବଂ ଅନ୍ୟାନ୍ୟ ବିଶିଷ୍ଟ ବ୍ୟକ୍ତି ଉପସ୍ଥିତ ଥିଲେ। ପୂର୍ବାହ୍ନରେ ସେ କିଟ୍ ଓ କିସ୍ କ୍ୟାମ୍ପସ ପରିଦର୍ଶନ କରିବା ସହିତ କିସ ଛାତ୍ରୀଛାତ୍ରଙ୍କ ସହ ଦୀର୍ଘ ସମୟ ଅତିବାହିତ କରିଥିଲେ। କିସ ଜରିଆରେ ହଜାର ହଜାର ଜନଜାତିଛାତ୍ରୀଛାତ୍ରଙ୍କୁସଶକ୍ତ କରିବା ଦିଗରେ କିଟ୍ ଓ କିସ୍ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତଙ୍କ ଉଦ୍ୟମକୁ ସେ ପ୍ରଶଂସା କରିଥିଲେ।

ପୂର୍ବ ତଟ ରେଳପଥ

ଟେଣ୍ଡର ବିଜ୍ଞପ୍ତି ସଂ. ST-OT-TELE-AM-HQ-BBS-514, ତା.31.10.2025ରିଖ

କାର୍ଯ୍ୟର ନାମ : ବାର ମାସ ସମୟାବଧି ନିମନ୍ତେ ସହାୟକ ସଙ୍କେତ ଏବଂ ଦୂରସଂଚାର ଯନ୍ତ୍ରୀ (ASTE) / TM / ମୁଖ୍ୟାଳୟ / ଭୁବନେଶ୍ୱର ଅଧୀନସ୍ଥ ସିନିୟର ସେକ୍ସନ ଇଂଜିନିୟର / ଦୂରସଂଚାର / ମୁଖ୍ୟାଳୟର ଟେଲି ଗିଅର୍ସ ସମ୍ବନ୍ଧୀୟ ସେକ୍ସନରେ ଗତିବିଧି ଆଧାରିତ ଭୁବନେଶ୍ୱର ସହରାଞ୍ଚଳ, ଭୁବନେଶ୍ୱର ରେଳ ଷ୍ଟେସନ ଇତ୍ୟାଦିରେ ଯେକୌଣସି କାର୍ଯ୍ୟକ୍ରମ, ରେଳ ବିହାର, ରେଳ କୁଞ୍ଜ, ରେଳ କୁଟୀର, ମଞ୍ଚେଶ୍ୱର ଏବଂ ରେଳ ଆୱାସ କଲୋନୀ ସ୍ଥିତ ଆବାସିକ କ୍ୱାର୍ଟର ଏବଂ ରେଳ ସଦନ, ରେଳ ବିହାର, ରେଳ ଡବା ମରାମତି କାରଖାନା/ମଞ୍ଚେଶ୍ୱର, କେନ୍ଦ୍ରୀୟ ଚିକିତ୍ସାଳୟ / ମଞ୍ଚେଶ୍ୱର, GSD ଡିପୋ ମଞ୍ଚେଶ୍ୱର ଅଞ୍ଚଳ ଠାରେ ପୂର୍ବ ତଟ ରେଳପଥର ମୁଖ୍ୟାଳୟ କାର୍ଯ୍ୟାଳୟଗୁଡ଼ିକ ନିମନ୍ତେ ବର୍ଷ 2025-26 (ବହିଃସ୍ରୋତ ଏଜେନ୍ସି ଦ୍ୱାରା ବ୍ରେକ୍ ଡାଉନ୍ ସ୍ଥଳରେ ଉପସ୍ଥିତ ହେବା ଏବଂ ଦୂରସଂଚାର ଆସେଟ୍‌ର କାର୍ଯ୍ୟସୂଚୀ ରକ୍ଷଣାବେକ୍ଷଣ, ଦୂରସଂଚାର କାର୍ଯ୍ୟଗୁଡ଼ିକର ସମ୍ପାଦନ ଏବଂ ଗୁରୁତ୍ୱପୂର୍ଣ୍ଣ ଦୂରସଂଚାର ସାମଗ୍ରୀଗୁଡ଼ିକର ଯୋଗାଣ) ପାଇଁ ମୁଖ୍ୟାଳୟ, ଭୁବନେଶ୍ୱର ଠାରେ ଦୂରସଂଚାର ଆସେଟ୍ (Assets)ଗୁଡ଼ିକର ରକ୍ଷଣାବେକ୍ଷଣ।

ଟେଣ୍ଡର ମୂଲ୍ୟ (₹): 1,92,74,747.05, EMD (₹) : 2,46,400.00

ବିଡ୍ ଆରମ୍ଭ ହେବା ତାରିଖ : ତା.10.11.2025ରିଖ,

ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ : ତା. 24.11.2025 ରିଖ 1100 ଘଟିକାରେ।

ଏହି ଇ-ଟେଣ୍ଡରଗୁଡ଼ିକ ନିମନ୍ତେ ଡାକ/କୋରିୟର/ଫାକ୍ସ ଜରିଆରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ମାନୁଆଲ ପ୍ରସ୍ତାବ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ। ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ।
ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ନଥିପତ୍ର ସହିତ ୱେବ୍‌ସାଇଟ୍ https://www.ireps.gov.in ରେ ଉପଲବ୍ଧ ଅଟେ।

ଦ୍ରଷ୍ଟବ୍ୟ : ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ/ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15 (ପନ୍ଦର) ଦିନ ପୂର୍ବରୁ ୱେବ୍‌ସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି।

ମଣ୍ଡଳ ରେଳ ପ୍ରବନ୍ଧକ (ସଂକେତ ଏବଂ ଦୂରସଂଚାର), ଖୋର୍ଦ୍ଧା ରୋଡ୍
PR-772/Q/25-26

# ଭାରତ ମସଲା ଷ୍ଟଲରେ ଜମୁଛି ଭିଡ଼

ଭୁବନେଶ୍ୱର,୯।୧୧ (ଅନୁରାଧା ମହାରଣା)




ବାଲିଯାତ୍ରାରେ ଭାରତ ମସଲାର ୪ଟି ଷ୍ଟଲରେ ଗ୍ରାହକଙ୍କ ପ୍ରବଳ ଭିଡ଼ ଜମୁଛି। କମ୍ପାନୀ ପକ୍ଷରୁ ନିଶ୍ଚିତ ଉପହାର ଯୋଜନାରେ ରୁପା କଏନଠାରୁ ଆରମ୍ଭ କରି କମ୍ବଳ ଓ କ୍ରମ୍ପଟନ କମ୍ପାନୀର ସିଲିଂ ପଙ୍ଖା ପର୍ଯ୍ୟନ୍ତ ମସଲା କ୍ରୟ ଉପରେ ପ୍ରତ୍ୟେକ ଗ୍ରାହକଙ୍କୁ ନିଶ୍ଚିତ ଉପହାର ସ୍ୱରୂପ ପ୍ରଦାନ କରାଯାଉଛି। ବାଲିଯାତ୍ରାର ମୁଖ୍ୟ ପୃଷ୍ଠପୋଷକ ଥିବା ଭାରତ ମସଲା କମ୍ପାନୀ ଗୃହିଣୀମାନଙ୍କ ପାଇଁ ଖୁବ୍ ପସନ୍ଦ ହୋଇଛି। ଗ୍ରାହକ ମାନଙ୍କୁ ଲକି ଡ୍ର କୁପନ ଦେଇ କମ୍ପାନୀ ସେମାନଙ୍କୁ ଭାଗ୍ୟଶାଳୀ ବିଜେତାଙ୍କୁ ପୁରସ୍କୃତ କରୁଥିବାବେଳେ ତୃତୀୟ ଦିନର ଲକି ଡ୍ର ଭାଗ୍ୟଶାଳୀ ବିଜେତାଙ୍କ ମଧ୍ୟରେ ଚାଉଳିଆଗଞ୍ଜ କଟକର ସମ୍ପିତ ପୃଷ୍ଟି ପ୍ରଥମ ବିଜେତା ହୋଇଛନ୍ତି। ମୁଖ୍ୟ ଅତିଥି ତଥା ଭାରତ ମସଲାର ପରିଚାଳନା ନିର୍ଦ୍ଦେଶକ ସୁଶାନ୍ତ କୁମାର ପଣ୍ଡାଙ୍କଠାରୁ ସମ୍ପିତ ପୁରସ୍କାର ସ୍ୱରୂପ ମାଇକ୍ରୋ ଓଭନ ଗ୍ରହଣ କରିଥିଲେ। ୨ୟ ବିଜେତା ଢିଅସାହି ଜଗତ୍‌ସିଂପୁରର ପ୍ରତାପ କୁମାର ସାହୁ ରେସିଙ୍ଗ ବାଇ ସାଇକେଲ। ୩ୟ ବିଜେତା ସାମନ୍ତ ସାହି କଟକର କମଳ ପ୍ରଧାନଙ୍କୁ ବାଉଲ ସେଟ, ସ୍ୱାନ୍ତନାମୂଳକ ବିଜେତା ତଳସରା ଗଞ୍ଜାମ ରଞ୍ଜନ କୁମାର ଜେନାଙ୍କୁ ଫ୍ରାଇଙ୍ଗ ପ୍ୟାନ୍ ପୁରସ୍କାର ସ୍ୱରୂପ ପ୍ରଦାନ କରାଯାଇଥିଲା। କାର୍ଯ୍ୟକ୍ରମରେ ପ୍ରତିଷ୍ଠାତା ଅଧ୍ୟକ୍ଷ ସୁରେନ୍ଦ୍ର ନାଥ ପଣ୍ଡା, ନିର୍ଦ୍ଦେଶକ ଶ୍ରୀମନ୍ତ କୁମାର ପଣ୍ଡା, ଦିଗନ୍ତ କୁମାର ପଣ୍ଡା, ଆଶୁତୋଷ ପଣ୍ଡା, ଏସ୍‌ଏନ୍ ମିଲେନିୟମର ଜିଏମ୍ ଅପରେଶନ ଅରୁଣ କୁମାର ନାୟକ, ଜିଏମ୍ ପ୍ରଡକ୍ସନ ନବକୃଷ୍ଣ ପ୍ରଧାନ ପ୍ରମୁଖ ଉପସ୍ଥିତ ଥିଲେ।

# ଭାରତରେ କ୍ରେଡିଟ କାର୍ଡ ଖର୍ଚ୍ଚରେ ୨୩% ବୃଦ୍ଧି

ଭୁବନେଶ୍ୱର,୯।୧୧(ଅନୁରାଧା ମହାରଣା)

ଭାରତରେ ଡିଜିଟାଲ ପେମେଣ୍ଟର ଟ୍ରେଣ୍ଡ ଜାରି ରହିଛି। ୨୦୨୫ ସେପ୍ଟେମ୍ବର ସୁଦ୍ଧା କ୍ରେଡିଟ କାର୍ଡ ଖର୍ଚ୍ଚ ୨୩% ବଢ଼ି ୨.୧୭ ଲକ୍ଷ କୋଟି ଟଙ୍କାକୁ ପହଞ୍ଚିଛି। ଅଗଷ୍ଟ ତୁଳନାରେ ୧୩% ଅଧିକ ଖର୍ଚ୍ଚ ହୋଇଛି। ଦେଶରେ ସକ୍ରିୟ କ୍ରେଡିଟ କାର୍ଡ ସଂଖ୍ୟା ୧୧.୩ କୋଟିକୁ ବୃଦ୍ଧି ପାଇଛି । ଗତବର୍ଷ ଏହା ୧୦.୬ କୋଟି ରହିଥିଲା। ପ୍ରାଇଭେଟ ବ୍ୟାଙ୍କର ମାର୍କେଟ ଶେୟାର ୭୪.୨%କୁ ଖସିଆସିଛି, ହେଲେ ସରକାରୀ ବ୍ୟାଙ୍କ (ପିଏସ୍‌ବି) ୨୦%ରୁ ଅଧିକ ଅଂଶଗ୍ରହଣ କରିଛନ୍ତି। ଟିଅର୍-୨ ଓ ଟିଅର୍-୩ ସହରରେ ସରକାରୀ ବ୍ୟାଙ୍କର ଗ୍ରାହକଙ୍କ ଖର୍ଚ୍ଚ ୩୦% ବଢ଼ିଛି। ପ୍ରତି କାର୍ଡର ହାରାହାରି ଖର୍ଚ୍ଚ ୧୯,୧୪୪ ଟଙ୍କା ରହିଛି, ଯାହାକି ଗତମାସ ତୁଳନାରେ ୧୨.୨% ଅଧିକ। ପ୍ରାଇଭେଟ୍ ବ୍ୟାଙ୍କ ଗ୍ରାହକ ୨୦,୦୧୧ଟଙ୍କା ଓ ସରକାରୀ ବ୍ୟାଙ୍କ ଗ୍ରାହକ ୧୬,୯୨୭ ଟଙ୍କା ଖର୍ଚ୍ଚ କରିଛନ୍ତି। ପାର୍ବଣ ଋତୁ, ଆକର୍ଷଣୀୟ ରିହାତି ଓ ଡିଜିଟାଲ ପେମେଣ୍ଟର ବଢୁଥିବା ଧାରା ଏହି ବୃଦ୍ଧିର ମୁଖ୍ୟ କାରଣ। ବିଶେଷଜ୍ଞମାନେ ଆଗକୁ ଆହୁରି ଦୃଢ଼ ଅଭିବୃଦ୍ଧି ଆଶା କରୁଛନ୍ତି।

ACHARYA HARIHAR SISHU BHAWAN
(CHILDREN'S HOME)
AT/PO- SAKHIGOPAL, PURI (ODISHA), 752014

Advertisement

Applications are invited from the interested eligible candidates for filling up the vacant post of "PT instructor cum Yoga Trainer" in the Child Care Institution under Mission Vatsalya scheme. The post is purely temporary and contractual in nature. Details of advertisement is available in the website : www.ahsbchildcare.org.in. The candidates should upload their application online through above mentioned website in the "career" page and submit the printed and self-attested hard copy of application and its enclosures to the address -SECRETARY, ACHARYA HARIHAR SISHU BHAWAN (CCI), AT/PO-SAKHIGOPAL, DIST : PURI-752014 on/before 27.11.2025 by 5.00 P.M. positively through speed post /registered post only.

Sd./- Secretary
Acharya Harihar Sishu Bhawan
Sakhigopal

# ଦେଶ ଗଠନରେ ଯୁବକମାନଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ

### ଏନ୍‌ଏସ୍‌ଏସ୍ ନେତୃତ୍ୱ ପ୍ରଶିକ୍ଷଣ ଶିବିର ଉଦ୍‌ଘାଟିତ



ପ୍ରଶିକ୍ଷଣ ଶିବିରରେ ଯୋଗଦେଇଥିବା ଅତିଥିବୃନ୍ଦ।

ଢେଙ୍କାନାଳ,୯।୧୧(ରତନ ନାୟାର)

ଢେଙ୍କାନାଳ ସ୍ୱୟଂଶାସିତ ମହାବିଦ୍ୟାଳୟର ଏନ୍‌ଏସ୍‌ଏସ ଶାଖା ଆନୁକୂଲ୍ୟରେ ଉତ୍କଳ ବିଶ୍ୱବିଦ୍ୟାଳୟ ଦ୍ୱାରା ପ୍ରାୟୋଜିତ ତିନିଦିନିଆ ଜିଲାସ୍ତରୀୟ ସ୍ୱେଚ୍ଛାସେବୀ ନେତୃତ୍ୱ ଓ ପ୍ରଶିକ୍ଷଣ ଶିବିର ଶନିବାର ଉଦ୍‌ଘାଟିତ ହୋଇଯାଇଛି। ପୂର୍ବାହ୍ନରେ ରାଜ୍ୟ ଏନ୍‌ଏସ୍‌ଏସ୍ ଶାଖାର ଆଞ୍ଚଳିକ ନିର୍ଦ୍ଦେଶିକା ସରିତା ପଟେଲ୍ ଏନ୍‌ଏସ୍‌ଏସ୍ ପତାକା ଉତ୍ତୋଳନ କରି ଶିବିରକୁ ଉଦ୍‌ଘାଟନ କରି ଦେଶ ଗଠନରେ ଯୁବକମାନଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ ବୋଲି କହିଥିଲେ। ସ୍ୱେଚ୍ଛାସେବୀମାନେ ସମାଜସେବା ପ୍ରତି ଆଗେଇ ଆସିବାକୁ ଆହ୍ୱାନ ଦେଇଥିଲେ। ଏହି ପ୍ରଶିକ୍ଷଣ ଶିବିର ସ୍ୱେଚ୍ଛାସେବୀଙ୍କ ଭିତରେ ନେତୃତ୍ୱ ଦକ୍ଷତାକୁ ବହୁଗୁଣିତ କରିବ ବୋଲି ଶିବିର ନିର୍ଦ୍ଦେଶକ ତଥା ମହାବିଦ୍ୟାଳୟର ଅଧ୍ୟକ୍ଷ ଡ. ପୂର୍ଣ୍ଣଚନ୍ଦ୍ର ବରାଳ ମତବ୍ୟକ୍ତ କରିଥିଲେ। ପ୍ରଶିକ୍ଷଣ ଶିବିର ସଂଯୋଜକ ଡ. ରବର୍ଟ ଉଇଲ୍‌ସନ୍ ଭାତ୍ରା ଅତିଥି ପରିଚୟ ପ୍ରଦାନ କରିବା ସହ କାର୍ଯ୍ୟକ୍ରମର ଉଦ୍ଦେଶ୍ୟ ସମ୍ପର୍କରେ ଆଲୋକପାତ କରିଥିଲେ। ମହାବିଦ୍ୟାଳୟର ପ୍ରଶାସନିକ ଅଧିକାରୀ ଡ. ବିଭୁଦତ୍ତ ଦାଶ ସ୍ୱେଚ୍ଛାସେବୀଙ୍କୁ ଦେଶ ଗଠନରେ ପ୍ରମୁଖ ଭାଗିଦାରୀ ହେବାକୁ ପରାମର୍ଶ ଦେଇଥିଲେ । ଢେଙ୍କାନାଳ ଜିଲା ଏନ୍‌ଏସ୍‌ଏସ୍ କାର୍ଯ୍ୟକ୍ରମ ଅଧିକାରୀ ଡ. ଦେବରାଜ ପରିଡ଼ା ସେବାକୁ ଜୀବନର ବ୍ରତ ଭାବେ ଗ୍ରହଣ କରିବାକୁ ପରାମର୍ଶ ଦେଇଥିଲେ। ଅଧ୍ୟାପିକା ବିଦୁଷୀ ମଧୁସ୍ମିତା ଧନ୍ୟବାଦ ଅର୍ପଣ କରିଥିଲେ। ସଭାକୁ ଓଡ଼ିଆ ବିଭାଗ ଅଧ୍ୟାପକ ରଶ୍ମିରଞ୍ଜନ ନାୟକ ସଂଯୋଜନା କରିଥିଲେ । ଅପରାହ୍ନ ଅଧିବେଶନରେ ରାଜ୍ୟ ଏନ୍‌ଏସ୍‌ଏସ୍ ଶାଖାର ପୂର୍ବତନ କାର୍ଯ୍ୟକ୍ରମ ସଂଯୋଜକ ଡ. ମନୋରଞ୍ଜନ ମହାନ୍ତି ଏନ୍‌ଏସ୍‌ଏସ୍‌ର ମୌଳିକ ବିଷୟ ଉପରେ ଆଲୋଚନା କରିଥିଲେ। ଜିଲା ବନଖଣ୍ଡ ଅଧିକାରୀ ସୁମିତ କୁମାର କର 'ପରିବେଶ ସୁରକ୍ଷା ଓ ଜଳବାୟୁ ପରିବର୍ତ୍ତନ ପ୍ରତିରୋଧ' ସମ୍ପର୍କରେ ଆଲୋକପାତ କରିଥିଲେ। ସନ୍ଧ୍ୟାରେ ସ୍ୱେଚ୍ଛାସେବୀମାନଙ୍କ ମଧ୍ୟରେ ବକ୍ତୃତା ପ୍ରତିଯୋଗିତା କରାଯିବା ସହିତ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଏହି ଶିବିରରେ ୧୨ଟି ମହାବିଦ୍ୟାଳୟରୁ ୧୦୦ରୁ ଊର୍ଦ୍ଧ୍ୱ ସ୍ୱେଚ୍ଛାସେବୀ ଅଂଶଗ୍ରହଣ କରିଥିଲେ।

# ୧ରୁ ଚତୁର୍ଥ ବ୍ରାହ୍ମଣୀ ବନ୍ଦାଣ, ନାଗନାଥେଶ୍ୱର ମହୋତ୍ସବ

ଢେଙ୍କାନାଳ,୯।୧୧(ରତନ ନାୟାର)

ଢେଙ୍କାନାଳ ସଦର ବ୍ଲକ ବଣସିଂହ ଓ ଚାଉଳିଆ ପଞ୍ଚାୟତର ବଡ଼ନାଗେନାସ୍ଥିତ ଉତ୍କଳର ଦ୍ୱାଦଶ ଜ୍ୟୋତିର୍ଲିଙ୍ଗ ଶ୍ରୀଶ୍ରୀ ନାଗନାଥେଶ୍ୱର ପିଠିରେ ଚତୁର୍ଥ ବ୍ରାହ୍ମଣୀ ବନ୍ଦାଣ ଓ ନାଗନାଥେଶ୍ୱର ମହୋତ୍ସବ ଡିସେମ୍ବର ୧ରୁ ୫ ପର୍ଯ୍ୟନ୍ତ ଅନୁଷ୍ଠିତ ହେବ। ଏ ସଂକ୍ରାନ୍ତରେ ଶନିବାର ଅନୁଷ୍ଠିତ ସାଧାରଣ ବୈଠକରେ ନିଷ୍ପତ୍ତି ନିଆଯାଇଛି । ଅନୁଷ୍ଠାନର ସଭାପତି ସୁଦାମ ଚରଣ ବେହେରାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ପ୍ରସ୍ତୁତି ବୈଠକରେ ଚଳିତବର୍ଷ ମହୋତ୍ସବରେ ଆଧାତ୍ମିକ ଓ ସାଂସ୍କୃତିକ କାର୍ଯ୍ୟକ୍ରମ ଉପରେ ଅଧିକ ଗୁରୁତ୍ୱ ଦିଆଯାଇଛି । ଡିସେମ୍ବର ୧ ଅପରାହ୍ନ ୩ଟାରେ ଉତ୍ତରାୟଣୀ ଗଙ୍ଗା ଭାବରେ ଉକ୍ତ ଅଞ୍ଚଳ ମଧ୍ୟରେ ପ୍ରବାହିତ ହେଉଥିବା ବ୍ରାହ୍ମଣୀ ନଦୀର ବନ୍ଦନା କାର୍ଯ୍ୟକ୍ରମ ଓ ପରେ ସନ୍ଧ୍ୟା ୬ଟାରେ ସାଂସ୍କୃତିକ ସଭା ଏବଂ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ। ଏଥିସହିତ ମିନାବଜାର, ଜୋକି ଓ ଖାଦ୍ୟମେଳା ଆୟୋଜିତ ହେବ। ବୈଠକ ପ୍ରାରମ୍ଭରେ ଅନୁଷ୍ଠାନର ଉପଦେଷ୍ଟା ଅବନୀ କୁମାର ମିଶ୍ର କାର୍ଯ୍ୟକ୍ରମର ରୂପରେଖ ସମ୍ପର୍କରେ ଆଲୋକପାତ କରିଥିଲେ। ବରିଷ୍ଠ ଉପଦେଷ୍ଟା ଜୟନ୍ତ ହୋତା, ଡା. ଶାନ୍ତିଭୂଷଣ ପଣ୍ଡା ପ୍ରମୁଖ ନିଜର ମତ ସାବ୍ୟସ୍ତ କରିଥିଲେ । ବିକାଶ କୁମାର ରଥ, ସବ୍ୟସାଚୀ ପାଣି, ନିତ୍ୟାନନ୍ଦ ସାହୁ, ଗୋପାଳଚନ୍ଦ୍ର ଦାସ, ଜଟାଧାରୀ ବେହେରା, ଗଗନ ମହାନ୍ତି, ପ୍ରତାପ ନାୟକ, ସର୍ବେଶ୍ୱର ବ୍ରହ୍ମ, ରସାନନ୍ଦ ମହାଳିକ, ସୁଶାନ୍ତ ସାହୁ, ସାରଙ୍ଗଧର ମଲ୍ଲିକ, ରାମଚନ୍ଦ୍ର ବେହେରା, ବିଶ୍ୱନାଥ ସାହୁ ଓ ପବିତ୍ର ନାୟକ ପ୍ରମୁଖ ଆଲୋଚନାରେ ଭାଗ ନେଇଥିଲେ । ପୂର୍ବାହ୍ନରେ ବ୍ରାହ୍ମଣୀ ନଦୀରେ ଶୁଭଖୁଣ୍ଟ ସ୍ଥାପନ କରାଯାଇଥିଲା । ଅନୁଷ୍ଠାନର ସମ୍ପାଦକ ଅଶୋକ କୁମାର ପଣ୍ଡା ଧନ୍ୟବାଦ ପ୍ରଦାନ କରିଥିଲେ ।



ମହୋତ୍ସବ ପାଇଁ ପ୍ରସ୍ତୁତି ବୈଠକ ଓ ଶୁଭଖୁଣ୍ଟ ସ୍ଥାପନ କରାଯାଇଛି।

# କାମାକ୍ଷାନଗର ପୋଲିସ ପକ୍ଷରୁ ବନ୍ଦେ ମାତରମ୍ ଗାନ

କାମାକ୍ଷାନଗର,୯।୧୧(ସୁଧୀର କୁମାର ପରିଡ଼ା)

ରାଷ୍ଟ୍ରୀୟ ଗୀତ ବନ୍ଦେ ମାତରମ୍‌ର ୧୫୦ ବର୍ଷ ପୂର୍ତ୍ତି ଉପଲକ୍ଷେ ରବିବାର ସକାଳେ କାମାକ୍ଷାନଗର ପୋଲିସ ପକ୍ଷରୁ ଥାନା ସମ୍ମୁଖରେ ସାମୁହିକ ସଙ୍ଗୀତ ଗାନ କରାଯାଇଥିଲା। ଥାନାଧିକାରୀ ଆଶିଷ କୁମାର ଜେନାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଏସ୍‌ଡିପିଓ ରଜନିକାନ୍ତ ସାମଲ ସମ୍ମାନିତ ଅତିଥି ଭାବେ ଯୋଗଦେଇ ରାଷ୍ଟ୍ରୀୟ ଜାତୀୟ ଭାବନାରେ ବନ୍ଦେ ମାତରମ୍‌ର ଭୂମିକା ସମ୍ପର୍କରେ ଆଲୋଚନା କରିଥିଲେ। କାର୍ଯ୍ୟକ୍ରମରେ ପୋଲିସ ବିଭାଗ କର୍ମଚାରୀଙ୍କ ସମେତ ଏନ୍‌ସିସିର ଛାତ୍ରୀଛାତ୍ର, ସାଧାରଣଲୋକ, ପୋଲିସ ବିଭାଗର ସଙ୍ଗୀତ ବାହିନୀ ଯୋଗଦେଇ ରାଷ୍ଟ୍ରୀୟ ସଙ୍ଗୀତ ଗାନ କରିବା ସହ ଭାରତ ମାତାର ଜୟଧ୍ୱନି କରିଥିଲେ। କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଏସ୍‌ଆଇ ଶୈଳବାଳା ମଲ୍ଲିକ, ଏସ୍‌ଆଇ କାଳନ୍ଦୀ ମଲ୍ଲିକ, ସଞ୍ଜୁକ୍ତା ସାହୁ, ଏନ୍‌ସିସି ଶିକ୍ଷକ ଦୁର୍ଯ୍ୟୋଧନ ସାହୁଙ୍କ ସମେତ ଅନ୍ୟମାନେ ଉପସ୍ଥିତ ଥିଲେ।

# ଟିପିସିଓଡିଏଲ୍ ବିରୋଧୀ ଆନ୍ଦୋଳନ ପାଇଁ ସଜବାଜ

### ବିଦ୍ୟୁତ ଉପଭୋକ୍ତା କ୍ରିୟାନୁଷ୍ଠାନ କମିଟି ଗଠିତ

ଢେଙ୍କାନାଳ,୯।୧୧(ରତନ ନାୟାର)

ଢେଙ୍କାନାଳ ଜିଲା ଓକିଲ ସଂଘ ଆବାହକତ୍ୱରେ ଚାଲିଥିବା ଟିପିସିଓଡିଏଲ୍ ବିରୋଧୀ ଆନ୍ଦୋଳନ ପାଇଁ ଏକ ସର୍ବଦଳୀୟ କ୍ରିୟାନୁଷ୍ଠାନ କମିଟି ରବିବାର ଗଠନ କରାଯାଇଛି। ଏହି କମିଟିରେ ଜିଲା ଓକିଲ ସଂଘ ସମେତ ଜିଲା ସାମ୍ବାଦିକ ସଂଘ ଓ ଜିଲାର ସମସ୍ତ ରାଜନୈତିକ ଦଳ ବିଜେଡି, ଭାଜପା, କଂଗ୍ରେସ, ଆପ୍, ସିପିଆଇ, ସିପିଏମ୍ ଇତ୍ୟାଦିର କର୍ମକର୍ତ୍ତା ଓ ସଦସ୍ୟ ତଥା ଜିଲା ବାଣିଜ୍ୟ ଓ ଶିଳ୍ପ ପ୍ରତିଷ୍ଠାନର କର୍ମକର୍ତ୍ତା, ବସ୍ ମାଲିକ ସଂଘ, ଟ୍ରକ୍ ମାଲିକ ସଂଘ, ଜିଲାର ସମସ୍ତ ଅଗ୍ରଣୀ ସଂଗଠନ, କ୍ଲବ୍ ସମୂହର କର୍ମକର୍ତ୍ତା, ବିଭିନ୍ନ ପୂଜା ପ୍ରତିଷ୍ଠାନର କର୍ମକର୍ତ୍ତା ଏବଂ ଜିଲାର ସମସ୍ତ ସଚେତନ ନାଗରିକ ଓ ବୁଦ୍ଧିଜୀବୀ ମହଲଙ୍କୁ ଏହି କମିଟିରେ ସାମିଲ କରାଯାଇଛି । ଢେଙ୍କାନାଳ ଜିଲାର ପୂର୍ବତନ ମନ୍ତ୍ରୀ ଓ ବିଧାୟକ ମଧ୍ୟ ଏହି ଆନ୍ଦୋଳନକୁ ସମର୍ଥନ କରି ଏଥିରେ ନିଜକୁ ସାମିଲ କରିଛନ୍ତି । ଟିପିସିଓଡିଏଲ୍‌ର ଜନବିରୋଧି କାର୍ଯ୍ୟକୁ ସମସ୍ତ ଜନସାଧାରଣ ତୀବ୍ର ବିରୋଧ କରିଛନ୍ତି । ଜିଲା ଓକିଲ ସଂଘର ସଭାପତି ତଥା ବିଦ୍ୟୁତ୍ ଉପଭୋକ୍ତା କ୍ରିୟାନୁଷ୍ଠାନ କମିଟିର ଆବାହକ ଗୋପାଳ ଚନ୍ଦ୍ର ପାତ୍ରଙ୍କ ସୂଚନା ଅନୁଯାୟୀ, ଆସନ୍ତା ୧୧ ତାରିଖ ମଙ୍ଗଳବାର ଜିଲା ଓକିଲ ସଂଘ ପରିସରରେ କ୍ରିୟାନୁଷ୍ଠାନ କମିଟିର ପ୍ରଥମ ବୈଠକ ଅନୁଷ୍ଠିତ ହେବ। ଉକ୍ତ ବୈଠକରେ ଟିପିସିଓଡିଏଲ୍ ବିରୋଧୀ ଆନ୍ଦୋଳନକୁ ଫଳପ୍ରଦ କରିବା ପାଇଁ ଅନେକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ଗ୍ରହଣ କରାଯିବ। ପ୍ରକାଶଥାଉ କି, ଏହି କ୍ରିୟାନୁଷ୍ଠାନ କମିଟିରେ ଜିଲାର ପ୍ରାୟ ୧୦୦ଜଣ ସକ୍ରିୟ ସଦସ୍ୟ ସ୍ଥାନପାଇଛନ୍ତି ବୋଲି ସଂଘର ସଭାପତି ସୂଚନା ଦେଇଛନ୍ତି।

# ପରଜଙ୍ଗ ପୋଲିସ ପକ୍ଷରୁ ସାଇବର ସଚେତନତା

ପରଜଙ୍ଗ, ୯।୧୧(ନିଗମାନନ୍ଦ ଦଳବେହେରା)

ପରଜଙ୍ଗ ପୋଲିସ ପକ୍ଷରୁ ରବିବାର ସାଇବର ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଥାନା ଅଧିକାରୀ ଧୀରେନ କୁମାର ବେହେରାଙ୍କ ନେତୃତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ କାମାକ୍ଷାନଗର ଏସ୍‌ଡିପିଓ ରଜନୀକାନ୍ତ ସାମଲ ଯୋଗଦେଇଥିଲେ। ସାଇବର ଅପରାଧୀ ଦିନକୁ ଦିନ ନୂଆ କୌଶଳ ଅବଲମ୍ବନ କରି କିପରି ନିରୀହ ଜନସାଧାରଣଙ୍କୁ ଠକୁଛନ୍ତି ତାହା ଉପରେ ପ୍ରଥପ୍ରାନ୍ତ ନାଟକ ଦ୍ୱାରା ଭୁବନେଶ୍ୱରରୁ ଆସିଥିବା କଳାକାର ସଚେତନତା କରି ବୁଝାଇଥିଲେ । ଏଟିଏମ୍ ବ୍ୟବହାର ସମୟରେ ସତର୍କତା ଅବଲମ୍ବନ କରିବା, ଅଜଣା ବ୍ୟକ୍ତିଙ୍କ ମେସେଜ ଓ ଲିଙ୍କକୁ କ୍ଲିକ୍ ନ କରିବା, ଅଜଣା ଆପକୁ ବ୍ୟବହାର ନ କରିବା, କୌଣସି ବ୍ୟାଙ୍କ ସମ୍ବନ୍ଧୀୟ ଫୋନ୍ କଲ ରିସିଭ ନ କରିବା, ମିଛ ପୋଲିସ କେସ୍ ଫୋନ୍ କଲ ପ୍ରତି ଭ୍ରୁକ୍ଷେପ ନ କରି ଡିଜିଟାଲ ଆରେଷ୍ଟ ପ୍ରତି ହେୟ ଜ୍ଞାନ କରିବାକୁ ପରାମର୍ଶ ଦିଆଯାଇଥିଲା। ନିଜର ବ୍ୟକ୍ତିଗତ ତଥ୍ୟକୁ ମୋବାଇଲ ମାଧ୍ୟମରେ କାହାରିକୁ ସେୟାର ନ କରିବାକୁ ଏସ୍‌ଡିପିଓ ପରାମର୍ଶ ଦେଇଥିଲେ। କାର୍ଯ୍ୟକ୍ରମରେ ସରାଙ୍ଗ ଫାଣ୍ଡି ଅଧିକାରୀ ସୌଭାଗ୍ୟ ପାଣି, ଦଦରାଘାଟି ଫାଣ୍ଡି ଅଧିକାରୀ ବିକାଶ ଚନ୍ଦ୍ର ବେହେରା, ପରଜଙ୍ଗ ଥାନା ଏସ୍‌ଆଇ ଦେବଗ୍ରାହି ମହାନ୍ତି, ଏଏସ୍‌ଆଇ ଜଳନ୍ଧର ବାରିକ, ଯୁଗଳ ପ୍ରଧାନ, ବୁଦ୍ଧିମନ୍ତ ସିଂ, ମକୁନ୍ଦ ମଲ୍ଲିକ, କଲ୍ୟାଣ ଭୂତିଆ ପ୍ରମୁଖ ଉପସ୍ଥିତ ଥିଲେ ।

# ଜାନୁଆରୀ ୨୪, ୨୫ରେ ରାଜ୍ୟ ସମ୍ମିଳନୀ

### କାପୁଡ଼ିଆ ସମାଜର ପ୍ରସ୍ତୁତି ବୈଠକ



ପ୍ରସ୍ତୁତି ବୈଠକରେ କାପୁଡ଼ିଆ ସମାଜର ସଦସ୍ୟ।

ଢେଙ୍କାନାଳ,୯।୧୧(ରତନ ନାୟାର)

କାପୁଡ଼ିଆ ସମାଜର ରାଜ୍ୟ ସମ୍ମିଳନୀ ପାଇଁ ଗଁଦିଆ ବ୍ଲକ୍ ଅନ୍ତର୍ଗତ ଝାରଦା ଗ୍ରାମସ୍ଥିତ ଗିରିଧର ମଠ ପରିସରରେ ରାଜ୍ୟ ସଭାପତି ନବକିଶୋର ଗୁରୁଙ୍କ ଅଧ୍ୟକ୍ଷତାରେ ଏକ ପ୍ରସ୍ତୁତି ବୈଠକ ରବିବାର ଅନୁଷ୍ଠିତ ହୋଇଯାଇଛି। ଆସନ୍ତା ବର୍ଷ ଜାନୁଆରୀ ୨୪ ଓ ୨୫ ତାରିଖ ଦୁଇଦିନ ଧରି କାପୁଡିଆ ସମାଜର ରାଜ୍ୟ ସମ୍ମିଳନୀ ଭୁବନର ବୁଦ୍ଧେଶ୍ୱର ଶୈବପୀଠ ପ୍ରାଙ୍ଗଣରେ ଆୟୋଜନ କରିବା ପାଇଁ ସର୍ବସମ୍ମତିକ୍ରମେ ନିଷ୍ପତ୍ତି ନିଆଯାଇଛି । ଜାତିର ଏକତା ଓ ସର୍ବାଙ୍ଗୀନ ଉନ୍ନତି ପାଇଁ ଏହି ସମ୍ମିଳନୀ ଉଦ୍ଦିଷ୍ଟ। ରାଜ୍ୟର ପ୍ରତ୍ୟେକ ଜିଲାରୁ କାପୁଡିଆ ଜାତିର ବୁଦ୍ଧିଜୀବୀ, ପ୍ରତିନିଧି ଓ ଯୁବଗୋଷ୍ଠୀ ବହୁସଂଖ୍ୟାରେ ଯୋଗଦେବା ପାଇଁ ଅନୁରୋଧ କରିବା ଲାଗି ବୈଠକରେ ସ୍ଥିରୀକୃତ ହୋଇଛି । ବିଭିନ୍ନ କ୍ଷେତ୍ରରେ କୃତିତ୍ୱ ଅର୍ଜନ କରିଥିବା ତଥା ରାଜ୍ୟ ଓ କେନ୍ଦ୍ରସ୍ତରରେ ପୁରସ୍କୃତ ହୋଇଥିବା ପ୍ରତିଭା ଓ ବ୍ୟକ୍ତି ବିଶେଷଙ୍କୁ ସମ୍ବର୍ଦ୍ଧିତ କରାଯିବାର କାର୍ଯ୍ୟକ୍ରମ ରହିଛି । 'ତାଳଧ୍ୱଜ' ନାମିତ ଏକ ସ୍ମରଣିକା ଉନ୍ମୋଚନ କରାଯିବା ପାଇଁ ନିଷ୍ପତ୍ତି ନିଆଯାଇଛି । ଏଥିପାଇଁ ଜାତି ସମ୍ବନ୍ଧୀୟ ଲେଖା ଆସନ୍ତା ଡିସେମ୍ବର ୧୫ ତାରିଖ ସୁଦ୍ଧା କାପୁଡିଆ ସମାଜର ଢେଙ୍କାନାଳ ଜିଲା ସଭାପତି ରାମଚନ୍ଦ୍ର ରାଉତଙ୍କ ନିକଟରୁ ପଠାଇବାକୁ ଅନୁରୋଧ କରାଯାଇଛି । ଏହି ବୈଠକରେ ରାଜ୍ୟ ସାଧାରଣ ସଂପାଦକ ଦିଲୀପ କୁମାର ଦାସ, ରାଜ୍ୟ ଉପସଭାପତି ଖଗେଶ୍ୱର ନାୟକ, ଜିଲା ସଭାପତି ରାମଚନ୍ଦ୍ର ରାଉତ, ଜିଲା ସାଧାରଣ ସମ୍ପାଦକ ଭାସ୍କର ଚନ୍ଦ୍ର ରାଉତ, ଜିଲା ସମ୍ପାଦକ କୈଳାସ ଚନ୍ଦ୍ର ବିହାରୀ, ଜିଲା କୋଷାଧ୍ୟକ୍ଷ ଭାଗବତ ନାୟକ, ଭୁବନ କାପୁଡିଆ ସମାଜ ଉପସଭାପତି ପୂର୍ଣ୍ଣଚନ୍ଦ୍ର ବେହେରା, ସମ୍ପାଦକ ବିଦ୍ୟାଧର ବିହାରୀ, ବାଲିକିଆରି ସମ୍ପାଦକ ରମେଶଚନ୍ଦ୍ର ଦାସ, ରାସୋଳ ସମ୍ପାଦକ ଅକ୍ଷୟ କୁମାର ସାହୁ, ସହସମ୍ପାଦକ ବିନୟ ସାହୁ, ଷଡଙ୍ଗୀ ସଭାପତି ଆକୁଳ ପୋଥାଳ, ଝାରଦା ସଭାପତି ଲକ୍ଷ୍ମୀଧର ସାହୁ, ଭୁବନ ଥାନ ସଭାପତି ମନମୋହନ ବେହେରା, ଅନୁକୂଳ ପୋଥାଳଙ୍କ ସମେତ ଜାତିର ବହୁ ସମ୍ମାନନୀୟ ଓ ବୟୋଜ୍ୟେଷ୍ଠ ସଭ୍ୟ ଉପସ୍ଥିତ ରହି ଆଲୋଚନାରେ ଭାଗନେଇଥିଲେ । ଶେଷରେ ଜିଲା ସମ୍ପାଦକ ସାରଙ୍ଗଧର ବିହାରୀ ଧନ୍ୟବାଦ ପ୍ରଦାନ କରିଥିଲେ ।

# ସନାତନ ଧର୍ମ ସମ୍ମିଳନୀ ଉଦ୍‌ଯାପିତ

### ଯଜ୍ଞ, ଯାଜ୍ଞ ସହିତ ଆଧ୍ୟାତ୍ମିକ ପରିବେଶ ସୃଷ୍ଟି



ବାର୍ଷିକ ଉତ୍ସବ ଓ ସନାତନ ଧର୍ମ ସମ୍ମିଳନୀରେ ଯୋଗଦେଇଥିବା ସାଧୁ ସନ୍ନ୍ୟାସୀ।

ଢେଙ୍କାନାଳ,୯।୧୧(ରତନ ନାୟାର)

ଢେଙ୍କାନାଳ ଜିଲାସ୍ତରୀୟ ଭକ୍ତଗୋଷ୍ଠୀ ପକ୍ଷରୁ ଜଗତ୍‌ଗୁରୁ ଠାକୁର ଶ୍ରୀଶ୍ରୀ ଅଭିରାମ ପରମହଂସ ଦେବଙ୍କ ଦ୍ୱାବିଂଶତମ ବାର୍ଷିକ ଉତ୍ସବ ଓ ସନାତନ ଧର୍ମ ସମ୍ମିଳନୀ ରବିବାର କଲ୍ୟାଣମଣ୍ଡପଠାରେ ଉଦ୍‌ଯାପିତ ହୋଇଯାଇଛି । ଶାନ୍ତିଧାମ କରମଳା ଆଶ୍ରମରୁ ପୂଜ୍ୟ ସାଧୁ ସନ୍ନ୍ୟାସୀ ଯଥା ବାବାଜୀ ଶେଷଦେବ ଦାସ, ବାବାଜୀ ବୁଦ୍ଧଦେବ ଦାସ, ବାବାଜୀ ତ୍ରିଲୋଚନ ଦାସ, ବାବାଜୀ ରତ୍ନାକର ଦାସ, ବାବାଜୀ ଅଯୋଧ୍ୟା ଦାସ ପ୍ରମୁଖଙ୍କ ସମେତ କଲ୍ୟାଣ କଳ୍ପତରୁ ଆଶ୍ରମର ସନ୍ତୋଷ ଚୈତନ୍ୟ ବ୍ରହ୍ମଚାରୀ ଯୋଗଦେଇ ପ୍ରବଚନ ମାଧ୍ୟମରେ ଧର୍ମ, ସନାତନ ଧର୍ମ, ଭକ୍ତଯୋଗ, କର୍ମଯୋଗ, ଧ୍ୟାନଯୋଗ, ସମର୍ପଣଯୋଗ, ଗୁରୁତତ୍ତ୍ୱ, ଗୁରୁଗ୍ରହଣର ଆବଶ୍ୟକତା, ସମର୍ପଣ ସୂତ୍ର ଓ ସତ୍‌ସଙ୍ଗର ମହାତ୍ମ୍ୟ ଉପରେ ବ୍ୟାଖ୍ୟା କରିଥିଲେ। ତ୍ରିଦିବସୀୟ ଉକ୍ତ ସଂସ୍କାର ଧର୍ମୀ କାର୍ଯ୍ୟକ୍ରମ ଦ୍ୱାରା ଢେଙ୍କାନାଳ ସହରରେ ଏକ ଆଧ୍ୟାତ୍ମିକ ପରିବେଶ ସୃଷ୍ଟି ହୋଇଥିଲା। ୩ ଦିନ ଧରି କାର୍ଯ୍ୟକ୍ରମରେ ଘୃତଯଜ୍ଞ, ଅନ୍ନଯଜ୍ଞ ଓ ନାମଯଜ୍ଞ ସହିତ ଭଜନ, ଜଣାଣ ସହିତ ନୃତ୍ୟାଙ୍ଗନାର କଳାକାରମାନଙ୍କ ଦ୍ୱାରା ଓଡିଶୀ ନୃତ୍ୟ ପରିବେଷଣ ହୋଇଥିଲା। ପ୍ରତିଦିନ ଠାକୁରଙ୍କର ଷୋଡଶ ଉପଚାର ପୂଜା କରାଯାଇଥିଲା । ପ୍ରଥମ ଦିବସରେ ଠାକୁରଙ୍କ ବିଗ୍ରହକୁ ୯ଟି ସଂକୀର୍ତ୍ତନ ମଣ୍ଡଳୀଙ୍କ ଦ୍ୱାରା ସହର ପରିକ୍ରମଣ ଓ ଉଦ୍‌ଯାପନୀ କାର୍ଯ୍ୟକ୍ରମରେ ଉଦଣ୍ଡ କୀର୍ତ୍ତନ 'ଜୟ ଗୋବିନ୍ଦ' ଅତ୍ୟନ୍ତ ମନୋମୁଗ୍ଧକର ପରିବେଶ ସୃଷ୍ଟି କରିଥିଲା । ଜିଲା ଗୋଷ୍ଠୀର ଭକ୍ତମଣ୍ଡଳୀର ସଭାପତି ସୁଧାକର ଜେନାଙ୍କ ନେତୃତ୍ୱରେ ସମ୍ପାଦକ ହୃଦାନନ୍ଦ ପ୍ରଧାନ ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମରେ ବହୁ ସଂଖ୍ୟାରେ ଶ୍ରଦ୍ଧାଳୁ ଯୋଗ ଦେଇଥିଲେ ।

# ଗଁଦିଆ ପୋଲିସ ପକ୍ଷରୁ ସାଇବର ସୁରକ୍ଷା ଅଭିଯାନ




ସାଇବର ସୁରକ୍ଷା ଅଭିଯାନରେ ଯୋଗଦେଇଥିବା ଅତିଥି ଓ ପୋଲିସ ଅଧିକାରୀ।

ଢେଙ୍କାନାଳ,୯।୧୧(ରତନ ନାୟାର)

ଢେଙ୍କାନାଳ ଜିଲା ଗଁଦିଆ ପୋଲିସ ପକ୍ଷରୁ ବିଶ୍ୱନାଥପୁରଠାରେ ଥିବା କପିଳାସ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ ପରିସରରେ ସାଇବର ସୁରକ୍ଷା ଅଭିଯାନ କାର୍ଯ୍ୟକ୍ରମ ରବିବାର ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ସଦର ଏସଡିପିଓ ରମେଶ ଚନ୍ଦ୍ର ଦୋରା, ଗଁଦିଆ ଥାନା ଅଧିକାରୀ ଶାନ୍ତନୁ କୁମାର ପ୍ରଧାନ, କପିଳାସ ସରକାରୀ ବାଳିକା ଉଚ୍ଚବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ମାନସ୍ୱିନୀ ସାହୁ, ଯୋରନ୍ଦା ଫାଣ୍ଡି ଅଧିକାରୀ ମାଗୁଣି ଗଡ଼ନାୟକ, ଗଁଦିଆ ଥାନା ଏଏସ୍‌ଆଇ ସୁକାନ୍ତି ସାହୁ, ଏଏସ୍‌ଆଇ ପ୍ରଭାତ ନାୟକ ଓ ଥାନାର ସମସ୍ତ ପୋଲିସ କର୍ମଚାରୀ ଓ ବିଦ୍ୟାଳୟର ସମସ୍ତ ଶିକ୍ଷୟିତ୍ରୀ ଓ ଛାତ୍ରୀମାନେ ଯୋଗଦେଇଥିଲେ। ସମସ୍ତେ ମିଶି ସାଇବର ରଥକୁ ସ୍ୱାଗତ କରିବା ସହ ସାଇବର ରଥରେ ପ୍ରଦର୍ଶିତ ଭିଡିଓ ମାଧ୍ୟମରେ ସଚେତନ ବାର୍ତ୍ତା ଦେଖିଥିଲେ। ରଥରେ ଆସିଥିବା କଳାକାରଙ୍କ ଦ୍ୱାରା ଏକ ସଚେତନତାଧର୍ମୀ ନାଟକ 'ବେଳ ହୁଁ ସାବଧାନ' ପରିବେଷଣ ହୋଇଥିଲା । ପରେ ପିଲାମାନେ ସାଂସ୍କୃତିକ କାର୍ଯ୍ୟକ୍ରମ ମାଧ୍ୟମରେ ସଚେତନ ବାର୍ତ୍ତା ଦେଇଥିଲେ। ଆଜିର ସମାଜରେ ସମସ୍ତେ ଅନଲାଇନ ଓ ଡିଜିଟାଲ କାରବାର କରୁଥିବା ବେଳେ ସାଇବର ଠକେଇର ଶିକାର ହେଉଛନ୍ତି । ସାଇବର ଠକେଇ ପ୍ରତି କିପରି ସଜାଗ ରହିବେ ସେଥିପ୍ରତି ସଚେତନତା ବାର୍ତ୍ତା ପହଞ୍ଚାଇବା ଅଭିଯାନର ମୂଳଲକ୍ଷ୍ୟ ବୋଲି ପୋଲିସ ଅଧିକାରୀମାନେ କହିଥିଲେ।

# କୋଣାର୍କର ପଞ୍ଚବଟ ମଧ୍ୟରୁ ଅର୍କବଟ ଥିଲା ସିଦ୍ଧିପ୍ରଦ

ଡ. ସୁରେନ୍ଦ୍ର କୁମାର ମିଶ୍ର

### ଶ୍ରୀପଦ୍ମକେଶର ମନ୍ଦିର ପାଇଁ ନିର୍ମାଣ ହୋଇଥିଲା ଆଦିତ୍ୟଙ୍କର ତିନୋଟି ବିଗ୍ରହ

ଐତିହ୍ୟର ଓଡ଼ିଶା

ଗତ ସଂଖ୍ୟାରେ ବିଶୁ ମହାରଣାଙ୍କ ଗାଁ ନୂଆଗଡ଼ କଥା ଲେଖିଥିଲୁ। ନୂଆଗଡ଼ ଗାଁ ୧୬୨୬ରେ ହୋଇଥିବା ସୁନାମିରେ ମହୋଦଧିରେ ଲୀନ ହୋଇଯାଇଥିଲା। ଗଡ଼ ସହିତ ସାମିଲ ଥିଲା 'ଗୋ-ଧନପଡ଼ା'। ଆଶ୍ଚର୍ଯ୍ୟଜନକ ଭାବରେ ଏହି ପଡ଼ା ରହିଯାଇଥିଲା। ନୂଆଗଡ଼ର ଆରାଧ୍ୟା ଥିଲେ ଜାଗୁଳାଇ। ତାଙ୍କ ମନ୍ଦିରଟି ଦର୍ଶନୀବନ୍ତ ଯୋଗୁ ରକ୍ଷା ପାଇଯାଇଥିଲା। ଗଡ଼ ଓ ପଡ଼ାର ଅଧିବାସୀ ମିଳିତ ଭାବରେ ଦେବୀଙ୍କୁ ଉପାସନା କରୁଥିଲେ। ନୂଆଗଡ଼ରେ କିଛି ବାଲିବନ୍ତ ସୃଷ୍ଟି ହୋଇଥିଲା ସୁନାମି ସମୟରେ। ଆଶା କରାଯାଇପାରେ ଏହି ବନ୍ତ ତଳେ ଗଡ଼ର ସ୍ମୃତି ଏବଂ ଐତିହ୍ୟ ସ୍ମାରକୀ କିଛି ରହିଥାଇପାରେ। ଜାଗୁଳାଇ ଏକ ଅପଭ୍ରଂଶ ନାମ। ଯଜ୍ଞରୁ ଉଦ୍ଭବ ଦେବୀ ଯଜ୍ଞର ଈଶ୍ୱରୀ। ମନେହୁଏ ଗାଁଟି ବହୁ ପ୍ରାଚୀନ। ସେହି ପ୍ରାଚୀନ ଗାଁରେ ବିଶୁ ମହାରଣା ଜନ୍ମ ନେଇଥିଲେ। ବିଶୁ ମହାରଣାଙ୍କ ପ୍ରସଙ୍ଗ ପୂର୍ବ ସଂଖ୍ୟାରେ ଆମେ ଦେଇଥିଲୁ। ଧର୍ମପଦ ଥିଲେ ସଦାଶିବ ସାମନ୍ତରାୟ ମହାପାତ୍ରଙ୍କ ପୁତ୍ର। ବିଶୁ ମହାରଣାଙ୍କ ପୁତ୍ର ବୋଲି ଜାଣିଶୁଣି ଭ୍ରମାତ୍ମକ ଧାରଣା ପ୍ରଚାର କରାଯାଇଥିଲା। ପୂର୍ବରୁ ଶିଳ୍ପୀ ନାୟକ ଗଦାଧରଙ୍କ ଅବଦାନ ପ୍ରସଙ୍ଗ ଅବତାରଣା କରିବାର ଅଭିପ୍ରାୟ ସ୍ପଷ୍ଟ। ତାଙ୍କର କାର୍ଯ୍ୟ ତାଲିକା ଆମେ ପ୍ରସ୍ତୁତ କରିଛୁ। ପଚାଶରୁ ଊର୍ଦ୍ଧ୍ୱ କାର୍ଯ୍ୟ ସେ ନିର୍ବାହ କରିଛନ୍ତି। ଆମେ ଉଦାହରଣ ଦେଲୁ ଜଣଙ୍କର ଅବଦାନ, କିନ୍ତୁ ଅନ୍ୟମାନଙ୍କର ନାମ ଓ କାର୍ଯ୍ୟର ତାଲିକା ପ୍ରସ୍ତୁତ କରିଛୁ, ଯାହା 'ପରିଶିଷ୍ଟ' ଶୀର୍ଷକରେ ପାଠକଙ୍କ ଅବଗତି ପାଇଁ ଦେବୁ।

ପ୍ରଶ୍ନ ହୋଇପାରେ କାହିଁକି ଦେବେ! ଏଇଥିପାଇଁ ଦେଉଛୁ ଅତୀତରେ କୋଣାର୍କଠାରେ ନିର୍ମାଣ ହୋଇଥିବା ମନ୍ଦିରର ଇତିହାସରୁ ଓଡ଼ିଆଙ୍କୁ ଦୂରେଇ ଦିଆଯିବାର ପ୍ରବଳ ପ୍ରଚେଷ୍ଟା ହୋଇଛି। ଗୌରବମୟ ଭାବାବେଗରୁ ଉଦାସ ଭାବାବେଗ ଆଡ଼କୁ ରାସ୍ତା ଦେଖେଇ ଦିଆଯାଇଛି। ପ୍ରଭାବ ସ୍ୱାଭାବିକ। କିଛି ମାତ୍ରାରେ କେତେକ ଆନମନା ହୋଇଛନ୍ତି। ଏବେ ବି ସାମାଜିକ ଗଣମାଧ୍ୟମରେ ଯୁବକମାନଙ୍କ ଯୁକ୍ତି ଆମକୁ ଛୁଇଁଛି। ଯୁକ୍ତି ହେଲା- ବୌଦ୍ଧସ୍ତୂପ ଭାଙ୍ଗି ଲାଙ୍ଗୁଳା ନରସିଂହଦେବ ଶ୍ରୀପଦ୍ମକେଶର ମନ୍ଦିର ନିର୍ମାଣ କରିଛନ୍ତି! ବାହାରିଆ ଲେଖକଙ୍କୁ ସେ ପଢ଼ିଛନ୍ତି। ତେଣୁ କହିବା ସ୍ୱାଭାବିକ।



ଅଶ୍ୱ ଉପରେ ବସିଥିବା ଶ୍ରୀ ଆଦିତ୍ୟ। ଅର୍ଦ୍ଧଭଗ୍ନ। (ଫଟୋ: କୁମାର ଅରଜ୍ୟୋତି, କୋଣାର୍କ)

ପୂର୍ବରୁ ପ୍ରମାଣିତ କରିଛୁ ଗଜପତି ଲାଙ୍ଗୁଳା ନରସିଂହ ଦେବ ନିର୍ମାଣ କରିଥିବା ମନ୍ଦିର ଶ୍ରୀସୂର୍ଯ୍ୟଙ୍କର ତୃତୀୟ ମନ୍ଦିର। ପ୍ରଥମ ମନ୍ଦିର ନିର୍ମାଣ ପୂର୍ବରୁ କୋଣାଦିତ୍ୟ କ୍ଷେତ୍ର ଅଖଣ୍ଡ ଭାରତବର୍ଷରେ ମହାନ୍ ତୀର୍ଥ ରୂପେ ପ୍ରସିଦ୍ଧ ଥିଲା। ଦ୍ୱିତୀୟ ମନ୍ଦିରରେ ଶ୍ରୀମହାଭାସ୍କରଙ୍କ ଯେଉଁ ମୂର୍ତ୍ତି ପୂଜା ପାଉଥିଲା- ତାହା ଥିଲା ଦୁଇ ହାତ ଆଠ ଆଙ୍ଗୁଳ। ସେ ବିଗ୍ରହ ଜୀର୍ଣ୍ଣଶୀର୍ଣ୍ଣ ହୋଇଯାଇଥିଲା। ନୂତନ ବିଗ୍ରହ ବାସ୍ତୁଶାସ୍ତ୍ର ଅନୁଯାୟୀ ୫ ହାତ ୪ ଆଙ୍ଗୁଳ ହୋଇଥିଲା। ସନାତନ ପରମ୍ପରା ଅନୁଯାୟୀ ଜୀର୍ଣ୍ଣଶୀର୍ଣ୍ଣ ପୁରାତନ ବିଗ୍ରହଙ୍କୁ ମହୋଦଧିରେ ବିସର୍ଜନ କରାଯାଇଥିଲା। ପଣ୍ଡିତ ନାରାୟଣ ମହାପାତ୍ର ବିସର୍ଜନ ଜନିତ ଅନୁଷ୍ଠାନ କରି ଦୁଇମାଢ଼ ସୁନା ଦକ୍ଷିଣା ସ୍ୱରୂପ ଦେଇଥିଲେ। ବୌଦ୍ଧସ୍ତୂପ ଥିଲା, ପୁରାତନ ବିଗ୍ରହ କେଉଁଠୁ ଆସିଲା।

ନୂତନ ମନ୍ଦିରରେ ଆଦିତ୍ୟଙ୍କର ତିନୋଟି ବିଗ୍ରହ ପ୍ରତିଷ୍ଠା ହୋଇଥିଲା। ସେତିକିବେଳେ ଗଙ୍ଗା ଓ ଯମୁନାଙ୍କର ଦୁଇଟି ବିଗ୍ରହ ହୋଇଥିଲା। ଏହି ଦୁଇ ବିଗ୍ରହଙ୍କୁ ମହାଗାୟତ୍ରୀଙ୍କ ମନ୍ଦିରର ସାମନା ଖମ୍ବରେ ସ୍ଥାନିତ କରାଯାଇଥିଲା। କେବଳ ସେତିକି ନୁହେଁ, ମନ୍ଦିରର ତିନି ପାର୍ଶ୍ୱରେ ପାର୍ଶ୍ୱଦେବତାଙ୍କ ନ୍ୟାସ ସେହି ସମୟରେ ହୋଇଥିଲା। ପ୍ରତ୍ୟେକ ଆନୁଷ୍ଠାନିକ କାମ ପାଇଁ ଅଲଗା ଅଲଗା ବ୍ରାହ୍ମଣ ଆଚାର୍ଯ୍ୟ ବରଣ ହୋଇଥିଲେ। ସମସ୍ତେ ବିଭିନ୍ନ ବ୍ରାହ୍ମଣ ଗ୍ରାମର ମହାଜନ ଥିଲେ। ନାରାୟଣ ମହାରଣା 'ଶ୍ୱେତ ବିରଞ୍ଚି' ବିଗ୍ରହ ନିର୍ମାଣ କରିଥିଲେ। ତାହା ମନ୍ଦିର କାନ୍ଥରେ ସ୍ଥାନିତ ହୋଇଥିଲା। ପ୍ରତିଷ୍ଠା କାର୍ଯ୍ୟର ପ୍ରଧାନ ପରିଚାଳକ ଥିଲେ ଭୁବନେଶ୍ୱର ରାଜଗୁରୁ। ଗଜପତିଙ୍କ ନିର୍ଦ୍ଦେଶରେ ତାଙ୍କୁ ଭୂସମ୍ପତ୍ତି ଦାନ କରାଯିବା ସହିତ ଏକ 'କନକାସନ' ଦାନ କରାଯାଇଥିଲା।

ପୂର୍ବରୁ ଥରେ ଆମେ ଲେଖିଥିଲୁ ଶ୍ରୀକ୍ଷେତ୍ରରେ 'ସପ୍ତବଟ' ଯେପରି ପ୍ରସିଦ୍ଧ, କୋଣାର୍କରେ 'ପଞ୍ଚବଟ' ସେହିପରି ପ୍ରସିଦ୍ଧ ଥିଲା। ପାଞ୍ଚୋଟିଯାକ ବଟବୃକ୍ଷ ଶ୍ରୀସୂର୍ଯ୍ୟଙ୍କର ଉପାସନା ସହିତ ଯେପରି ଜଡ଼ିତ, ଶ୍ରୀପଦ୍ମକେଶର ମନ୍ଦିର ନିର୍ମାଣ ସହିତ ସେହିପରି ସବୁଠାରୁ ସିଦ୍ଧିପ୍ରଦ ବଟବୃକ୍ଷ ଥିଲେ ଅର୍କବଟ। ଅର୍କବଟ ତଳେ ଆଚାର୍ଯ୍ୟମାନେ ଲକ୍ଷେ କୋଡ଼ିଏ ହଜାର ସୂର୍ଯ୍ୟମନ୍ତ୍ର ଜପ କରିଥିଲେ। ଏହା ସାମାନ୍ୟ କଥା ନୁହେଁ। ବାତାବରଣ ସନ୍ତୁଳନ ରଖିବା ପାଇଁ ବଟବୃକ୍ଷର ତ ଦକ୍ଷତା ଥିଲା, ଏବେ ଅଛି। ଦକ୍ଷତା ସହିତ ମନ୍ତ୍ରର ଅନୁରଣନ ମିଶିବା ପରେ ସମ୍ପୃକ୍ତ ମାନବବୋଧର ମାନସିକତା ଗୋଟିଏ ବିନ୍ଦୁରେ ମିଳିତ ହୋଇଥିବ। କିଛି ବୁଝୁ ନ ଥିବା ମନଟିଏ ମଧ ସେହି ବିନ୍ଦୁର ନିକଟତର ହୋଇଥିବ। ଏହା ହିଁ ଯଜ୍ଞ ଅନୁଷ୍ଠାନର 'ଅଧିବାସ' ଅବସ୍ଥା।

ବର୍ଣ୍ଣନା ମିଳୁଛି ମନ୍ଦିର ପରିସରରେ ଏହି ବଟବୃକ୍ଷ ଥିଲା, ଠିକ୍ ଶ୍ରୀମନ୍ଦିରରେ କଳ୍ପବଟ ପରି। ଏବେ ଅର୍କବଟ ଅଛନ୍ତି। ଏକାଧିକ ମଧ୍ୟରୁ କେଉଁଟି 'ଅର୍କବଟ', ଆମେ ଚିହ୍ନଟ କରିଛେ ଓ ଯାହା ମୂଳରେ ବସି ଘଡ଼ିଏ ଗୁରୁମନ୍ତ୍ର ଜପ କଲେ ମୁକ୍ତିର ମାର୍ଗ ଖୋଲିଯିବ! କରିପାରିନେ ଆମେ। ଯାହାକୁ ପଚାରିବେ- ସେ କହିବେ... ହେ... ସେଇଟା ହୋଇଥିବ। ବାହାରିଆ ଲେଖକ ଏହାକୁ ଭେଦ କରିପାରି ନ ଥିଲେ, ନ ହେଲେ ଲେଖିଥାନ୍ତେ- ବାହାର ସାମ୍ରାଜ୍ୟର ଲୋକେ ପରା ଏହି ବଟବୃକ୍ଷ ଲଗେଇଥିଲେ। ଓଡ଼ିଆ ତ ଖାଇବାକୁ ପାଉ ନ ଥିଲେ, ଗଛ ଲଗେଇବେ କ'ଣ ?

ଜଳାବନ୍ଧୁ ସେବା ପାଇଁ ସାତଜଣ ଆଚାର୍ଯ୍ୟ 'ସୂର୍ଯ୍ୟ ଗଙ୍ଗା' ତୀର୍ଥରୁ ଜଳ ଆଣିଥିଲେ, ତାହା ପ୍ରଥମେ ଅର୍କବଟ ତଳେ ରହିଥିଲା। ଶ୍ରୀରୁଦ୍ର ପୂଜା ସ୍ଥାନକୁ ଆସିବାବେଳେ ଶୁକ୍ଳ ଯଜୁର୍ବେଦର ଅଷ୍ଟାଧ୍ୟାୟୀ ପାଠ ହୋଇଥିଲା ଅର୍କବଟ ତଳେ।

# ବିଭିନ୍ନ ପ୍ରକାର କ୍ଷୀର ଓ ଦୀର୍ଘାୟୁ ଜୀବନ



ଡା. ବସନ୍ତ କୁମାର ଷଡ଼ଙ୍ଗୀ

''ମା' କ୍ଷୀରରେ ଜଳୀୟ ଅଂଶ, ଶ୍ୱେତସାର, ସ୍ନେହସାର, ପୁଷ୍ଟିସାର, ଜୀବସାର, ଧାତବଲବଣ, ହରମୋନ, ଏନଜାଇମ ଓ ଜୀବନୀୟ ତନ୍ତୁ ରହିଛି। ଏଗୁଡିକର ସମ୍ମିଶ୍ରଣରେ ଅତ୍ୟାବଶ୍ୟକ ପୋଷକ ତତ୍ତ୍ୱ ସୃଷ୍ଟି ହୋଇଥାଏ। ତେଣୁ ମା' କ୍ଷୀର ପିଲା ପିଇଲେ ସେମାନଙ୍କର ରୋଗ ପ୍ରତିରୋଧକ ଶକ୍ତି ବୃଦ୍ଧି ହୋଇଥାଏ। ଏହାବ୍ୟତୀତ ସେମାନଙ୍କର ଶାରୀରିକ ଓ ମାନସିକ ବିକାଶ ମଧ ହୁଏ। ପିଲାମାନଙ୍କୁ ସୁସ୍ଥ ସବଳ ନୀରୋଗ ରଖିବାରେ ଏହା ସହାୟକ ହୋଇଥାଏ।''





ଆମେ ସ୍ୱାସ୍ଥ୍ୟ ସୁରକ୍ଷା ନିମନ୍ତେ ଖାଦ୍ୟପେୟ ପ୍ରତି ଗୁରୁତ୍ୱ ଦେଇଥାଉ। ପୃଥିବୀରେ ଯେଉଁସବୁ ଖାଦ୍ୟସାମଗ୍ରୀ ରହିଛି ସେହିସବୁ ମଧ୍ୟରେ କେତେକ ପ୍ରାକୃତିକ ଉପାୟରେ ମିଳିଥାଏ। ତନ୍ମଧ୍ୟରୁ କ୍ଷୀର ଅନ୍ୟତମ। ଏହା ସ୍ୱାସ୍ଥ୍ୟପ୍ରଦ ଭାବେ ଅନ୍ୟତମ ଶ୍ରେଷ୍ଠ ଖାଦ୍ୟ ବୋଲି ଆମରି ଭାରତୀୟ ମୌଳିକ ଚିକିତ୍ସା ଶାସ୍ତ୍ରରେ ଉଲ୍ଲେଖ ରହିଛି। କ୍ଷୀର ଅମୃତ ସମାନ ଅଟେ। ଜନ୍ମଠାରୁ ମୃତ୍ୟୁ ପର୍ଯ୍ୟନ୍ତ କ୍ଷୀର ସ୍ୱାସ୍ଥ୍ୟ ପାଇଁ ହିତକର। ପିଲା ଜନ୍ମ ହେବା ମାତ୍ରେ ମା' କ୍ଷୀର ନିତାନ୍ତ ଜରୁରୀ ଅଟେ। ପ୍ରାକୃତିକ ପ୍ରଣାଳୀରେ ଆମେ ପାଉଥିବା କ୍ଷୀରରେ ପର୍ଯ୍ୟାପ୍ତ ପରିମାଣର ବିଭିନ୍ନ ପ୍ରକାରର ଭିଟାମିନ, ଖଣିଜପଦାର୍ଥ, କ୍ୟାଲସିୟମ ଆଦି ଜୀବନୀୟ ଶକ୍ତି ସହ ରୋଗପ୍ରତିରୋଧକ ଶକ୍ତିର ମାତ୍ରା ଭରପୁର ରହିଥାଏ। ଏହାକୁ ପିଇବା ଦ୍ୱାରା ପିଲାକୁ ଓ ଆମ ଶରୀରରେ ହେଉଥିବା ବିଭିନ୍ନ ରୋଗକୁ ପ୍ରତିରୋଧ କରିବାରେ ସହାୟକ ହୋଇ ଦୀର୍ଘାୟୁ ରଖିବାରେ ସହାୟକ ହୋଇଥାଏ।

ପିଲା ଜନ୍ମ ହେବା କ୍ଷଣି ମା' କ୍ଷୀର ଆବଶ୍ୟକ। ଅନ୍ୟପକ୍ଷରେ ବିଭିନ୍ନ ସ୍ତନ୍ୟପାୟୀ ପ୍ରାଣୀସମୂହ ନିଜ ଛୁଆଙ୍କ ପାଇଁ ମା' କ୍ଷୀରର ଆବଶ୍ୟକତା ରହିଥାଏ। ମନୁଷ୍ୟ ପିଲା ଜନ୍ମଠାରୁ କିଛି ବର୍ଷ ମଧ୍ୟରେ ନିଜ ମା' କ୍ଷୀର ସେବନ ସହ ଗାଈ, ମଇଁଷି, ଛେଳି, ମେଣ୍ଢା, ଗଧ ଆଦି ପ୍ରାଣୀଙ୍କ କ୍ଷୀର ପାନ କରାଇବା ପାଇଁ ଚିକିତ୍ସା ଶାସ୍ତ୍ରରେ ଉଲ୍ଲେଖ ରହିଛି। ବିଭିନ୍ନ ପ୍ରକାର କ୍ଷୀରରେ କିଛି ଭିନ୍ନ ଭିନ୍ନ ପ୍ରକାରର ତଥା ପ୍ରଚୁର ପରିମାଣରେ ଉପକାରୀ ତତ୍ତ୍ୱ ରହିଛି। ଶିଶୁଠାରୁ ବୟସ୍କ ବ୍ୟକ୍ତିମାନେ ଏହିସବୁ କ୍ଷୀର ସେବନ କରିବା ଦ୍ୱାରା ଶରୀରକୁ ଶାରୀରିକ ଓ ମାନସିକ ସ୍ତରରେ ସୁସ୍ଥ,ସବଳ ଓ ସତେଜ ରଖିବା ସହ ମନୁଷ୍ୟ ଦୀର୍ଘ ଦିନ ବଞ୍ଚି ରହିବାରେ ସହାୟକ ହୋଇଥାଏ ବୋଲି ଆମ ଭାରତୀୟ ପାରମ୍ପରିକ ଆୟୁର୍ବେଦ ଚିକିତ୍ସା ଶାସ୍ତ୍ରରେ ବର୍ଣ୍ଣିତ ରହିଛି।

ସାମ୍ପ୍ରତିକ ପରିସ୍ଥିତିରେ ଆଧୁନିକ ଚିକିତ୍ସା ବିଜ୍ଞାନ ମା' କ୍ଷୀର ସହ ଗାଈ, ମଇଁଷି, ଛେଳି, ମେଣ୍ଢା ଓ ଗଧ ଆଦି ବିଭିନ୍ନ ପ୍ରାଣୀଙ୍କ କ୍ଷୀରକୁ ନେଇ ବହୁ ପରୀକ୍ଷା ନିରୀକ୍ଷା କରାଯାଇଛି। ଏହା ମନୁଷ୍ୟ ସ୍ୱାସ୍ଥ୍ୟ ପାଇଁ ଉପକାରୀ ବୋଲି ଆୟୁର୍ବେଦ ଶାସ୍ତ୍ରରେ ବର୍ଣ୍ଣନା କରାଯାଇଛି। ମା' କ୍ଷୀରରେ ଜଳୀୟ ଅଂଶ, ଶ୍ୱେତସାର, ସ୍ନେହସାର, ପୁଷ୍ଟିସାର, ଜୀବସାର, ଧାତବଲବଣ, ହରମୋନ, ଏନଜାଇମ ଓ ଜୀବନୀୟ ତନ୍ତୁ ରହିଛି। ଏଗୁଡିକର ସମ୍ମିଶ୍ରଣରେ ଅତ୍ୟାବଶ୍ୟକ ପୋଷକ ତତ୍ତ୍ୱ ସୃଷ୍ଟି ହୋଇଥାଏ। ତେଣୁ ମା' କ୍ଷୀର ପିଲା ପିଇଲେ ସେମାନଙ୍କର ରୋଗ ପ୍ରତିରୋଧକ ଶକ୍ତି ବୃଦ୍ଧି ହୋଇଥାଏ। ଏହାବ୍ୟତୀତ ପିଲାମାନଙ୍କର ଶାରୀରିକ ଓ ମାନସିକ ବିକାଶ ମଧ ହୁଏ। ପିଲାମାନଙ୍କୁ ସୁସ୍ଥ ସବଳ ନୀରୋଗ ରଖିବାରେ ଏହା ସହାୟକ ହୋଇଥାଏ।

ଗାଈ କ୍ଷୀରକୁ ଜନ୍ମଠାରୁ ବୟସ୍କ ଓ ବିଭିନ୍ନ ରୋଗରେ ପୀଡିତ ବ୍ୟକ୍ତି ସେବନ ପାଇଁ ପରାମର୍ଶ ଦିଆଯାଇଥାଏ। ସ୍ତନ୍ୟପାନ ସମୟରେ ମା' କ୍ଷୀରର ଅଭାବ ପରିସ୍ଥିତିରେ ପିଲାକୁ ଗାଈ କ୍ଷୀର ଦିଆଯାଇଥାଏ। ଗାଈ କ୍ଷୀରରେ ଜଳୀୟ ଅଂଶ, ସ୍ନେହସାର, ପୁଷ୍ଟିସାର, ଲାକ୍ଟୋସ, ଖଣିଜପଦାର୍ଥ, କ୍ୟାଲସିୟମ, ଫସଫରସ, ଏନଜାଇମ ସମେତ ଭିଟାମିନ ଏ, ଡି ଏବଂ ବି-୧୨ ଆଦି ପୋଷକ ତତ୍ତ୍ୱ ରହିଥିବାରୁ ଏହା ସ୍ୱାସ୍ଥ୍ୟପ୍ରଦ ଅଟେ। ଛେଳି ଏକ ସାକାହାରୀ ପ୍ରାଣୀ। ବିଭିନ୍ନ ବୃକ୍ଷ,ଲତା ଆଦିର ପତ୍ର ଡାଳକୁ ଖାଦ୍ୟଭାବେ ଖାଉଥିବା ହେତୁ ଏହାର କ୍ଷୀର ସ୍ୱାସ୍ଥ୍ୟ ପାଇଁ ବହୁ ଉପଯୋଗୀ। ଛେଳି କ୍ଷୀରରେ ପୁଷ୍ଟିସାର, ସ୍ନେହସାର, ଲକ୍ଟୋସ, ଖଣିଜପଦାର୍ଥ, କ୍ୟାଲସିୟମ, ଫସଫରସ, ପୋଟାସିୟମ, ବିଭିନ୍ନ ପ୍ରକାର ଭିଟାମିନ ଏବଂ ଏନଜାଇମ ଆଦି ପୋଷକ ତତ୍ତ୍ୱ ରହିଥିବା ହେତୁ ଏହା ସ୍ୱାସ୍ଥ୍ୟ ପାଇଁ ହିତକର। ଛେଳି କ୍ଷୀର ମନୁଷ୍ୟ ଶରୀରରେ ରୋଗପ୍ରତିରୋଧକ କ୍ଷମତା ବୃଦ୍ଧି କରାଇବାରେ ମୁଖ୍ୟ ଭୂମିକା ଗ୍ରହଣ କରିଥାଏ। ଛେଳି କ୍ଷୀର ଦୁର୍ବଳତା, ହାଲିଆପଣ ଆଦିକୁ ଦୂର କରିବା ସହ ଯକ୍ଷ୍ମା, କର୍କଟ ଭଳି ମାରାତ୍ମକ ତଥା ଦୀର୍ଘଦିନ ଧରି ଲାଗିରହିଥିବା ବିଭିନ୍ନ ଜଟିଳ ରୋଗକୁ ପ୍ରତିରୋଧ କରିବାରେ କେତେକାଂଶରେ ସହାୟକ ହୋଇଥାଏ ବୋଲି ଆୟୁର୍ବେଦ ଶାସ୍ତ୍ରରେ ବର୍ଣ୍ଣିତ ହୋଇଛି। କେବଳ ସେତିକି ନୁହେଁ, ଆଧୁନିକ ଚିକିତ୍ସା ବିଜ୍ଞାନ ଏଥିରେ ସହମତି ପ୍ରକାଶ କରିଛନ୍ତି।

ମେଣ୍ଢା କ୍ଷୀର ମନୁଷ୍ୟ ସ୍ୱାସ୍ଥ୍ୟ ନିମନ୍ତେ ଉପଯୋଗୀ ହୋଇଥାଏ। ଏଥିରେ ପ୍ରଚୁର ପରିମାଣରେ ଶ୍ୱେତସାର, ପୁଷ୍ଟିସାର, ଖଣିଜ ପଦାର୍ଥ, କ୍ୟାଲସିୟମ ସହ ଜୈବିକ ପଦାର୍ଥ ଭରି ରହିଛି। ଏହାକୁ ପିଇଲେ ତାହା ମନୁଷ୍ୟ ଶରୀରରେ ତନ୍ତୁ ଓ ଅସ୍ଥିକୁ ମଜଭୁତ କରିବାରେ କେତେକାଂଶରେ ସହାୟକ ହୋଇଥାଏ। ରୋଗପ୍ରତିରୋଧକ କ୍ଷମତା ବୃଦ୍ଧି ପାଇ ଶରୀରରେ ହେଉଥିବା ମଧୁମେହ, କର୍କଟ ରୋଗ ବ୍ୟତୀତ ବହୁ ଜଟିଳ ରୋଗ ହେବାକୁ କେତେକାଂଶରେ ପ୍ରତିରୋଧ ମଧ କରିଥାଏ। ମଇଁଷି କ୍ଷୀର ମନୁଷ୍ୟ ସ୍ୱାସ୍ଥ୍ୟ ପାଇଁ ସାମାନ୍ୟ ବାୟୁ ବର୍ଦ୍ଧକ ହୋଇଥିଲେ ସୁଦ୍ଧା ସ୍ୱାସ୍ଥ୍ୟ ପାଇଁ ହିତକର। ଏଥିରେ ଜଳୀୟ ଅଂଶ, ପୁଷ୍ଟିସାର, ଲାକ୍ଟୋସ, ଖଣିଜ ପଦାର୍ଥ, ଫସଫରସ ଆଦି ଥିବା ବେଳେ ପର୍ଯ୍ୟାପ୍ତ ପରିମାଣରେ ପୁଷ୍ଟିସାର, ସ୍ନେହସାର ଭିଟାମିନ ଏ, ବି-୧୨, ଥାୟାମିନ, ରିବୋଫ୍ଲୋବିନ ଆଦି ରହିଛି। ଏହାକୁ ସେବନ କରିବା ଦ୍ୱାରା ଶରୀରରେ ବିଭିନ୍ନ ରୋଗକୁ ପ୍ରତିରୋଧ କରିବାରେ ସହାୟକ ହୋଇଥାଏ। ଗଧ କ୍ଷୀରରେ ପ୍ରଚୁର ପରିମାଣରେ ଜୀବନୀୟ ତତ୍ତ୍ୱ ସହ ରୋଗପ୍ରତିରୋଧକ କ୍ଷମତା ରହିଛି। ଗଧ କ୍ଷୀର ପିଲାମାନଙ୍କ ନିମନ୍ତେ ଅତ୍ୟନ୍ତ ଦରକାରୀ ବୋଲି ଆମର ଭାରତୀୟ ପାରମ୍ପରିକ ଆୟୁର୍ବେଦ ଚିକିତ୍ସା ଶାସ୍ତ୍ରରେ ଉଲ୍ଲେଖ ରହିଛି। ଏଥିରେ ଲେକଟସ, ସ୍ନେହସାର, ଗାଈ କ୍ଷୀର ଅପେକ୍ଷା ପୁଷ୍ଟିସାର କମ ରହିବା ସହ କ୍ୟାଲସିୟମ, ଭିଟାମିନ- ସି ମଧ ରହିଛି।

ବର୍ତ୍ତମାନ ବଜାରରେ କୃତ୍ରିମ ଉପାୟରେ ମିଳୁଥିବା କ୍ଷୀର, ବିଭିନ୍ନ ରାସାୟନିକ ପଦାର୍ଥ ମିଶ୍ରଣରେ ପ୍ରସ୍ତୁତି ହୋଇଥିବା ହେତୁ ଏହା ସ୍ୱାସ୍ଥ୍ୟ ପାଇଁ ଅହିତକର ହୋଇଥାଏ। ଅମୃତଭଣ୍ଡା, ଅରଖ, କନିଅର ଆଦି କେତେକ ବୃକ୍ଷର ଡେମ୍ଫ ଓ ଫଳ ଛିଣ୍ଡେଇବା ବେଳେ କ୍ଷୀର ଭଳି ଏକ ତରଳ ପଦାର୍ଥ ବାହାରିଥାଏ। ଏଗୁଡ଼ିକ ସ୍ୱାସ୍ଥ୍ୟ ପାଇଁ ଆଦୌ ହିତକର ନୁହେଁ। ଏହାକୁ ସେବନ କରିବା ମନୁଷ୍ୟ ଶରୀର ପାଇଁ କ୍ଷତି କାରକ ଓ ବିଷ ତୁଲ୍ୟ ହୋଇଥାଏ। ଏହାକୁ ସେବନ କରିବା ଦ୍ୱାରା ଜୀବନ ହାନି ହେବାର ଆଶଙ୍କା ରହିଥିବା ହେତୁ ପୁରାତନ ଚିକିତ୍ସା ଶାସ୍ତ୍ର ଓ ଆଧୁନିକ ଚିକିତ୍ସା ଶାସ୍ତ୍ରରେ ଏହାକୁ ସେବନ କରିବାପାଇଁ ସମ୍ପୂର୍ଣ୍ଣ ବାରଣ କରାଯାଇଛି।

-ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର, ଚନ୍ଦାହାଣ୍ଡି,
ନବରଙ୍ଗପୁର
ମୋ : ୭୮୯୪୧୧୨୪୮୭

## ସକାରାତ୍ମକ ମାନସିକତା ଅନ୍ତରାଳେ...



ନିଜର ମାନସିକତାକୁ ଅଧିକାଂଶ ସମୟ ସକାରାତ୍ମକ ରଖିବା ସହଜ ନୁହେଁ। ତଥାପି କେତେକେ ଏ କ୍ଷେତ୍ରରେ ସଫଳ ହୋଇଥାଆନ୍ତି। ଅବଶ୍ୟ ଏଥିନେଇ କେତୋଟି ଦିଗ ପ୍ରତି ଦୃଷ୍ଟି ଦେବାକୁ ପଡ଼ଥାଏ। ଏକ ସଦ୍ୟତମ ସର୍ଭେରୁ ଜଣାପଡିଛି ଯେ ଯଦି ଜଣେ ବ୍ୟକ୍ତି ନିୟମିତ କେବଳ ବ୍ୟାୟାମ ନୁହେଁ ଯୋଗ ଆଦି କରନ୍ତି, ତେବେ ସେ ନିଜର ମାନସିକତାକୁ ଅନେକାଂଶରେ ସକାରାତ୍ମକ ରଖିପାରିବେ। 'ସକାରାତ୍ମକ ମାନସିକତା ଏବଂ ଯୋଗ' ବିଷୟକୁ ନେଇ ନିକଟରେ କାଲିଫର୍ନିଆ ବିଶ୍ୱବିଦ୍ୟାଳୟର ମନୋବିଜ୍ଞାନୀମାନେ ଏକ ସର୍ଭେ କରିଥିଲେ। ଏହାର ପରିସରଭୁକ୍ତ ବ୍ୟକ୍ତିଙ୍କୁ ପ୍ରତିଦିନ କିଛି ସମୟ ଯୋଗ କରିବାକୁ ପରାମର୍ଶ ଦିଆଯାଇଥିଲା। କେବଳ ସେତିକି ନୁହେଁ, ଏହାର କି ପ୍ରକାର ପ୍ରଭାବ ସେମାନଙ୍କର ମାନସିକତା ଉପରେ ପଡୁଛି ତାହାକୁ ତନ୍ନ ତନ୍ନ କରି ସେମାନେ ତର୍ଜମା କରିଥିଲେ। ସର୍ଭେ ପରିସରଭୁକ୍ତ ବ୍ୟକ୍ତିମାନଙ୍କ ମଧ୍ୟରୁ ପ୍ରାୟ ୫୫ ପ୍ରତିଶତ ବ୍ୟକ୍ତିଙ୍କର ମାନସିକତା ଏହାଦ୍ୱାରା ସକାରାତ୍ମକ ରହୁଥିଲା ବୋଲି ପ୍ରକାଶିତ ରିପୋର୍ଟରେ ଉଲ୍ଲେଖ କରାଯାଇଛି।

## ସୁସ୍ଥ ରହିବ କିଡ୍‌ନୀ



କିଡ୍‌ନୀକୁ ସୁସ୍ଥ ରଖିବା ଲାଗି କେତୋଟି ବିଷୟ ପ୍ରତି ସ୍ୱତନ୍ତ୍ର ଦୃଷ୍ଟି ଦେବାକୁ ପଡିଥାଏ। ଏଥିପାଇଁ ଯଥେଷ୍ଟ ପାଣି ପିଅନ୍ତୁ। ଦିନକୁ ଅତିକମ୍‌ରେ ଆଠ ଗ୍ଲାସ ପାଣି ପିଅନ୍ତୁ। ପାଣି ପିଇଲେ ଶରୀରରୁ ବିଷାକ୍ତ ଉପାଦାନ ନିଷ୍କାସିତ ହୋଇଥାଏ। ସୁଷମ ଖାଦ୍ୟ ଖାଆନ୍ତୁ। ଯଥେଷ୍ଟ ଫଳ ଏବଂ ତଟକା ପନିପରିବା ଖାଆନ୍ତୁ। ନିଶାଦ୍ରବ୍ୟ ସେବନ ବର୍ଜନ କରନ୍ତୁ। ଡାଇବେଟିସ୍ କିମ୍ବା ରକ୍ତଚାପ ଥିଲେ ଡାକ୍ତରଙ୍କ ପରାମର୍ଶ ଅନୁସାରେ ଔଷଧ ଖାଆନ୍ତୁ। ନିୟମିତ ବ୍ୟାୟାମ କରନ୍ତୁ। ସପ୍ତାହରେ ଅନ୍ତତଃ ୧୫୦ମିନିଟ୍ ଚାଲନ୍ତୁ। ବେଶି ଲୁଣ ଖାଆନ୍ତୁ ନାହିଁ। ଡାକ୍ତରଙ୍କ ପରାମର୍ଶ ବିନା ଔଷଧ ଖାଆନ୍ତୁ ନାହିଁ। କିଡ୍‌ନୀ ରୋଗର ନିର୍ଣ୍ଣୟ ପାଇଁ ନିୟମିତ ସମୟ ଅନ୍ତରାଳରେ ସ୍ୱାସ୍ଥ୍ୟ ପରୀକ୍ଷା କରାଇ ନିଅନ୍ତୁ। ମନେରଖନ୍ତୁ ଯେ, କିଡ୍‌ନୀ ରୋଗ ହେଲେ ଅନେକ କ୍ଷେତ୍ରରେ କୌଣସି ଲକ୍ଷଣ ପ୍ରକାଶ ପାଇ ନ ଥାଏ। ମାନସିକ ଚାପଠାରୁ ଦୂରେଇ ରୁହନ୍ତୁ। ରାତିରେ ୭-୮ ଘଣ୍ଟା ଶୁଅନ୍ତୁ। କିଡ୍‌ନୀକୁ ସୁସ୍ଥ ରଖିବା ପାଇଁ ନିଜେ ସଚେତନ ରହିବା ସହ ଜନସଚେତନତା ସୃଷ୍ଟି କରନ୍ତୁ। ନିଜର ଜୀବନଶୈଳୀକୁ ସ୍ୱାସ୍ଥ୍ୟ ଅନୁକୂଳ କରାନ୍ତୁ। ମନେ ରଖନ୍ତୁ, ଆଜିର ସାମାନ୍ୟ ସାବଧାନତା ଆସନ୍ତାକାଲି କିଡ୍‌ନୀକୁ ସୁସ୍ଥ ରଖିବାରେ ଗୁରୁତ୍ୱପୂର୍ଣ୍ଣ ଅବଦାନ ଦେଇପାରିବ।

## ସ୍କିଜୋଫ୍ରେନିଆ: କିଛି କଥା




ଯେତେପ୍ରକାର ମାନସିକ ରୋଗ ରହିଛି ସେଥିମଧ୍ୟରୁ ସ୍କିଜୋଫ୍ରେନିଆ ହେଉଛି ଏକ ଗମ୍ଭୀର ମାନସିକ ସମସ୍ୟା। ଏହା ମଣିଷର ଭାବନା ଆବେଗ, ବ୍ୟବହାର ଏବଂ କାର୍ଯ୍ୟଦକ୍ଷତାକୁ ବିଶେଷଭାବରେ ପ୍ରଭାବିତ କରିଥାଏ। ପ୍ରାରମ୍ଭିକ ଅବସ୍ଥାରେ ରୋଗୀ ଏକୁଟିଆ ରହିବାକୁ ପସନ୍ଦ କରେ। ଅନ୍ୟମାନଙ୍କ ସହ ମିଳାମିଶା କରେନାହିଁ। ନିଜର ଦୈନନ୍ଦିନ କାର୍ଯ୍ୟକୁ ଠିକ୍‌ଭାବରେ କରିପାରେ ନାହିଁ ଏବଂ ନିଦ କମିଯାଏ। ଏହି ରୋଗରେ ଆକ୍ରାନ୍ତ ବ୍ୟକ୍ତି ଅନ୍ୟମାନଙ୍କ ଉପରେ ସନ୍ଦେହ କରିଥାଏ। ରୋଗୀ ମନରେ ସବୁବେଳେ ଡର ଓ ଭୟର ଭାବନା ଦେଖାଯାଇଥାଏ। ଏହି ରୋଗୀମାନେ କେତେକ କଥାକୁ ନିଜ ମନରେ ଗଣ୍ଠି ବାନ୍ଧି ଧରିବସନ୍ତି ଏବଂ ଯାହା ଅନ୍ୟମାନଙ୍କ ଦ୍ୱାରା ସହଜରେ ଗ୍ରହଣୀୟ ହୋଇ ନ ଥାଏ। ରୋଗର କାରଣ ମସ୍ତିଷ୍କରେ ମୁଖ୍ୟତଃ 'ଡୋପାମିନ' ନାମକ ଏକ ରାସାୟନିକ ତତ୍ତ୍ୱର ମାତ୍ରା ବୃଦ୍ଧି ଯୋଗୁ ଏହି ରୋଗ ହୋଇଥାଏ। ବିଶ୍ୱରେ ପ୍ରତିବର୍ଷ ପ୍ରାୟ ୨.୫ କୋଟି ଲୋକ ଏହି ରୋଗରେ ଆକ୍ରାନ୍ତ ହୋଇଥାନ୍ତି ବୋଲି ବିଶ୍ୱ ସ୍ୱାସ୍ଥ୍ୟ ସଙ୍ଗଠନ ପକ୍ଷରୁ ପ୍ରକାଶିତ ଏକ ରିପୋର୍ଟରୁ ଜଣାପଡ଼ିଛି। ସ୍କିଜୋଫ୍ରେନିଆ ଏକ ଜଟିଳ ରୋଗ। ଏହାର ଚିକିତ୍ସା ବିଷୟରେ ମାନସିକ ରୋଗ ବିଶେଷଜ୍ଞଙ୍କ ସହିତ ପରାମର୍ଶ କରିବା ଜରୁରୀ।

## ନିଶାଦ୍ରବ୍ୟ ବର୍ଜନର ସହଜ ଉପାୟ



ଧୂମପାନ ହେଉ ଅବା କୌଣସି ନିଶାଦ୍ରବ୍ୟ ସେବନ-ଜଣେ ଏହା ଦ୍ୱାରା କବଳିତ ହେବା ପରେ ସେଥିରୁ ମୁକୁଳିବା ସହଜ ହୋଇ ନ ଥାଏ। ବିଶେଷଭାବରେ ପରିବାର, ବନ୍ଧୁମାନଙ୍କର ଦିଗ୍‌ଦର୍ଶନ, ଅନୁରୋଧ, ସହଯୋଗ ଏବଂ ବାରମ୍ବାର ନିରୀକ୍ଷଣ ଧୂମପାନ ତ୍ୟାଗ କରିବା ଲାଗି ଉତ୍ସାହ ବଢ଼ାଇଥାଏ। ଗୋଟିଏ ଥରରେ ଧୂମପାନକୁ 'ନା' କରିବା ଉଚିତ। ଏଥିପାଇଁ ସୁଗାର ନ ଥିବା ଚୁଇଙ୍ଗମ ବ୍ୟବହାର କରିପାରନ୍ତି। ସ୍ଥଳବିଶେଷରେ ଚୁଇଙ୍ଗମ ସ୍ଥାନରେ ଲବଙ୍ଗ ଓ ଗୁଜୁରାତି ମଧ ବ୍ୟବହାର କରାଯାଇପାରେ। ଯେଉଁମାନେ ଚେନ୍ ସ୍ମୋକର ଏବଂ ଦୀଘଦିନ ଧରି ଧୂମପାୟୀ ସେମାନେ ଏଥିରେ ବୈଷୟିକ ଜ୍ଞାନ ଥିବା ବ୍ୟକ୍ତିମାନଙ୍କଠାରୁ ପରାମର୍ଶ ନେବା ଉଚିତ। ଏଥିପାଇଁ ମଧ 'କୁଇଟ୍ ସ୍ମୋକ୍ ଥେରାପି' (ଧୂମପାନ ତ୍ୟାଗ ଚିକିତ୍ସା) ଉପଲବ୍ଧ। ଧୂମପାନ ତ୍ୟାଗର ମାତ୍ର କେଇଦିନ ମଧ୍ୟରେ ଶୁଙ୍ଘିବା ଶକ୍ତି ଏବଂ ଜିଭର ସ୍ୱାଦ ଅନୁଭବ କରିବା ଶକ୍ତିରେ ଉନ୍ନତି ପରିଲକ୍ଷିତ ହୋଇଥାଏ। ସେହିପରି ମାତ୍ର କେଇ ସପ୍ତାହରେ କଫର ପରିମାଣ କମି ଯାଇଥାଏ ଏବଂ ଫୁସଫୁସର କାର୍ଯ୍ୟରେ ଉନ୍ନତି ଘଟିଥାଏ। ଧୂମପାନ ତ୍ୟାଗର ବର୍ଷେ ଭିତରେ ହୃଦ୍‌ଜନିତ ରୋଗ ହେବାର ଆଶଙ୍କା ପ୍ରାୟ ୫୦ ପ୍ରତିଶତ କମିଯାଏ। ଧୂମପାନ ତ୍ୟାଗ କରିବା ଦ୍ୱାରା ଜୀବନକାଳ ବଢ଼ିଥାଏ। ଏହାଦ୍ୱାରା ନିଜର ଉପକାର ହେବା ସହ ଅନ୍ୟମାନେ ମଧ ଲାଭବାନ ହୋଇଥାଆନ୍ତି। ନିଜକୁ ଅତ୍ୟଧିକ ପଜିଟିଭ ଏବଂ ସ୍ମାର୍ଟ ଲାଗେ। ନିଶାଦ୍ରବ୍ୟ ସେବନ ସହ ଜଡିତ ଥିଲେ ଏଥିରୁ ନିବୃତ୍ତ ରହିବା ଲାଗି ଅଭିଜ୍ଞ ନିଶା ନିବାରଣ ବିଶେଷଜ୍ଞଙ୍କ ସହ ପରାମର୍ଶ କରିବାକୁ ଭୁଲନ୍ତୁ ନାହିଁ।

## ଜାଣିରଖନ୍ତୁ



ମହୁରେ ଅନେକ ପ୍ରକାର ଉପକାରୀ ଗୁଣ ରହିଛି। ସକାଳେ ଖାଲି ପେଟରେ ଗୋଟିଏ ଗ୍ଲାସ ଉଷୁମ ପାଣି ସହ ଅଳ୍ପ ଲେମ୍ବୁ ରସ ଓ ଗୋଟିଏ ଚାମଚ ମହୁ ମିଶାଇ ପିଇଲେ ଓଜନ ହ୍ରାସ ପାଏ। ଏଥିରେ ଥିବା ଆଣ୍ଟି ଅକ୍ସିଡ଼ାଣ୍ଟ ଗୁଣ ଶରୀରରେ ରକ୍ତ ସଞ୍ଚାଳନକୁ ଠିକ୍ ଭାବରେ କରିବାକୁ କେତେକାଂଶରେ ସହାୟକ ହୋଇଥାଏ। ଉଚ୍ଚ ରକ୍ତଚାପ ଆଶଙ୍କାକୁ କେତେକାଂଶରେ ଦୂରେଇ ରଖିଥାଏ। ଶରୀରରେ ଶର୍କରାର ପରିମାଣକୁ ମଧ ସନ୍ତୁଳିତ ରଖେ। ସାଧାରଣତଃ ଡାଇବେଟିସ ଥିବା ଲୋକଙ୍କୁ ମିଠାଜାତୀୟ ଖାଦ୍ୟ ଖାଇବାକୁ ବାରଣ କରାଯାଇଥାଏ। କିନ୍ତୁ ମହୁ ସେମାନଙ୍କ ପାଇଁ ବେଶ୍ ଉପଯୋଗୀ। ରକ୍ତହୀନତା ସହ ଜଡିତ ରୋଗୀମାନଙ୍କ ପାଇଁ ମହୁ ବେଶ୍ ହିତକର।

## ସ୍ୱାସ୍ଥ୍ୟ ସୂଚନା

➤ଅଣ୍ଟାଜନିତ କିଛି ସମସ୍ୟା ଥିଲେ ବସିବା ଉଠିବା ସମୟରେ ସାବଧାନତା ଅବଲମ୍ବନ କରନ୍ତୁ। କୌଣସି ସ୍ଥାନରେ ବସିଥିଲେ ହଠାତ୍ ଉଠନ୍ତୁ ନାହିଁ। କୌଣସି ଜିନିଷ ନେବା ଆଣିବା କରିବା ସମୟରେ ସତର୍କତା ଅବଲମ୍ବନ କରନ୍ତୁ।

➤ ସବୁବେଳେ ସୁପାଚ୍ୟ ଖାଦ୍ୟ ଖାଆନ୍ତୁ। ରାତିରେ ହାଲୁକା ଖାଦ୍ୟ ଖାଇଲେ ତାହା ସହଜରେ ହଜମ ହୋଇଥାଏ। ତେଲ,ମସଲାଯୁକ୍ତ ଖାଦ୍ୟ ଯେତେ କମ୍ ଖାଇବେ ତାହା ସେତେ ଭଲ।

➤ଆପଣଙ୍କର କିଛି ସ୍ୱାସ୍ଥ୍ୟଜନିତ ସମସ୍ୟା ରହିଛି କି? ଯଦି ହଁ, ତେବେ ଖାଦ୍ୟପେୟ ଓ ଜୀବନଶୈଳୀ ପ୍ରତି ଦୃଷ୍ଟି ଦିଅନ୍ତୁ। ଅଭିଜ୍ଞ ଡାକ୍ତରଙ୍କ ସହ ମଧ ପରାମର୍ଶ କରିବାକୁ ଭୁଲନ୍ତୁ ନାହିଁ।



➤ପ୍ରତିଦିନ ଦାନ୍ତକୁ ଭଲ ଭାବେ ଘଷନ୍ତୁ। ଦିନକୁ ଅତି କମ୍‌ରେ ଦୁଇ ଥର ଯଥା ସକାଳେ ରାତିରେ ଘଷନ୍ତୁ। ମନେରଖନ୍ତୁ ଘଷିବାର ଅବଧି ୨ମିନିଟ୍‌ରୁ କେବେ ବି କମ୍ କରନ୍ତୁ ନାହିଁ।

➤ନିଜ ଓଜନକୁ ସବୁବେଳେ ନିୟନ୍ତ୍ରଣରେ ରଖିବାକୁ ଚେଷ୍ଟା କରନ୍ତୁ। ଆଉ ଯଦି ଏଥିପ୍ରତି ଧ୍ୟାନ ନ ଦେବେ ତେବେ ପରୋକ୍ଷରେ ଆପଣ ଅନେକ ରୋଗକୁ ଆମନ୍ତ୍ରଣ କରିବାର ଆଶଙ୍କା ରହିଛି।

➤ଯେ ଯଦି ଆପଣ ଦୀର୍ଘକାଳୀନ ରୋଗରେ ପୀଡ଼ିତ ତେବେ ନିୟମିତ ସମୟ ବ୍ୟବଧାନରେ ଡାକ୍ତରଙ୍କ ସହ ପରାମର୍ଶ କରନ୍ତୁ। ପୁରୁଣା ପ୍ରେସକ୍ରିପସନଗୁଡ଼ିକୁ ଏକ ଫାଇଲରେ ରଖନ୍ତୁ, ହୁଏତ ଆଗକୁ ଏହା ଦରକାରରେ ଆସିପାରେ।

## ସୌରଜଗତରେ ଅଜଣା ପରିବ୍ରାଜକ

(ଶେଷ ଭାଗ)

ଜେମ୍ସ ୱେବ ଦୂରବୀକ୍ଷଣ ଯନ୍ତ୍ର ଦ୍ୱାରା ଉତ୍ତୋଳିତ ପ୍ରତ୍ୟେକ ନୂତନ ଚିତ୍ର ସହିତ ରହସ୍ୟ ଆହୁରି ଗଭୀର ହେଉଛି। ୩ଇ/ ଆଟଲାସ ଆମକୁ ଭେଟିବାକୁ ଆସିଥିବା ପ୍ରଥମ ଅନ୍ତଃନକ୍ଷତ୍ରୀୟ ଭ୍ରମଣକାରୀ ନୁହେଁ। ୨୦୧୭ରେ ଜ୍ୟୋତିର୍ବିଜ୍ଞାନୀମାନେ ପ୍ରଥମ ଥର ପାଇଁ ଏହିପରି ଏକ ଅଜଣା ଅତିଥିକୁ ଦେଖିଥିଲେ। ତାହା ଥିଲା '୧ଇ/ ଓମୁଆମୁଆ'। ଏହା ଏକ ସିଗାର ଆକୃତିର ବସ୍ତୁ ଯାହା ଅଜବ ଭାବରେ ଗତି କରୁଥିଲା ଏବଂ ଏହାର କୌଣସି ଦୃଶ୍ୟମାନ ଲାଞ୍ଜ ନଥିଲା। ସେତେବେଳେ କେତେକ ବୈଜ୍ଞାନିକ ଅନୁମାନ ମଧ କରିଥିଲେ ଯେ ଏହା ଏକ ଏଲିଏନ ମହାକାଶ ଯାନ ହୋଇପାରେ! ତା'ପରେ ୨୦୧୯ରେ '୨ଇ/ ବୋରିଶୋଭ' ଆସିଥିଲା। ଏହା ଏକ ପ୍ରକୃତ ଅନ୍ତଃନକ୍ଷତ୍ରୀୟ ଧୂମକେତୁ, ଯାହାର ଏକ ଉଜ୍ଜ୍ୱଳ ଲାଞ୍ଜ ଏବଂ ଆମ ସୌରମଣ୍ଡଳରେ ଜନ୍ମିତ ଯେକୌଣସି ଧୂମକେତୁ ଠାରୁ ଭିନ୍ନ ଏକ ରାସାୟନିକ ଗଠନ ଥିଲା। ପ୍ରତ୍ୟେକ ପରିଦର୍ଶକ ଅନନ୍ୟ। ପ୍ରତ୍ୟେକ ଆମ ସୌରଜଗତ ବାହାର ବିଶ୍ୱର ବିବିଧତାର ଏକ କ୍ଷଣସ୍ଥାୟୀ ଝଲକ। ଆହୁରି ଅଧିକ ବ୍ରହ୍ମାଣ୍ଡର ରହସ୍ୟ ପ୍ରକାଶ କରିବାର ପ୍ରତିଶ୍ରୁତି ଦେଇ, ବର୍ତ୍ତମାନ ୩ଇ/ ଆଟଲାସ ଏହି ସମ୍ଭ୍ରାନ୍ତ ମହାଜଗତିକ ଶ୍ରେଣୀରେ ଯୋଗ ଦେଇଛି।

ଚଳିତ ବର୍ଷ ଗତ ମାସ ୩୦ ତାରିଖରେ ୩ଇ/ ଆଟଲାସ ମଙ୍ଗଳ ଗ୍ରହର କକ୍ଷ ପଥ ଭିତରେ ପ୍ରବେଶ କରି ସୂର୍ଯ୍ୟର ନିକଟତର ହୋଇସାରିଛି। ଏହି ସମୟ ଏହି ଅନ୍ତଃନକ୍ଷତ୍ରୀୟ ବସ୍ତୁକୁ ସବୁଠୁ ପାଖରୁ ଦେଖିବାର ଓ ଅଧ୍ୟୟନ କରିବାର ପ୍ରକୃଷ୍ଟ ସମୟ। ଏହା ଶୁଣି ଲୋପା ଟିକେ ଚିନ୍ତିତ ହୋଇ ପଚାରିଲେ, ଆମ ପୃଥିବୀ ପାଇଁ ଏହା କୌଣସି ବିପଦ ସୃଷ୍ଟି କରିବ



ନାହିଁ ତ? ମୁଁ ଉତ୍ତର ଦେଲି ନା, ଚିନ୍ତା କର ନାହିଁ। ଏହା ପୃଥିବୀ ପାଇଁ କୌଣସି ବିପଦ ସୃଷ୍ଟି କରିବ ନାହିଁ କାରଣ ଏହା ପ୍ରାୟ ୨୭୦ ନିୟୁତ କିଲୋମିଟର ଦୂର ଦେଇ ପୃଥିବୀକୁ ଅତିକ୍ରମ କରିବ। ସାରା ବିଶ୍ୱରେ ଥିବା ବିଦ୍ୟାଳୟ ଦୂରବୀକ୍ଷଣ ଯନ୍ତ୍ରଠାରୁ ଆରମ୍ଭ କରି ମହାକାଶଭିତ୍ତିକ ଅତ୍ୟାଧୁନିକ ଉପକରଣ ପର୍ଯ୍ୟନ୍ତ ସମସ୍ତ ଦୂରବୀକ୍ଷଣ ଯନ୍ତ୍ର ଏହି ମହାଜାଗତିକ ଉଡ଼ାଣର ପ୍ରତ୍ୟେକ ମୁହୂର୍ତ୍ତକୁ ଅଭିଲିଖିତ କରିବାକୁ ପ୍ରସ୍ତୁତ ହେଉଛନ୍ତି। ଏହା ଶୁଣି ଲୋପା ପୁଣି ପଚାରିଲେ ମହାକାଶ ଦେଇ ଗତି କରୁଥିବା ଏକ ଛୋଟ ବରଫ ଏବଂ ପଥର ଖଣ୍ଡ ବିଷୟରେ ଆମେ ଏତେ କାହିଁକି ଚିନ୍ତା କରୁଛେ? ମୁଁ କହିଲି କାରଣ ୩ଇ/ ଆଟଲାସ ହେଉଛି ବ୍ରହ୍ମାଣ୍ଡର ଅନ୍ୟ କୋଣରେ ଥିବା ତାରାମାନଙ୍କର ଏକ ବାର୍ତ୍ତାବାହକ। ଏହାର ଧୂଳି ଏବଂ ଗ୍ୟାସ ବହୁ ପୂର୍ବରୁ ଅନ୍ୟ ଏକ ତାରା ମଣ୍ଡଳରେ ଗଠିତ ଅନ୍ୟ ଏକ ବିଶ୍ୱର ରାସାୟନିକ ପଦ ଚିହ୍ନ ବହନ କରେ। ଏହାକୁ ଅଧ୍ୟୟନ କରିବା ଦ୍ୱାରା ବୈଜ୍ଞାନିକମାନେ ବୁଝିପାରିବେ ଯେ ଅନ୍ୟାନ୍ୟ ନକ୍ଷତ୍ରପୁଞ୍ଜରେ ଗ୍ରହମାନେ କିପରି ସୃଷ୍ଟି ହୋଇଛନ୍ତି ଏବଂ ଜୀବନ ଅନ୍ୟାନ୍ୟ ଛାୟାପଥରେ ସୃଷ୍ଟି ହୋଇଛି କି ନାହିଁ। ଏହା ମଧ ଆମକୁ ସ୍ମରଣ କରାଇଦିଏ ଯେ ସୌରମଣ୍ଡଳ ଏକ ବିଚ୍ଛିନ୍ନ ଦ୍ୱୀପ ନୁହେଁ ବରଂ ଏହା ଏକ ବିଶାଳ, ଜୀବନ୍ତ ବ୍ରହ୍ମାଣ୍ଡର ଅଂଶ ଯେଉଁଠାରେ ଯାତ୍ରୀମାନେ ବେଳେ ବେଳେ ଆମକୁ ସଂକ୍ଷେପରେ ଭେଟିବା ପାଇଁ ଅକଳ୍ପନୀୟ ଦୂରତା ଅତିକ୍ରମ କରି ଆସନ୍ତି। ଲୋପା ଟିକେ ସ୍ମିତ ହାସ୍ୟ ଦେଇ କହିଲେ, ହୁଏତ ଏହା ଏଲିଏନ ଦ୍ୱାରା ନିର୍ମିତ ନହୋଇ ପାରେ କିନ୍ତୁ ଏହା ବ୍ରହ୍ମାଣ୍ଡ ଦାରା ନିର୍ମିତ ଏକ ପ୍ରକାରର ମହାକାଶ ଯାନ ଯେ ଆମକୁ ଜଣାଇବାକୁ ଆସିଛି ଯେ ଆମେ ବ୍ରହ୍ମାଣ୍ଡର ବହୁତ କମ ରହସ୍ୟ ଏଯାଏ ଜାଣିଛୁ ବୋଲି। ମୁଁ ହସି କହିଲି, ''ଠିକ୍, ଏବଂ ପ୍ରତ୍ୟେକ ଥର ଏହି ମହାକାଶୀୟ ପରିଦର୍ଶକମାନଙ୍କ ମଧ୍ୟରୁ ଜଣେ ଦେଖାଗଲେ, ଏହା ଏପରି ମନେ ହୁଏ ଯେପରି ବ୍ରହ୍ମାଣ୍ଡ ଚୁପ ଚୁପ କରି ଏହାର ରହସ୍ୟ ଆମକୁ ଜଣାଇବାକୁ ଚେଷ୍ଟା କରେ ଓ ଆମକୁ କୁହେ ଆବିଷ୍କୃତ ହେବା ପାଇଁ ସେଠାରେ ଆହୁରି ଅନେକ କିଛି ଅପେକ୍ଷା କରିଛି।''

**- ଦେବାଶିଷ ମହାନ୍ତି,** ବରିଷ୍ଠ ପ୍ରାଧ୍ୟାପକ
ସ୍ନାତକୋତ୍ତର ରସାୟନ ବିଜ୍ଞାନ ବିଭାଗ,
ବିଜେବି ସ୍ୱୟଂଶାସିତ ମହାବିଦ୍ୟାଳୟ,
ଭୁବନେଶ୍ୱର
ମୋ: ୯୮୬୧୩୯୧୧୯୦

## ଟ୍ରେନ ଧକ୍କାରେ ଅଜଣା ବ୍ୟକ୍ତିଙ୍କ ମୃତ୍ୟୁ

ବଅଁରପାଳ,(ସୁବାସ ଚନ୍ଦ୍ର ସାହୁ): ଅନୁଗୋଳ ଜିଲା ନାଲ୍‌କୋ ଥାନା ଅନ୍ତର୍ଗତ ବଳରାମ ପ୍ରସାଦ ରେଳ ଧାରଣାରେ ରବିବାର ରାତି ପ୍ରାୟ ୮ରେ ଜଣେ ଅଜଣା ବ୍ୟକ୍ତିଙ୍କ ଖଣ୍ଡ ବିଖଣ୍ଡିତ ମୃତଦେହ ପଡ଼ିଥିବା ଦେଖିବାକୁ ମିଳିଛି । ବଳରାମ ପ୍ରସାଦ ପାଟଣା ସାହି ରେଳ ଫାଟକରୁ ମାତ୍ର ୩୦ ମିଟର ରେଳ ଧାରଣା ମଧ୍ୟରେ ମୃତଦେହ ପଡ଼ି ରହିଛି । ଘଟଣା ଅଞ୍ଚଳରେ ବ୍ୟାପିବା ଫଳରେ ଦେଖିବା ପାଇଁ ବହୁ ଲୋକଙ୍କ ସମାଗମ ଦେଖିବାକୁ ମିଳିଛି ।




**ଜନ୍ମଦିନର ଶୁଭେଚ୍ଛା**

ନାମ: ..................................
ବୟସ:..................................
ଜନ୍ମ ତାରିଖ: ..............................



ଅର୍ଣ୍ଣବ
ପରିବାରବର୍ଗ

ଏଠାରେ ୨ X ୨ ସେ.ମି. ଫଟୋ ଲଗାନ୍ତୁ

ସର୍ତ୍ତାବଳୀ: ଏହି କୁପନ ବ୍ୟବହାର କରି ସମ୍ପୂର୍ଣ୍ଣ ମାଗଣାରେ ଜନ୍ମଦିନର ଶୁଭେଚ୍ଛା ଜଣାନ୍ତୁ । ଫଟୋଗ୍ରାଫ ସହିତ କୁପନଟି ପ୍ରକାଶନ ତାରିଖର ୭ ଦିନ ପୂର୍ବରୁ ଜନ୍ମଦିନ ଶୁଭେଚ୍ଛା, ଧରିତ୍ରୀ, ବି-୨୬, ରସୁଲଗଡ ଶିଳ୍ପାଞ୍ଚଳ, ଭୁବନେଶ୍ୱର-୧୦ ଠିକଣାରେ ପହଞ୍ଚିବା ଆବଶ୍ୟକ ।


# ମା' ଲୋଭୀ ଠାକୁରାଣୀଙ୍କ ଯାତ୍ରା ଶେଷ ଦିନରେ ଅସମ୍ଭାଳ ଭିଡ଼





**ସନ୍ତ୍ରୀଛକ,୯।୧୧(ସନ୍ତୋଷ ପରିଡ଼ା)**

ଅନୁଗୋଳ ଜିଲା ବଅଁରପାଳ ବ୍ଲକ ଅନ୍ତର୍ଗତ ଗଡ଼ସନ୍ତ୍ରୀ ଗ୍ରାମପଞ୍ଚାୟତରେ ମା' ଲୋଭୀ ଠାକୁରାଣୀଙ୍କ ଯାତ୍ରାର ରବିବାର ଶେଷ ଦିବସରେ ଲକ୍ଷାଧିକ ଲୋକଙ୍କ ସମାଗମ ହୋଇଥିଲା। ଭିଡ଼ ଯୋଗୁ ଯାତ୍ରା ପଡ଼ିଆରେ ଠିଆ ହେବା ପାଇଁ ଜାଗା ନ ଥିଲା। ଟ୍ରାଫିକ ନିୟନ୍ତ୍ରଣ କରିବାକୁ ପୋଲିସକୁ ନାକେଦମ ହେବାକୁ ପଡ଼ିଥିଲା । ଯାତ୍ରାର ବିଭିନ୍ନ ସ୍ଥାନରେ ସୁସ୍ୱାଦୁ ଓ ଚଟ୍‌ପଟା ଖାଦ୍ୟର ମଜା ନେବା ପାଇଁ ଲୋକଙ୍କ ଭିଡ଼ ଜମିଥିଲା। ପିତଳ ତିଆରି ସାମଗ୍ରୀ ସହ ଘରସଜ୍ଜା ସାମଗ୍ରୀ କିଣିବାକୁ ଲୋକେ ପସନ୍ଦ କରିଛନ୍ତି । ମା' ଲୋଭୀ ଠାକୁରାଣୀଙ୍କୁ ପୂଜାର୍ଚ୍ଚନା କରି ପୀଠସ୍ଥଳୀରୁ ଅପରାହ୍ଣ ୫ରେ ଛତି, ତରାସ, ଢୋଲ, ନିଶାଣ ଓ ହରିବୋଲ ହୁଳହୁଳିରେ ଦିଅଁ ଘରକୁ ଅଣାଯାଇଥିଲା। ଶାନ୍ତି ଶୃଙ୍ଖଳା ଦୃଷ୍ଟିକୁ ନଜର ରଖି ଥାନାଧିକାରୀ ଦୁଷ୍ମନ୍ତ କୁମାର ସିଂହଙ୍କ ନେତୃତ୍ୱରେ ଯାତ୍ରାରେ କୌଣସି କିଛି ଅପ୍ରୀତିକର ଘଟଣା ଘଟି ନ ଥିଲା। ୫ଦିନର ଏହି ଯାତ୍ରା ଆନନ୍ଦ ଉଲ୍ଲାସରେ ସମାପନ ହୋଇଥିଲା । ମନ୍ଦିର ପରିଚାଳନା ଟ୍ରଷ୍ଟ ବୋର୍ଡ ସଭାପତି ସୁନୀଲ କୁମାର ମାଝୀ, ଲୋକନାଥ ମାଝୀ, ବୈକୁଣ୍ଠ ବେହେରା, ରାମଚନ୍ଦ୍ର ସାମଲ, ପ୍ରଶାନ୍ତ ମାଝୀ, ଅନ୍ତର୍ଯ୍ୟାମୀ ବିଶ୍ୱାଳ, ସନ୍ତୋଷ ସାହୁ, ଦୈତାରୀ ସାହୁଙ୍କ ସମେତ ସମସ୍ତେ ଯାତ୍ରା ପରିଚାଳନାରେ ସହଯୋଗ କରିଥିଲେ ।

## ରାସ୍ତାକଡ଼ରୁ ଯୁବକଙ୍କ ମୃତଦେହ ଉଦ୍ଧାର

**ସାତିମାଇଲ,୯।୧୧(ସୁଶାନ୍ତ ପତି)**

ଢେଙ୍କାନାଳ ଜିଲା ହିନ୍ଦୋଳ ନିକଟସ୍ଥ ବୁଢାବୁଢୀ ଘାଟିରୁ ନରସିଂହପୁର ଥାନା ଶାଳପଶି(କଣ୍ଢାଲୋ) ଅଞ୍ଚଳର ଝରିଆ ଭୋଇଙ୍କ ପୁଅ ଅଭିମନ୍ୟୁ ଭୋଇ(୩୦)ଙ୍କ ମୃତଦେହ ଉଦ୍ଧାର କରାଯାଇଛି। ସେ ରବିବାର ସକାଳେ କେତେଜଣ ଯୁବକଙ୍କ ସହ ଭୋଜି କରିବାକୁ ଯାଇଥିଲେ। ହିନ୍ଦୋଳ ଅଞ୍ଚଳର କେତେଜଣ ଯୁବକ ଖେଳିବାକୁ ଯାଇ ଫେରୁଥିବା ସମୟରେ ଉକ୍ତ ଯୁବକଙ୍କୁ ଘାଟି ପାର୍ଶ୍ୱ ରାସ୍ତାରେ ମୁମୂର୍ଷ ଅବସ୍ଥାରେ ଦେଖି ନିଜଗାଡିରେ ହିନ୍ଦୋଳ ଚିକିତ୍ସାଳୟରେ ଭର୍ତ୍ତି କରିଥିଲେ। ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ। ପୁଅ ଅଭିମନ୍ୟୁଙ୍କୁ ଷଡଯନ୍ତ୍ର କରି ହତ୍ୟାକରାଯାଇଥିବା ତାଙ୍କ ମା' ଓ ସାନଭାଇ ଗଣମାଧ୍ୟମ ପ୍ରତିନିଧିଙ୍କ ଆଗରେ ପ୍ରକାଶ କରିଛନ୍ତି।

## ବାଇକ୍‌କୁ ଧକ୍କାଦେଲା କାର, ୧ଗୁରୁତର, ୬ ଆହତ



**ପରଜଙ୍ଗ,୯।୧୧(ନିଗମାନନ୍ଦ ଦଳବେହେରା)**

ଢେଙ୍କାନାଳ ଜିଲା ପରଜଙ୍ଗ ଥାନା ଭାଲୁମୁଣ୍ଡା-ସରାଙ୍ଗ ପୂର୍ତ୍ତ ବିଭାଗ ରାସ୍ତାର ଜହ୍ନାପଡା ଗ୍ରାମ ମୁଣ୍ଡରେ ଥିବା ଅସୁରବନ୍ଧ ନିକଟରେ ରବିବାର ଅପରାହ୍ନରେ ଏକ କାର୍ ଧକ୍କାରେ ବାଇକ୍ ଆରୋହୀ କନ୍ଦରସିଂହା ପଞ୍ଚାୟତ ନୂଆଗାଁର ପ୍ରହ୍ଲାଦ ନାୟକ (୪୨) ଗୁରୁତର ଆହତ ହୋଇଛନ୍ତି। ସୂଚନା ଅନୁଯାୟୀ, ପ୍ରହ୍ଲାଦ ସରାଙ୍ଗ ଆଡ଼କୁ ଯାଉଥିବାବେଳେ ସମ୍ମୁଖରୁ ଆସୁଥିବା ଏକ କାରରେ କନ୍ଦରସିଂହା ଝରାସାହି ଗ୍ରାମର ହରି ଚନ୍ଦନ ବେହେରା (୨୯)ଧକ୍କା ଦେଇଥିଲେ। କାର୍‌ଟି ବାଇକ୍‌କୁ ଧକ୍କାଦେଇ ରାସ୍ତା ପାର୍ଶ୍ୱ ଡିଭାଇଡରରେ ବାଡେଇ ହୋଇଥିଲା । ସ୍ଥାନୀୟ ଲୋକଙ୍କ ଠାରୁ ଖବର ପାଇ ୧୧୨ ପୋଲିସ ଗାଡ଼ି ଓ ଅଗ୍ନିଶମ ବାହିନୀ ପହଞ୍ଚି ଆହତଙ୍କୁ ଉଦ୍ଧାର କରି ପରଜଙ୍ଗ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିଲେ। ବାଇକ୍ ଆରୋହୀଙ୍କ ଅବସ୍ଥା ସଂକଟାପନ୍ନ ଥିବାରୁ ପ୍ରାଥମିକ ଚିକିତ୍ସା ପରେ ଡାକ୍ତର ତାଙ୍କୁ ଢେଙ୍କାନାଳ ଜିଲା ମୁଖ୍ୟ ଡାକ୍ତରଖାନାକୁ ସ୍ଥାନାନ୍ତର କରିଥିଲେ। କାର ଚାଳକ ସମେତ ଗାଡ଼ିରେ ଯାଉଥିବା ୬ ଜଣ ଆହତ ହୋଇଥିବାବେଳେ ତାଙ୍କୁ ପ୍ରାଥମିକ ଚିକିତ୍ସା କରାଯାଇଛି । ପରଜଙ୍ଗ ପୋଲିସ ପହଞ୍ଚି କାର୍ ଓ ବାଇକ୍‌କୁ ଜବତ କରି ଅଧିକ ତଦନ୍ତ ଜାରି ରଖିଛି।

# ବାଟଗାଁରେ ଓଡ଼ିଶା କୃଷକସଭା ବୈଠକ



**ଢେଙ୍କାନାଳ,୯।୧୧(ରତନ ନାୟାର)**

ଢେଙ୍କାନାଳ ଜିଲା କଙ୍କଡ଼ାହାଡ଼ ବ୍ଲକ୍ ଅନ୍ତର୍ଗତ ବାଟଗାଁସ୍ଥିତ ସୁକୁମାର ବରାଳ ସ୍ମୃତି ପରିଷଦର ସଭାଗୃହଠାରେ ଓଡ଼ିଶା କୃଷକ ସଭାର ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ବରିଷ୍ଠ ଆଇନଜୀବୀ ଦିଲୀପ କୁମାର ବରାଳଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା । ବୈଠକରେ କଙ୍କଡ଼ାହାଡ଼ର ପ୍ରାୟ ୫୦ରୁ ଅଧିକ ଚାଷୀ ଯୋଗଦେଇ କୃଷକମାନଙ୍କର ମୌଳିକ ସମସ୍ୟା ନେଇ ବିସ୍ତୃତ ଆଲୋଚନା କରିଥିଲେ। ଏଥିସହିତ ପ୍ରତିକାର ପାଇଁ କୃଷକ ସଭା ତରଫରୁ ଚାଷୀ ସଂଗଠନ ଗଢ଼ିବା ଉପରେ ଗୁରୁତ୍ୱାରୋପ କରାଯାଇଥିଲା। ଏହି ବୈଠକରେ ଓଡିଶା କୃଷକ ସଭାର ରାଜ୍ୟସଭ୍ୟ ବଦ୍ରିନାରାୟଣ ଦାସ, ଢେଙ୍କାନାଳ ଜିଲା କୃଷକ ସଭାର ସଭାପତି ବିନୟ ସାହୁ, ସମ୍ପାଦକ ସରୋଜ ଶତପଥୀ, ମୁଖ୍ୟବକ୍ତା ଭାବେ ପୂର୍ବତନ ସହକାରୀ କୃଷି ଉଦ୍ୟାନ ନିର୍ଦ୍ଦେଶକ ବିଜୟ କୁମାର ସ୍ୱାଇଁ, ସର୍ବୋଦୟ ନେତା ପ୍ରଦୀପ କୁମାର ସାହୁ ଯୋଗଦେଇ ଆଲୋଚନାରେ ଭାଗନେଇଥିଲେ । ଓଡ଼ିଶା କୃଷକ ସଭାର ଏକ ଅସ୍ଥାୟୀ କମିଟି ଗଢ଼ାଯାଇ ଆବାହକ ଭାବେ ଅକ୍ଷୟ କୁମାର ବରାଳଙ୍କୁ ଆବାହକ ମନୋନୀତ କରିବା ସହ ପ୍ରାଣବନ୍ଧୁ ସିଂ, ଅରୁଣ କୁମାର ପରିଡ଼ା ଓ ପ୍ରଦ୍ୟୁମ୍ନ କୁମାର ବରାଳଙ୍କୁ ସଭ୍ୟ ଭାବେ ମନୋନୀତ କରାଯାଇଥିଲା। କୃଷକମାନଙ୍କ ମଧ୍ୟରେ ତ୍ରିଲୋଚନ ସାହୁ, ଯୁଗଳ କିଶୋର ସିଂ, ଗଦାଧର ନାୟକ, ପ୍ରାଣବନ୍ଧୁ ସିଂ, ବିପ୍ରବର ଦେହୁରୀ, ପ୍ରମୋଦ କୁମାର ସାହୁ, ଦିଲୀପ ସିଂ, ଶାନ୍ତନୁ ସିଂ, ଅରୁଣ ପରିଡ଼ା, ପ୍ରଦୀପ କୁମାର ବରାଳ ଯୋଗଦେଇ ସଦସ୍ୟତା ଗ୍ରହଣ କରିଥିଲେ ।

# ଶ୍ରୀଅରବିନ୍ଦ ପାଠଚକ୍ର ସଂଗଠନର ବାର୍ଷିକ କ୍ରୀଡ଼ା



**ଢେଙ୍କାନାଳ,୯।୧୧(ରତନ ନାୟାର)**


ଢେଙ୍କାନାଳ ଶ୍ରୀଅରବିନ୍ଦ ଜିଲା ପାଠଚକ୍ର ସଂଗଠନ ରାଜବାଟିଟୀକ ଆନୁକୂଲ୍ୟରେ ବାର୍ଷିକ କ୍ରୀଡ଼ା ଉତ୍ସବ ଶନିବାର ଓ ରବିବାର ଅନୁଷ୍ଠିତ ହୋଇଯାଇଛି। ଅନୁଷ୍ଠାନର ସଭାପତି ନିରଞ୍ଜନ ମହାପାତ୍ରଙ୍କ ସଭାପତିତ୍ୱରେ ବରିଷ୍ଠ ସଭ୍ୟ ଅବସରପ୍ରାପ୍ତ ଅଧ୍ୟାପକ ପ୍ରଶାନ୍ତ କୁମାର ମହାପାତ୍ର ପତାକା ଉତ୍ତୋଳନ କରିବା ପରେ ବନ୍ଦେ ମାତରମ ଗାନ କରାଯାଇଥିଲା। ପରେ କ୍ରୀଡ଼ା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଦଉଡ଼ି ଡିଆଁ, ରୁମାଲ ଚୋରି, ଡିସ୍‌କସ୍ ଥ୍ରୋ, ଫୁଲ ଖେଳ, ଜଣାଅଜଣା, ବେଲୁନ୍ ଫୁଟା, ବାଲାନ୍‌ସ ରେସ୍, ଲକ୍ଷ୍ୟ ଭେଦ, ଆସ କିଏ କେତେ ଖାଇପାରିବ ଆଦି ଅନେକ ଖେଳ ଦୁଇଦିନ ଧରି କରାଯାଇଥିଲା । ଜିଲା ସଂଗଠିକା ସୁଲୋଚନା ସାହୁ ସ୍ୱାଗତ କରିଥିବାବେଳେ ଅନୁଷ୍ଠାନର ସମ୍ପାଦକ ଶିଳ୍ପୀ ପରେଶ ଚନ୍ଦ୍ର ପଟ୍ଟନାୟକ ଖେଳକୁଦ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ଅନୁଷ୍ଠାନର ସଭ୍ୟା ସନ୍ତୋଷ କୁମାର ସ୍ୱାଇଁ ସହଯୋଗ କରିଥିଲେ। କ୍ରୀଡ଼ାରେ ଭାଗ ନେଇଥିବା ସମସ୍ତ ସଭ୍ୟାସଭ୍ୟଙ୍କୁ ପ୍ରମାଣପତ୍ର ପ୍ରଦାନ କରାଯାଇଥିଲା । ସନ୍ଧ୍ୟା ୫ ଘଣ୍ଟା ସମୟରେ ସମୂହ ଧ୍ୟାନ ସହ ମାତୃ ପତାକା ଅବତରଣ କରାଯାଇ କାର୍ଯ୍ୟକ୍ରମକୁ ଶେଷ କରାଯାଇଥିଲା ।

## ଗ୍ରାମୀଣ ଡାକ ସେବକ ସଂଘର ସାଙ୍ଗଠନିକ ବୈଠକ



**କାମାକ୍ଷାନଗର,୯।୧୧(ସୁଧୀର କୁମାର ପରିଡ଼ା)**

ଢେଙ୍କାନାଳ ଜିଲା କାମାକ୍ଷାନଗର ଉପଖଣ୍ଡ ଗ୍ରାମୀଣ ଡାକ ସେବକ ସଂଘର ସାଙ୍ଗଠନିକ ବୈଠକ ରବିବାର ଅନନ୍ତପୁର ନବଜ୍ୟୋତି କ୍ଲବ ପରିସରରେ ଅନୁଷ୍ଠିତ ହୋଇଯାଇଛି। ସଂଘର ମଣ୍ଡଳ ସଭାପତି ସତ୍ୟବାଦୀ ରାଉତଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ଢେଙ୍କାନାଳ ଓ ଅନୁଗୋଳ ଜିଲାର ଶତାଧିକ ଗ୍ରାମୀଣ ଡାକ ସେବକ ଯୋଗଦେଇଥିଲେ। ବିଭାଗୀୟ ସଂଘ ସମ୍ପାଦକ ସୂର୍ଯ୍ୟକାନ୍ତ ସାହୁ ଅତିଥି ଭାବେ ଯୋଗଦେଇ ଗ୍ରାମୀଣ ଡାକ ସେବକଙ୍କ ଚାକିରି, ପେନ୍‌ସନ୍ ବୀମା, ଭବିଷ୍ୟନିଧି ଏବଂ ଅଷ୍ଟମ ବେତନ ସମ୍ବନ୍ଧରେ ଆଲୋଚନା କରିଥିଲେ। ଉପସଭାପତି ପ୍ରଭାକର ନାୟକ, ପୂର୍ବତନ ସଭାପତି ପ୍ରମୋଦ ସାହୁ ଅନ୍ୟତମ ଅତିଥି ଭାବେ ଯୋଗଦେଇଥିଲେ। ଅଳ୍ପ ଦରମାରେ କାର୍ଯ୍ୟ ତୁଲାଉଥିବା ଗ୍ରାମ୍ୟ କର୍ମଚାରୀଙ୍କ ପ୍ରତି ସରକାରଙ୍କ ଟାଳଟୁଳି ନୀତି ବିରୋଧରେ ଆଗାମୀ ଦିନରେ ଆନ୍ଦୋଳନ କରିବାକୁ ନିଷ୍ପତ୍ତି ନିଆଯାଇଥିଲା। ଶେଷରେ ସତୀଶ କୁମାର ବିଶ୍ୱାଳ ଧନ୍ୟବାଦ ପ୍ରଦାନ କରିଥିଲେ।



# ସାଇବର ସୁରକ୍ଷା ସମ୍ପର୍କିତ ସଚେତନତା

**ଭୁବନ,୯।୧୧( ବିପିନ ବିହାରୀ ସେଠୀ)**



ଢେଙ୍କାନାଳ ଜିଲା ଭୁବନ ପୋଲିସ ପକ୍ଷରୁ ରବିବାର ସ୍ଥାନୀୟ ପୂର୍ତ୍ତ ବିଭାଗ ଡାକବଙ୍ଗଳା ଛକଠାରେ ସାଇବର ସୁରକ୍ଷା ସମ୍ପର୍କିତ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଭୁବନ ଥାନା ଅଧିକାରୀ ଦାୟିତ୍ୱରେ ଥିବା ସୁବ୍ରତ କୁମାର ସାହୁ ସଭାପତିତ୍ୱ କରି ଦିନକୁ ଦିନ ମୋବାଇଲ ଜରିଆରେ ଛାତ୍ରୀଛାତ୍ରଙ୍କଠାରୁ ଆରମ୍ଭ କରି ସାଧାରଣ ଲୋକ କିପରି ଠକାମୀର ଶିକାର ହେଉଛନ୍ତି ସେ ସମ୍ପର୍କରେ ଆଲୋକପାତ କରିଥିଲେ। କାମାକ୍ଷାନଗର ଉପଖଣ୍ଡ ଆରକ୍ଷୀ ଅଧିକ୍ଷକ ରଜନୀକାନ୍ତ ସାମଲ ମୁଖ୍ୟ ଅତିଥି ଭାବେ ଯୋଗଦେଇ ନିରିହ ଅସହାୟଙ୍କଠାରୁ ଆରମ୍ଭ କରି କଲେଜ ଛାତ୍ରୀଛାତ୍ର ଓ ବିଦ୍ୱାନ ବ୍ୟକ୍ତି ଅଧିକ ସାଇବରକ୍ରାଇମର ଶିକାର ହେଉଛନ୍ତି ସେ ସମ୍ପର୍କରେ କହିଥିଲେ। ମୋବାଇଲରେ ଆସୁଥିବା ଓଟିପିକୁ ଗୁରୁତ୍ୱଦେଇ କାହାକୁ ସେୟାର ନ କରିବା ପାଇଁ ସଚେତନ କରାଇଥିଲେ। କାର୍ଯ୍ୟକ୍ରମକୁ ଏଏସ୍‌ଆଇ ନୁରୁଲ ହକ ପରିଚାଳନା କରି ବିଭିନ୍ନ ଆପକୁ କିପରି ନିଜ ଅଧିନରେ ରଖିବା ସହ ପାସ୍‌ୱାର୍ଡକୁ ନିଜ ଅଧିନରେ ରଖିବେ ସେ ସମ୍ପର୍କରେ ଆଲୋକପାତ କରିଥିଲେ। ଭୁବନ ଥାନା ଏସ୍‌ଆଇ ମାନସ ରଞ୍ଜନ ନାୟକ, ଏଏସ୍‌ଆଇ ପ୍ରଦୀପ କୁମାର ଭୂୟାଁ, ଜ୍ୟୋର୍ତିମୟୀ ସିଂହ ସହ ସମସ୍ତ ପୋଲିସ କର୍ମଚାରୀ ଉପସ୍ଥିତ ଥିଲେ। ଏଲ୍‌ଇଡି ମାଧ୍ୟମରେ ଭିଡିଓ ପ୍ରଦର୍ଶନ କରି ସଚେତନ କରାଯାଇଥିଲା । ଭୁବନେଶର କଳାକାରଙ୍କ ଦ୍ୱାରା ସାଇବର ଘଟାଉଥିବା ଓ ଏହାର ସୁରକ୍ଷା ଉପରେ ଏକ ସଚେତନତା ପ୍ରଥପ୍ରାନ୍ତ ନାଟକ ପ୍ରଦର୍ଶନ କରାଯାଇଥିଲା। ଶେଷରେ ସମସ୍ତ ପୋଲିସ, ଅଞ୍ଚଳର ବୁଦ୍ଧିଜିବୀ ସହ ଉପସ୍ଥିତ ଛାତ୍ରୀଛତ୍ର ସାଇବର ଠକେଇ ଉପରେ ଗୁରୁତ୍ୱଦେବେ ବୋଲି ଶପଥ ପାଠ କରିଥିଲେ।

# ଆମ୍ବପଳାସରେ ଲୁଟ୍ ଉଦ୍ୟମ ବିଫଳ

**ପରଜଙ୍ଗ,୯।୧୧(ନିଗମାନନ୍ଦ ଦଳବେହେରା)**

ଢେଙ୍କାନାଳ ଜିଲା ପରଜଙ୍ଗ ଥାନା ଆମ୍ବପଳାସ ଗ୍ରାମରେ ଶନିବାର ରାତିରେ ଗ୍ରାମର ରାମଚନ୍ଦ୍ର ନାଏକ (୩୪)ଙ୍କ ଘରେ ଲୁଟ୍ ଉଦ୍ୟମ କରି ବିଫଳ ହୋଇଛନ୍ତି ଲୁଟେରା । ସୂଚନା ଅନୁଯାୟୀ, ରାମଚନ୍ଦ୍ର, ତାଙ୍କ ସ୍ତ୍ରୀ ଓ ୩ ଟି ପିଲା ବେଡ୍‌ରୁମରେ ଶୋଇଥିଲେ। ହଠାତ୍ ଛାତ ଉପରେ ଥିବା ସିଡ ଘରର ଗ୍ରିଲ କଟାଯାଉଥିବା ଶବ୍ଦ ହେବାରୁ ତୁରନ୍ତ ପଡୋଶୀ ଦାଦା ଘରକୁ ଫୋନ୍ କରି ଜଣାଇଥିଲେ। ସେମାନେ ଆସି ପାଟି କରିବାରୁ ପ୍ରାୟ ୩ ଜଣ ଛାତ ଉପରୁ ଡେଇଁ ପଳାଇ ଯାଇଥିବା ଦେଖିଥିଲେ । ରାବିବାର ରାମଚନ୍ଦ୍ର ଘଟଣା ସମ୍ପର୍କରେ ପରଜଙ୍ଗ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ପୋଲିସ ଘଟଣାର ତଦନ୍ତ କରୁଛି। ଗତ ସୋମବାର ସେହି ଆମ୍ବପଳାସ ଗ୍ରାମରେ ଲକ୍ଷାଧିକ ଟଙ୍କା ଓ ସୁନା ଗହଣା ଲୁଟ୍ ହୋଇଥିଲା।


# Classified Everyday

**0674-2580101, 9692975378**



**REAL ESTATE SALE**

**Khordha Municipality** ଏରିଆରେ ୨ଏକର ଜାଗା ପିଚୁ ରାସ୍ତାକୁ ଲାଗି ବିକ୍ରିହେବ। ଧ-୦୮

**Apartment sale near Sum Hospital, Bhubaneswar @4500/- Sqft. - 9777433701.** D-09

Bhubaneswar Gothapatna 100ft ମେନ୍‌ରୋଡକୁ ଲାଗି ଘରବାରି ପ୍ଲଟ୍ ମିଳୁଛି। 9090963952. D- 07

ଭୁବନେଶ୍ୱର ଜଟଣୀଗେଟରୁ ଅଳ୍ପ ଦୂରତାରେ 1500 Sqft. ପ୍ଲଟ୍ 6,75,000/ରେ ବିକ୍ରିହେବ- 9776974912. D- 10

ଭୁବନେଶ୍ୱର ନଖରାଛକ, ଉତ୍ତରାଛକ, ସୁନ୍ଦରପଦା, କଟକ ମହାନଦୀ ବିହାରରେ ଘରବାରି ପ୍ଲଟ୍, 2/3 BHK Flat/ Duplex ଅଛି- 8327785834. D-06

**AFFIDAVIT**

By virtue of an affidavit sworn before Executive Magistrate, Bhubaneswar, dated- 30.10.2025, I, Arti Reddy, Resident of L/P-542, Prasanti Bihar, P.O.- KIIT, P.S.- Infocity, Bhubaneswar, Dist.- Khordha, PIN- 751024, Odisha declare that I have changed my name from Arati Reddy to Arti Reddy. Henceforth, I shall be known as ARTI REDDY for all purposes.
Arti Reddy
D-11

**Email** ମାଧ୍ୟମରେ କ୍ଲାସିଫାଏଡକୁ ବିଜ୍ଞାପନ ପଠାଇବାର ଠିକଣା:- classifieddharitri@gmail.com

By virtue of an affidavit sworn before Executive Magistrate, kanika, Dated- 07.11.2025, I, Subesh Chandra Dash, At- Charapara, P.O.- Kandiahat, P.S.-Rajkanika, Dist.- Kendrapara, PIN- 755016, Odisha declare that I have changed my name from Subhesha Dash to Subesh Chandra Dash. Henceforth, I shall be knwon as Subesh Chandra Dash for all purposes.
Subesh Chandra Dash
D-2531

**ପାଠକଙ୍କ ପାଇଁ ସୂଚନା**

କ୍ଲାସିଫାଏଡରେ ପ୍ରକାଶିତ କେତେକ ବିଜ୍ଞାପନକୁ ଭିତ୍ତିକରି କିଛି ପାଠକ ଠକାମିର ଶିକାର ହେଉଥିବା ଆମର ଦୃଷ୍ଟିଗୋଚର ହେଉଛି । ବିଜ୍ଞାପନ ଦେଉଥିବା ସଂସ୍ଥାମାନଙ୍କ ସହ କାରବାର କରିବା ପୂର୍ବରୁ ସବିଶେଷ ତଥ୍ୟ ଓ ନିଜର ବିବେକ ଖଟାଇ କାରବାର କରନ୍ତୁ । ଏଥିପାଇଁ ଧରିତ୍ରୀ କର୍ତ୍ତୃପକ୍ଷ ଦାୟୀ ରହିବେ ନାହିଁ ।

# ମନେ ପଡ଼ନ୍ତି

**ଅଶ୍ରୁଳ ଶ୍ରଦ୍ଧାଞ୍ଜଳି**



**ସ୍ୱର୍ଗତ ଇଂ.ଶଚ୍ଚିନନ୍ଦନ ଦାସ**

ଜନ୍ମସ୍ଥାନ- ଦଇତା ପଡ଼ା ସାହି, ପୁରୀ
ବାସସ୍ଥାନ- ଗୋଲାପଲ୍ଲୀ ସାହି, ବ୍ରହ୍ମପୁର
ଆବିର୍ଭାବ- ୩୧.୦୭.୧୯୩୫
ତିରୋଧାନ- ୨୧.୧୧.୨୦୦୫
ଆପଣଙ୍କ ଅମର ଆତ୍ମାର ସଦ୍‌ଗତି ହେଉ । ଏହା ହିଁ ଶ୍ରୀଜଗନ୍ନାଥଙ୍କ ନିକଟରେ ପ୍ରାର୍ଥନା ।
ଶୋକସନ୍ତପ୍ତ-
ସ୍ତ୍ରୀ, ପୁତ୍ର, ପୁତ୍ରବଧୂ, ଝିଅ, ଜ୍ୱାଇଁ, ନାତି ଓ ନାତୁଣୀ ।

ଧ-୨୫୨୬

**ଦଶମ ଶ୍ରାଦ୍ଧବାର୍ଷିକୀ ଉପଲକ୍ଷେ**



**ଦିବ୍ୟନାରାୟଣ ବାବୁ**

(ବରିଷ୍ଠ କଂଗ୍ରେସ ନେତା)
ବିନାଖଣ୍ଡି, ଜିଲ୍ଲା- ସମ୍ବଲପୁର
ଆବିର୍ଭାବ- ୦୫.୧୨.୧୯୩୭
ତିରୋଧାନ- ୦୯.୧୧.୨୦୧୫
ତୁମର ଆଦର୍ଶ, କର୍ତ୍ତବ୍ୟନିଷ୍ଠା, ଅନାବିଳ ସ୍ନେହ, ଶ୍ରଦ୍ଧା ଓ ଦୟାଭାବ ଆମର ଚିର ପାଥେୟ ହେଉ । ତୁମ ଆତ୍ମାର ସଦ୍‌ଗତି ନିମନ୍ତେ ମାଁ ସମଲେଇଙ୍କଠାରେ ପ୍ରାର୍ଥନା କରୁଛୁ ।
-ଶୋକସନ୍ତପ୍ତ-
ସ୍ତ୍ରୀ- ସଂଯୁକ୍ତା ବାବୁ, ପୁଅ- ସୌମିକ

ଧ-୨୫୨୭

**ଦ୍ୱାଦଶାହ ଉପଲକ୍ଷେ**




**ସ୍ୱର୍ଗତ କରୁଣାକର କର**

ଦୁମୁକାହାଟ, ଡେରାବିଶ, କେନ୍ଦ୍ରାପଡ଼ା
ଆବିର୍ଭାବ- ୦୩।୦୨।୧୯୬୦
ତିରୋଧାନ-୩୦।୧୦।୨୦୨୫
ତୁମର ପାର୍ଥିବ ଅନୁପସ୍ଥିତି ଆମ ଜୀବନରେ ଯେଉଁ ଶୂନ୍ୟତା ଭରିଦେଇଛି ତାହା ଅପୂରଣୀୟ । ତୁମ ସ୍ମୃତି ଆମ ହୃଦୟରେ ସଦା ବିଦ୍ୟମାନ। ତୁମ ଅମର ଆତ୍ମା ପ୍ରତି ଭକ୍ତିପୂତ ଶ୍ରଦ୍ଧାସୁମନ ଅର୍ପଣ କରିବା ସହ ମହାପ୍ରଭୁ ଶ୍ରୀବଳଦେବଜୀଉ ଓ ଶ୍ରୀଦଧିବାମନଜୀଉଙ୍କ ନିକଟରେ ବିନମ୍ର ପ୍ରାର୍ଥନା ।
-:ଶୋକସନ୍ତପ୍ତ:-
ପୁତ୍ର ବିଭୂତି ଭୂଷଣ କର, ମାନସରଞ୍ଜନ କର, ଦୁଇ ବୋହୂ, ନାତି ନାତୁଣୀ ଓ ବନ୍ଧୁ ପରିବାରବର୍ଗ ।

ଧ-୨୫୨୫

**ତୁମ ସ୍ମୃତିରେ**



**ନିରଞ୍ଜନ ମିଶ୍ର**

ଆବିର୍ଭାବ- ୨୭.୦୮.୧୯୩୩
ତିରୋଧାନ- ୧୦.୧୧.୨୦୧୯
ତୁମର ଅମର ଆତ୍ମାର ଶାନ୍ତି ଓ ସଦ୍‌ଗତି ନିମନ୍ତେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ନିକଟରେ ଆମର ବିନମ୍ର ପ୍ରାର୍ଥନା ।
**ଶୋକସନ୍ତପ୍ତ**
**ଧର୍ମପତ୍ନୀ (ସୁରମା) ଓ ଆତ୍ମୀୟସ୍ୱଜନ**

ଧ-୨୫୨୮

## ଘରୁ ଚିତିସାପ ଉଦ୍ଧାର

ବଇଣ୍ଡା,୯।୧୧(ପରିକ୍ଷିତ ସାହୁ)

ଅନୁଗୋଳ ଜିଲା କିଶୋରନଗର ବ୍ଲକ ହଣ୍ଡପା ଥାନା ଲୁହାମୁଣ୍ଡା ଗ୍ରାମର ଫକୀର ମୋହନ ସାହୁଙ୍କ ଘରୁ ଏକ ଚିତି ସାପ ରବିବାର ଉଦ୍ଧାର କରାଯାଇଛି। ସାପଟି ବାହାର ଅଞ୍ଚଳରୁ ଘର ଭିତରକୁ ଆସୁଥିବାର ଦେଖି ଫକୀରଙ୍କ ପରିବାର ଲୋକେ ଭୟରେ ବାହାରକୁ ପଳାଇ ଆସିଥିଲେ। ଏନେଇ ଫକୀର ସାପ ଉଦ୍ଧାରକାରୀ ମାଧପୁର ଅଞ୍ଚଳର ସିଦ୍ଧେଶ୍ୱର ରଥଙ୍କୁ ସୂଚନା ଦେଇଥିଲେ। ସିଦ୍ଧେଶ୍ୱର ଫକୀରଙ୍କ ଘରେ ପହଞ୍ଚି ସାପଟିକୁ ସୁରକ୍ଷିତ ଅବସ୍ଥାରେ ଉଦ୍ଧାର କରି ନିକଟରେ ଥିବା ଜଙ୍ଗଲରେ ଛାଡ଼ିଥିଲେ।

# ପଦା ହୋଇଯିବ ଜଙ୍ଗଲ, ଚାଲିଛି ଅବାଧ ଗଛକଟା

ବଇଣ୍ଡା,୯।୧୧(ପରିକ୍ଷିତ ସାହୁ)



ଅନୁଗୋଳ ଜିଲା ଆଠମଲ୍ଲିକ ବ୍ଲକ ଧଣ୍ଡାତୋପା ରେଞ୍ଜ ଅଧୀନରେ ଥିବା ମଇମୁରା ଜଙ୍ଗଲ ଏବେ ଅସୁରକ୍ଷିତ ହୋଇପଡ଼ିଛି । ଜଙ୍ଗଲରୁ ଅବାଧ କାଠ ଚାଲାଣ କରାଯାଉଥିବା ଯୋଗୁ ସ୍ଥାନୀୟ ଅଞ୍ଚଳରେ ଅସନ୍ତୋଷ ଦେଖାଦେଇଛି। ଏନେଇ ପୂର୍ବରୁ ଗ୍ରାମବାସୀ ବହୁବାର ଧଣ୍ଡାତୋପା ରେଞ୍ଜ କାର୍ଯ୍ୟାଳୟଠାରେ ଅଭିଯୋଗ କରିଥିଲେ ମଧ୍ୟ କୌଣସି ସୁଫଳ ମିଳିନାହିଁ, କି ବନ ବିଭାଗ ପକ୍ଷରୁ ଚଢ଼ାଉ କରାଯାଉନାହିଁ। ତେଣୁ ଶନିବାର ସ୍ଥାନୀୟ ଗ୍ରାମବାସୀ ଆଠମଲ୍ଲିକ ବନଖଣ୍ଡ ଅଧିକାରୀଙ୍କ ନିକଟରେ ଲିଖିତ ଅଭିଯୋଗ କରିଥିଲେ। ଗ୍ରାମବାସୀ ତାଙ୍କ ଅଭିଯୋଗପତ୍ରରେ ଦର୍ଶାଇଥିଲେ, ଆଠମଲ୍ଲିକ ବନ ଖଣ୍ଡର ଏହି ଜଙ୍ଗଲଟି ଘଞ୍ଚ ହୋଇ ରହିଥିବାବେଳେ ଏବେ ଅସୁରକ୍ଷିତ ହୋଇପଡ଼ିଛି। ଜଙ୍ଗଲରେ ୧୯୯୩ ମସିହାରେ ରାଜ୍ୟ ସରକାର ଓ ବନ ବିଭାଗ ପକ୍ଷରୁ ମିଳିତ ଭାବେ ଘଞ୍ଚ ଜଙ୍ଗଲ ସୃଷ୍ଟି ପାଇଁ ୧୧ ହଜାର ୭୬୫ଟି ଶାଳ, ଶାଗୁଆନ, ଶିଶୁ ଭଳି ମୁଲ୍ୟବାନ ଗଛ ଲଗାଯାଇଥିଲା । ଜଙ୍ଗଲଟି ଏବେ ଘଞ୍ଚ ହୋଇ ରହିଥିବା ଯୋଗୁ କାଠମାଫିଆଙ୍କ ନଜରରେ ପଡ଼ିଛି। ଫଳରେ କାଠମାଫିଆ ସକ୍ରିୟ ହୋଇ ଜଙ୍ଗଲରେ ଥିବା ମୂଲ୍ୟବାନ ଗଛକୁ ଅବାଧରେ କାଟି ଚାଲାଣ କରୁଛନ୍ତି। ବିଳମ୍ବିତ ରାତିରେ ଗଛଗୁଡିକୁ କାଟି ଜଙ୍ଗଲର ଗୁପ୍ତ ସ୍ଥାନରେ ରଖିବାପରେ ସେଥିରୁ ପଟ୍ଟା ପ୍ରସ୍ତୁତ କରି ନାମୀଦାମୀ ଗାଡ଼ିରେ ଜିଲା ତଥା ଜିଲା ବାହାରକୁ ଚାଲାଣ କରାଯାଉଛି । ବନ ବିଭାଗର କେତେଜଣ ଅଧିକାରୀଙ୍କୁ ହାତ କରି କାଠମାଫିଆ ଏହି କାରବାର କରୁଥିବା ସ୍ଥାନୀୟ ଅଞ୍ଚଳବାସୀ ଅଭିଯୋଗ କରିଛନ୍ତି। ବନ ବିଭାଗ ରାତ୍ରି ପାଟ୍ରୋଲିଂ କରୁ ନ ଥିବା ଯୋଗୁ ସେମାନେ ନିରାପଦରେ ଗଛ କାଟୁଛନ୍ତି। ତୁରନ୍ତ ଏଥିପ୍ରତି ବନ ବିଭାଗର ଉଚ୍ଚ ପଦାଧିକାରୀ ଦୃଷ୍ଟିଦେଇ ପଦକ୍ଷେପ ନେବାକୁ ଦାବି ହୋଇଛି। ଏନେଇ ଧଣ୍ଡାତୋପା ରେଞ୍ଜର ବବ୍ରୁବାହାନ ସାହୁ କହିଛନ୍ତି, ଜଙ୍ଗଲକୁ ସୁରକ୍ଷା ଯୋଗାଇ ଦିଆଯାଉଛି ।

## ଜାତୀୟ ଆଇନସେବା ଦିବସରେ ସଚେତନତା



ଆଠମଲ୍ଲିକ, ୯।୧୧ (ଉଦିପ୍ତ ପୁରୋହିତ)

ଆଠମଲ୍ଲିକ ନ୍ୟାୟାଳୟ ପରିସରରେ ଜାତୀୟ ଆଇନ ସେବା ଦିବସ ଉପଲକ୍ଷେ ଏକ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି । ଏହି ଶିବିରରେ ଅତିରିକ୍ତ ଜିଲା ଦୌରାଜଜ୍ ରଞ୍ଜନ କୁମାର ସୂତାର, ଅତିରିକ୍ତ ପବ୍ଲିକ୍ ପ୍ରସିକ୍ୟୁଟର ଅସିତ ରଞ୍ଜନ ଦେଓ, ଆଠମଲ୍ଲିକ ଓକିଲ ସଂଘ ସମ୍ପାଦକ ଅର୍ଜୁନ ରାଉଳ, କ୍ରିମିନାଲ କୋର୍ଟ ବାର ଆସୋସିଏଶନ ସମ୍ପାଦକ ସୁଧାଂଶୁ ଶେଖର ବେହେରା ପ୍ରମୁଖ ଯୋଗଦେଇ ଲିଗାଲ ସର୍ଭିସ ଅଥୋରିଟି ଆକ୍ଟ, ମେଡିଏସନ, ଲୋକ ଅଦାଲତ, ନ୍ୟାୟ ସଂଯୋଗ ଉପରେ ପୁଙ୍ଖାନୁପୁଙ୍ଖ ଆଲୋଚନା କରିଥିଲେ। କୋର୍ଟ କର୍ମଚାରୀ ଅମିତ କୁମାର ନାୟକ, ସିଦ୍ଧାର୍ଥ ମହାନ୍ତି ପ୍ରମୁଖ ସହଯୋଗ କରିଥିଲେ।

## ଦୁର୍ଘଟଣାରେ ମହିଳା ଗୁରୁତର, ଦ୍ରୁତଗତି ଅବରୋଧ ପାଇଁ ଦାବି

ଓଡ଼ାପଡ଼ା,୯।୧୧(ରଞ୍ଜିତ୍ ନାୟକ)

ହିନ୍ଦୋଳ ରୋଡ ବଜାର ମଧ୍ୟରେ ରବିବାର ଏକ ସଡ଼କ ଦୁର୍ଘଟଣାରେ ଢେଙ୍କାନାଳ ସଦର ଥାନା ଅନ୍ତର୍ଗତ ସାନ ନାଗନା ଗ୍ରାମର ରସାନନ୍ଦ ମଲ୍ଲିକଙ୍କର ସ୍ତ୍ରୀ ଗୁରୁତର ଆହତ ହୋଇ ଡାକ୍ତରଖାନାରେ ଚିକିତ୍ସିତ ହେଉଥିବା ଜଣାପଡିଛି। ସେ ଗୁଡିଆକାଟେଣି ଆଡୁ ଢେଙ୍କାନାଳ ଅଭିମୁଖେ ଏକ ବଇକ୍‌ରେ ଯାଉଥିବାବେଳେ ହିନ୍ଦୋଳ ରୋଡ ବଜାର ମଧ୍ୟରେ ଏକ ଅଜଣା କାର ତାଙ୍କୁ ଧକ୍କା ଦେଇଥିଲା। ଫଳରେ ପଛରୁ ଆସୁଥିବା ଏକ ବସ୍ ଚକା ତଳେ ପଡ଼ିଯିବାରୁ ତାଙ୍କ ଗୋଡ଼ ଉପରେ ବସ୍‌ର ପଛ ଚକା ଚଢିଯାଇଥିଲା। ଚିକିତ୍ସା ନିମନ୍ତେ ହିନ୍ଦୋଳ ରୋଡ ଦମକଳ ବାହିନୀ ଢେଙ୍କାନାଳ ଡାକ୍ତରଖାନାକୁ ନେଇଯାଇଥିଲା। ପ୍ରାଥମିକ ଚିକିତ୍ସା ପରେ ଡାକ୍ତର ତାଙ୍କୁ କଟକ ବଡ ଡାକ୍ତରଖାନାକୁ ସ୍ଥାନାନ୍ତରିତ କରିଥିବା ଜଣାପଡିଛି। ବ୍ଲକ୍ ସ୍ତରୀୟ ସମସ୍ତ କାର୍ଯ୍ୟାଳୟ ୫୫ ନମ୍ବର ଜାତୀୟ ରାଜପଥର ଉଭୟ ପାର୍ଶ୍ୱରେ ଥିବାରୁ ପ୍ରତିଦିନ ହିନ୍ଦୋଳ ରୋଡ ବଜାର ମଧ୍ୟରେ ଜନ ଗହଳି ହୋଇଥାଏ। ଫଳରେ ପ୍ରତିଦିନ କିଛି ନା କିଛି ଦୁର୍ଘଟଣା ଘଟି ଧନଜୀବନ ହାନି ହେଉଛି। ତେଣୁ ସ୍ପିଡ ବ୍ରେକର ଲଗାଇ ଦ୍ରୁତଗତିରେ ଚଳାଚଳ କରୁଥିବା ଯାନବାହନକୁ ନିୟନ୍ତ୍ରିତ କରିବା ପାଇଁ ହିନ୍ଦୋଳ ରୋଡ ବଜାର ସହିତ ଜନସାଧାରଣ ଦାବି କରିଛନ୍ତି।

## ଅନୁଗୋଳରେ ଶୀତ ଲହରି ଆରମ୍ଭ

**ରବିବାର ସର୍ବନିମ୍ନ ତାପମାତ୍ରା ୧୪.୬**

ଅନୁଗୋଳ,୯।୧୧(ଦିବ୍ୟଶାନ୍ତନୁ ନାଥ)

ଶିଳ୍ପନଗରୀ ଅନୁଗୋଳରେ ଚଳିତ ବର୍ଷ ବିଳମ୍ବରେ ଶୀତ ଅନୁଭୂତ ହୋଇଛି। କାର୍ତ୍ତିକ ମାସସାରା ବର୍ଷାଭିଜା ଅବସ୍ଥାରେ କଟିଥିବା ବେଳେ ମାର୍ଗଶିର ମାସ ଆରମ୍ଭରୁ ଶୀତ ପ୍ରକୋପ ବଢିଛି। କ୍ରମାଗତ ଭାବେ ଦୁଇଦିନ ହେବ ତାପମାତ୍ରା ହ୍ରାସ ଘଟୁଥିବା ଦେଖାଯାଇଛି। ଶନିବାର ଅନୁଗୋଳରେ ତାପମାତ୍ରା ୧୫ ଡିଗ୍ରୀ ରେକର୍ଡ କରାଯାଇଛି। ସେହିପରି ରବିବାର ସର୍ବନିମ୍ନ ତାପମାତ୍ରା ୧୪.୬କୁ ପାରଦ ଖସିଥିବା ଜଣାପଡିଛି। ସହରଠାରୁ ଗ୍ରାମାଞ୍ଚଳ ସବୁଠାରେ ସଞ୍ଜ ହେବା ମାତ୍ରେ ଶୀତର ଲହରୀ ବହୁଥିବା ଦେଖାଯାଇଛି। ସାତକୋଶିଆ ମଧ୍ୟରେ ଥିବା ଗାଁଗୁଡିକରେ ଶୀତର ମାତ୍ରା ଅଧିକ ଅନୁଭୂତ ହେଉଥିବା ଅଞ୍ଚଳବାସୀ ପ୍ରକାଶ କରିଛନ୍ତି। ଆଗାମୀ ଦିନରେ ଶୀତର ପ୍ରକୋପ ବୃଦ୍ଧିହେବ ବୋଲି ଜିଲା ପାଣିପାଗ ବିଭାଗ ପକ୍ଷରୁ ଜଣାପଡିଛି।

## ଚାଳକ ଗିରଫ, ବାଇକ୍ ଜବତ

ବଇଣ୍ଡା,୯।୧୧(ପରିକ୍ଷିତ ସାହୁ)

ଅନୁଗୋଳ ଜିଲା ହଣ୍ଡପା ପୋଲିସ ଶନିବାର ହଣ୍ଡପା ଅଞ୍ଚଳରେ ଗାଡ଼ିମୋଟର ଯାଞ୍ଚ କରିଛି । ଉଭୟ ପାର୍ଶ୍ୱରୁ ଆସୁଥିବା ସମସ୍ତ ବାଇକ୍‌କୁ ଅଟକାଇ ଯାଞ୍ଚ କରାଯାଇଥିଲା । ଏହି ସମୟରେ ମଦ୍ୟପାନ କରି ବାଇକ୍ ଚଲାଉଥିବା ଅଭିଯୋଗରେ ହିଞ୍ଜିରିଡ଼ା ଗ୍ରାମର ସୁମନ୍ତ ବେହେରାଙ୍କୁ ଗିରଫ କରାଯିବା ସହ ତାଙ୍କ ବାଇକ୍‌କୁ ଜବତ କରାଯାଇଛି । ପୋଲିସ କହିଛି, ସୁମନ୍ତ ମଦ୍ୟପାନ କରି ଦ୍ରୁତଗତିରେ ବାଇକ୍ ଚଲାଉଥିବାରୁ ପୋଲିସ ତାଙ୍କୁ ଯାଞ୍ଚକରି ଗିରଫ କରିଥିଲା।

# ମଦ ବିକିଲେ ୪୦ ହଜାର ଜରିମାନା

**ମହିଳା ସଂଘର ମଦବିରୋଧୀ ଅଭିଯାନ**

ଅନୁଗୋଳ, ଛେଣ୍ଡିପଦା, ୯।୧୧
(ମାନସ ବିଶ୍ୱାଳ/ଅଜିତ ଧଳ)




ଅନୁଗୋଳ ସହର ଉପକଣ୍ଠ ଅଞ୍ଚଳ ବଡ଼ହିଂସର ପଞ୍ଚାୟତର ମହିଳା ମହାସଂଘ ଦ୍ୱାରା ମଦବିରୋଧୀ ଅଭିଯାନ ଆରମ୍ଭ ହୋଇଛି। ଜିଲା ଅବକାରୀ ବିଭାଗଠାରୁ ଆରମ୍ଭ କରି ପ୍ରଶାସନର ଦ୍ୱାରସ୍ଥ ପରେ ମଧ୍ୟ ସଫଳତା ନ ମିଳିବାରୁ ମହିଳାମାନେ ଏକତ୍ରିତ ହୋଇ ଏହି ଅଭିଯାନ ଆରମ୍ଭ କରିଛନ୍ତି। ଗାଁ ଗାଁରେ ବୁଲି ମଦୁଆ ଏବଂ ବ୍ୟବସାୟୀଙ୍କୁ ସଚେତନ କରିଛନ୍ତି। କୌଣସି ବ୍ୟକ୍ତି ମଦ ପିଇବାର ପ୍ରମାଣ ମିଳିଲେ ତାଙ୍କୁ ୧୦ ହଜାର ଓ ମଦ ବିକ୍ରି କରୁଥିବା ପ୍ରମାଣ ମିଳିଲେ ୪୦ ହଜାର ଟଙ୍କା ଜରିମାନା ଦେବେ ବୋଲି ମହିଳାମାନେ ଚେତାବନୀ ଦେଇଛନ୍ତି।

ମଦ ନ ପିଇବାକୁ ସେମାନେ ସମସ୍ତଙ୍କୁ ନିବେଦନ କରିଛନ୍ତି। ଏଥିସହିତ ମଦ ପିଇଲେ କ'ଣ କ୍ଷତି ହୁଏ ସେନେଇ ମଧ୍ୟ ପ୍ଲାକାର୍ଡ ଧରି, ସ୍ଲୋଗାନ ଦେଇ ଗାଁ ଗାଁ ବୁଲି ସଚେତନତା ଶୋଭାଯାତ୍ରା କରିଛନ୍ତି। ବଡ଼ହିଂସର ଗ୍ରାମ ଖମ୍ଭେଶ୍ୱର ଠାକୁରାଣୀଙ୍କ ପୀଠରେ ମହିଳାମାନେ ଏକତ୍ରିତ ହୋଇଥିଲେ। ସଂଗଠନର ସଭାନେତ୍ରୀ ଅମ୍ବିକା ସାହୁ, ସମ୍ପାଦିକା ମମତା ସାହୁ ଓ ନାଏବ ସରପଞ୍ଚ କ୍ଷୀରୋଦିନୀ ବେହେରାଙ୍କ ତତ୍ତ୍ୱାବଧାନରେ ଶୋଭାଯାତ୍ରା ଆରମ୍ଭ ହୋଇଥିଲା। ବଡ଼ହିଂସର ଗ୍ରାମରୁ ଶୋଭାଯାତ୍ରା ବାହାରି ନାକଚିନିପାଳ ଏବଂ ବିମଳଗଡ଼ ଗାଁ ପରିକ୍ରମା କରି ପୁଣି ବଡ଼ହିଂସର କୋଠଘରଠାରେ ପହଞ୍ଚିଥିଲା। ଅତିଥି ଭାବରେ ଯୋଗଦେଇଥିବା ଅଲ୍ ଇଣ୍ଡିଆ ମହିଳା ସାଂସ୍କୃତିକ ସଂଗଠନର ଜିଲା ସଭାନେତ୍ରୀ ମନ୍ଦୋଦରୀ ରାଉଳ ମଦ ପିଇବାର କୁପରିଣାମ ଉପରେ ଆଲୋକପାତ କରିଥିଲେ। ଏହି କାର୍ଯ୍ୟକ୍ରମରେ ଦେବାଶିଷ ପ୍ରଧାନ, ମୁକ୍ତା ସାହୁ, ବିଶ୍ୱନାଥ ସାହୁ, ଆଶାମତି ପ୍ରଧାନ, ଦୁଷ୍ମନ୍ତ ପ୍ରଧାନ, ସୌଦାମିନୀ ସାହୁ, ଲୋଚନ ପ୍ରଧାନ, ରଶ୍ମିତା ସାହୁ ପ୍ରମୁଖ ସହୋଯାଗ କରିଥିଲେ।

## ନିମ୍ନମାନର ପିଚୁ କାମ ଅଭିଯୋଗ

ବଇଣ୍ଡା,୯।୧୧(ପରିକ୍ଷିତ ସାହୁ)

ଅନୁଗୋଳ ଜିଲା କିଶୋରନଗର ବ୍ଲକ ବଇଣ୍ଡା ଛକରେ ଜାତୀୟ ରାଜପଥ ବିଭାଗ ପକ୍ଷରୁ କରାଯାଉଥିବା ପିଚୁ କାମ ଅତି ନିମ୍ନମାନର ହେଉଥିବା ଶନିବାର ବଇଣ୍ଡା ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଏନେଇ ଜାତୀୟ ରାଜପଥ ବିଭାଗ ସମ୍ବଲପୁର ପିଡିଙ୍କୁ ମେଲ ଜରିଆରେ ଅଭିଯୋଗ କରିଛନ୍ତି । ଗ୍ରାମବାସୀ ତାଙ୍କ ଅଭିଯୋଗ ପତ୍ରରେ ଉଲ୍ଲେଖ କରିଛନ୍ତି, ବଇଣ୍ଡାଠାରେ ଜାତୀୟ ରାଜପଥ ବିଭାଗ ପକ୍ଷରୁ ନିର୍ମାଣ ହୋଇଥିବା ଫ୍ଲାଏ ଓଭର ବ୍ରିଜର ତଳ ପାର୍ଶ୍ୱରେ ଠିକାସଂସ୍ଥା ପକ୍ଷରୁ ପିଚୁ କାମ କରାଯାଉଛି । ଏହି ପିଚୁ କାମ ପୂର୍ବରୁ ତଳେ ପିଚୁ ନ ପକାଇ ରାସ୍ତା ନିର୍ମାଣ ହେଉଛି। ଯେଉଁ ଅଞ୍ଚଳ ପିଚୁ କାମ ହୋଇଛି ସେହି ଅଞ୍ଚଳରେ ସମତଳ ଠିକ୍ ଭାବେ ହୋଇନାହିଁ । ଫଳରେ ବର୍ଷା ଦିନେ ପାଣି ଜମିବା ଆଶଙ୍କା କରାଯାଇଛି । କାମ ଅତି ନିମ୍ନମାନର କରାଯାଉଥିବାବେଳେ ଜାତୀୟ ରାଜପଥ ବିଭାଗର କୌଣସି ଅଧିକାରୀ ତଦାରଖ କରୁ ନ ଥିବା ଅଭିଯୋଗ ହୋଇଛି । ତୁରନ୍ତ ଉକ୍ତ କାମର ତଦନ୍ତ କରିବା ପାଇଁ ଅଞ୍ଚଳବାସୀ ଦାବି କରିଛନ୍ତି । ଏନେଇ ଠିକାସଂସ୍ଥା ପରିଚାଳକ ତ୍ରିଲୋଚନ ବେହେରାଙ୍କୁ ପଚାରିବାରୁ କାମ ଠିକ ହେଉଛି କହି ପ୍ରସଙ୍ଗକୁ ଏଡ଼ାଇ ଦେଇଥିଲେ।



## କୁଲାଡ଼ ଟ୍ରକ୍ ମାଲିକ ସଂଘ ସଦସ୍ୟ ନିର୍ବାଚିତ



ବଆଁରପାଳ,୯।୧୧(ସୁବାସ ଚନ୍ଦ୍ର ସାହୁ)

ଅନୁଗୋଳ ଜିଲା ବଆଁରପାଳ ବ୍ଲକ କୁଲାଡ ଗ୍ରାମ କୁଲାଡ଼ ଟ୍ରକ ମାଲିକ ସଂଘର ନିର୍ବାଚନ ଆସନ୍ତା ୨ବର୍ଷ ପାଇଁ ରବିବାର ଅନୁଷ୍ଠିତ ହୋଇଯାଇଛି। ସଂଘର ମୋଟ ୨୨୭ଜଣ ସଦସ୍ୟ ମଧ୍ୟରୁ ୨୨୩ଜଣ ଭୋଟର ସେମାନଙ୍କ ମତଦାନ ସାବ୍ୟସ୍ତ କରିଥିଲେ। ମତଦାନ କାର୍ଯ୍ୟ ସକାଳ ୯ରୁ ଆରମ୍ଭ ହୋଇ ସନ୍ଧ୍ୟା ୫ରେ ସମାପ୍ତ ହୋଇଥଲା। ସଭାପତି ପଦ ପାଇଁ ପ୍ରତିଦ୍ୱନ୍ଦିତା କରୁଥିବା ସଦସ୍ୟ ମନୋରଞ୍ଜନ ଜେନା ୧୬୯ ଭୋଟ ପାଇ ପ୍ରତିଯୋଗୀ ଅଭୟ ସିଂଙ୍କ ଠାରୁ ବିଜୟୀ ହୋଇଥିଲେ। ସେହିପରି ସମ୍ପାଦକ ପାଇଁ ଲଢୁଥିବା ରାଜୀବ ଜେନା ତାଙ୍କର ନିକଟତମ ପ୍ରତିଦ୍ୱନ୍ଦୀ ବାବୁଲି ସ୍ୱାଇଁଙ୍କ ଠାରୁ ୧୩୦ଖଣ୍ଡ ଭୋଟରେ ବିଜୟୀ ହୋଇଛନ୍ତି। ଉପସଭାପତି ପାଇଁ ତପନ ସାମନ୍ତ ସିଂ ତାଙ୍କ ନିକଟତମ ପ୍ରତିଦ୍ୱନ୍ଦୀ ତପନ କୁମାର ଜେନାଙ୍କ ଠାରୁ ୨୦ଖଣ୍ଡ ଭୋଟରେ ବିଜୟୀ ହୋଇଛନ୍ତି। ସହ ସମ୍ପାଦକ ପାଇଁ ଲଢୁଥିବା ସରୋଜ କୁମାର ଜେନା ତାଙ୍କ ନିକଟତମ ପ୍ରତିଦ୍ୱନ୍ଦୀ ରାକେଶ କୁମାର ଦେହୁରୀଙ୍କ ଠାରୁ ୧୩୨ ଖଣ୍ଡ ଓ କୋଷାଧ୍ୟକ୍ଷ ପାଇଁ ନିର୍ବାଚନ ଲଢୁଥିବା ପ୍ରକାଶ ଚନ୍ଦ୍ର ଜେନା ତାଙ୍କର ନିକଟତମ ପ୍ରତିଦ୍ୱନ୍ଦୀ ମୁକେଶ ଜେନାଙ୍କ ଠାରୁ ୧୦୭ ଖଣ୍ଡ ଭୋଟ ପାଇ ବିଜୟୀ ହୋଇଥିଲେ। ନିର୍ବାଚନ ଅଧିକାରୀ ଭାବେ ବରିଷ୍ଠ ଓକିଲ ପ୍ରମୋଦ କୁମାର ପ୍ରଧାନ ପରିଚାଳନା କରିଥିଲେ। ଅସ୍ଥାୟୀ କମିଟି ପକ୍ଷରୁ ସତ୍ୟବ୍ରତ ସ୍ୱାଇଁ, ବ୍ରହ୍ମାନନ୍ଦ ଜେନା, କୃତାର୍ଥ ଗଡ଼ନାୟକ, ବିପ୍ଳବ ଜେନା, ଅଞ୍ଜନ ପ୍ରଧାନ, ତରୁଣ ସ୍ୱାଇଁ ସହଯୋଗ କରିଥିଲେ। ସୁରକ୍ଷା ଦୃଷ୍ଟିରୁ ନାଲ୍‌କୋ ପୋଲିସ ସହଯୋଗ କରିଥିଲା।

## ସ୍ମାର୍ଟ ମିଟରକୁ ଆଠମଲ୍ଲିକ ଓକିଲ ସଂଘର ବିରୋଧ

ବଇଣ୍ଡା,୯।୧୧(ପରିକ୍ଷିତ ସାହୁ)



ଅନୁଗୋଳ ଜିଲା ଆଠମଲ୍ଲିକ ଓ କିଶୋରନଗର ବ୍ଲକର ସମସ୍ତ ଗ୍ରାମରେ ବର୍ତ୍ତମାନ ବିଦ୍ୟୁତ୍ ବିଭାଗ ପକ୍ଷରୁ ସ୍ମାର୍ଟ ମିଟର ଲଗାଯାଉଛି। ଟାଟା ଦାୟିତ୍ୱ ନେବାପରେ ସାଧାରଣ ଲୋକଙ୍କୁ ଲୁଟିବା ପାଇଁ ବିଭିନ୍ନ ଅଞ୍ଚଳରେ ସ୍ମାର୍ଟ ମିଟର ଲଗାଉଥିବା ଆଠମଲ୍ଲିକ ଓକିଲ ସଂଘ ପକ୍ଷରୁ ଅଭିଯୋଗ କରିଛନ୍ତି। ଏନେଇ ସଂଘ ପକ୍ଷରୁ ଶନିବାର ସଭାପତି ସୁଶାନ୍ତ ମହାପାତ୍ର ଏକ ପ୍ରେସ୍ ଇସ୍ତାହାରରେ ଜଣାଇଛନ୍ତି । ସଂଘ ପକ୍ଷରୁ କୁହାଯାଇଛି, ବର୍ତ୍ତମାନ ଟାଟା ଲୋକଙ୍କୁ ଠିକ୍ ଭାବେ ବିଦ୍ୟୁତ୍ ବଣ୍ଟନ କରୁନାହିଁ । ଅନେକ ଜଙ୍ଗଲ ଅଧୁଷିତ ଅଞ୍ଚଳକୁ ୨୪ ଘଣ୍ଟିଆ ବିଦ୍ୟୁତ୍ ସେବା ଯୋଗାଇ ଦେଉ ନାହିଁ । ଏପରିକି ଜନ୍ତୁ ଶିକାର ବାହାନାରେ ୧୦ ଘଣ୍ଟାରୁ ଉର୍ଦ୍ଧ୍ୱ ସମୟ ବିଦ୍ୟୁତ୍ କାଟ କରୁଛି। ସେବା ଠିକ୍ ଭାବେ ଯୋଗାଇ ଦିଆଯାଉ ନ ଥିବାବେଳେ ଉପଭୋକ୍ତାଙ୍କ ଘରେ ସ୍ମାର୍ଟ ମିଟର ଲଗାଯାଉଛି। ବିଦ୍ୟୁତ୍ ବିଭାଗର କେତେଜଣ କର୍ମଚାରୀ ଭଲ ମିଟରକୁ ବାହାର କରି ଅଚଳ ଦର୍ଶାଇ ସ୍ମାର୍ଟ ମିଟର ଲଗାଇ ଦେଉଛନ୍ତି । ମିଟର ଲାଗିବାର କିଛିବର୍ଷ ପରେ ଲୋକଙ୍କୁ ଲୁଟିବା ସହ ଅଯଥା ଲାଇନ୍ କାଟି ହଇରାଣ କରିବା ପାଇଁ ଯୋଜନା କରାଯାଇଥିବା ସଂଘ ଅଭିଯୋଗ କରିଛି। ଆଠମଲ୍ଲିକ ଓ କିଶୋରନଗର ବ୍ଲକରେ ମାତ୍ରାଧିକ ସ୍ମାର୍ଟ ମିଟର ଲଗାଯାଇଛି। ମିଟରଗୁଡିକ ତୁରନ୍ତ ବଦଳାଇବା ସହ ସ୍ମାର୍ଟ ମିଟର ଲଗାଇଲେ ସଂଘ ପକ୍ଷରୁ ଆନ୍ଦୋଳନ କରାଯିବା ସହ କାର୍ଯ୍ୟାଳୟ ଘେରାଉ କରାଯିବ ବୋଲି ସଂଘ ଚେତାବନୀ ଦେଇଛି । ଏନେଇ ବଇଣ୍ଡା ବିଦ୍ୟୁତ୍ ବିଭାଗ ଏସ୍‌ଡିଓ ଅକ୍ଷୟ କୁମାର ସାହୁ କହିଛନ୍ତି, ଟାଟା ପକ୍ଷରୁ ମିଟରଗୁଡିକ ଲଗାଯାଉଛି । ଯାହା ଟାଟା ନିଷ୍ପତ୍ତି ନେବ ତାହା ଆମେ ପାଳନ କରିବୁ।

## ଛେଣ୍ଡିପଦା ମଣ୍ଡଳ ଜୟ ଜଗନ୍ନାଥ ସେବା ସଂଘର ବୈଠକ

ଛେଣ୍ଡିପଦା,୯।୧୧ (ଅଜିତ ଧଳ)



ଅନୁଗୋଳ ଜିଲା ଛେଣ୍ଡିପଦା ମଣ୍ଡଳ ଜୟ ଜଗନ୍ନାଥ ସେବା ସଂଘ ପକ୍ଷରୁ ରବିବାର ଛେଣ୍ଡିପଦାସ୍ଥିତ ଯୋଗକେନ୍ଦ୍ରଠାରେ ସାଧାରଣ ବୈଠକ ଅନୁଷ୍ଠିତ ହୋଇଯାଇଛି । ଉକ୍ତ ବୈଠକରେ ଜଗନ୍ନାଥ ସେବା ସଂଘର ପୂର୍ବତନ ସଭାପତି ବିପିନି ବିହାରୀ ନାଥଙ୍କ ସଭାପତିତ୍ୱରେ ବୈଠକ ଅନୁଷ୍ଠିତ ହୋଇଥିଲା। ସଂଘର ପୂର୍ବତନ ସାଧାରଣ ସମ୍ପାଦକ ଅଧ୍ୟାପକ ବୁଦ୍ଧଦେବ ପ୍ରଧାନ ଗତ ପୁରୀ ରଥଯାତ୍ରା ଉପଲକ୍ଷେ ଯେଉଁ ସେବା କାର୍ଯ୍ୟକ୍ରମ ହୋଇଥିଲା ତାହାର ଆୟବ୍ୟୟର ହିସାବ ପ୍ରଦାନ କରିଥିଲେ। ପରେ ସଂଘର ନୂତନ କର୍ମକର୍ତ୍ତା ମନୋନୟନ ହୋଇଥିଲା। ସର୍ବସମ୍ମତି କ୍ରମେ ସଭାପତି ଭାବେ ଅବସରପ୍ରାପ୍ତ ଶିକ୍ଷକ ବିପିନି ବିହାରୀ ନାଥ, ଉପସଭାପତି ଭାବେ ଅବସରପ୍ରାପ୍ତ ଅଧ୍ୟାପକ ବିଭୂତି ଭୂଷଣ ମହାପାତ୍ର, ସାଧାରଣ ସମ୍ପାଦକ ପାଇଁ ଅଧ୍ୟାପକ ବୁଦ୍ଧଦେବ ପ୍ରଧାନ, ସହସମ୍ପାଦକ ଭାବେ ସୁଜିତ କୁମାର ଗଡ଼ନାୟକ ଓ କୋଷାଧ୍ୟକ୍ଷ ଭାବେ ସୁଜିତ କୁମାର ସାହୁଙ୍କୁ ମନୋନୟନ କରାଯାଇଛି । ନୂତନ ଉପଦେଷ୍ଟା କମିଟି ଓ ସଦସ୍ୟ ଭାବେ ରାଜକିଶୋର ସାହୁ, ପ୍ରମୋଦ କୁମାର ବେହେରା ଚକ୍ରଧର ପ୍ରଧାନ, ରମାକାନ୍ତ ସାହୁ, ଯଶୋବନ୍ତ ପ୍ରସାଦ ବେହେରା, ଗଣେଶ୍ୱର ପ୍ରଧାନଙ୍କୁ ମନୋନୀତ କରାଯାଇଥିଲା । ନାରାୟଣ ସାହୁ, ଅଜିତ ପ୍ରଧାନ, କୁମୁଦ ଜେନା, ସତ୍ୟବାଦୀ ପ୍ରଧାନ, ଲକ୍ଷ୍ମୀଧର ସାହୁ, ସହଦେବ ମାଝୀ, ସୁକ୍ରୁ ସାହୁ, ପ୍ରକାଶ ସାହୁ, ପତିତପାବନ ସାହୁ, କାତୁନାଥ ସାହୁ, ଋଷଭ ସାହୁ, ମହେଶ୍ୱର ସାହୁ, ମାନସ ରଞ୍ଜନ ସାହୁ, ମୀନକେତନ ସାହୁ, ଲଳିତ ମୋହନ ଗଡ଼ନାୟକ, ଉମେଶ ମାଝୀ ପ୍ରମୁଖ ସହଯୋଗ କରିଥିଲେ। ଶେଷରେ ଉମାକାନ୍ତ ତ୍ରିପାଠୀ ଧନ୍ୟବାଦ ପ୍ରଦାନ କରିଥିଲେ।

## କୋଇଲା ପରିବହନ ପାଇଁ ସ୍ୱତନ୍ତ୍ର ରାସ୍ତା ଦାବିକଲେ କୋଶଳା ଗ୍ରାମବାସୀ

ଛେଣ୍ଡିପଦା,୯।୧୧ (ଅଜିତ ଧଳ)



ଛେଣ୍ଡିପଦାରୁ ଅନୁଗୋଳ ଯାଇଥିବା ୬୩ନଂ ରାଜ୍ୟ ରାଜପଥରେ କୋଇଲା ପରିବହନ ପାଇଁ ସ୍ୱତନ୍ତ୍ର ରାସ୍ତା ନିର୍ମାଣ ଦାବି ନେଇ କୋଶଳା ଗ୍ରାମବାସୀଙ୍କ ପକ୍ଷରୁ ରବିବାର ଏକ ଜରୁରୀ ବୈଠକ ଅନୁଷ୍ଠିତ ହୋଇଯାଇଛି । କୋଶଳା ଗ୍ରାମ ସଭାପତି କତାର୍ଥ ଦେହୁରୀଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଆୟୋଜିତ ବୈଠକରେ ଛେଣ୍ଡିପଦାରୁ ଅନୁଗୋଳ ଯାଇଥିବା ୬୩ ନଂ ରାଜ୍ୟ ରାଜପଥରେ ସରକାର କୋଇଲା ପରିବହନ ପାଇଁ ଲୋକଙ୍କ ଜୀବନ ଜୀବିକା ପ୍ରତି ଧ୍ୟାନ ଦେଉ ନ ଥିବା ସେମାନେ ଅଭିଯୋଗ କରିଛନ୍ତି। ଛେଣ୍ଡିପଦା ବ୍ଲକରେ ଏବେ ୫ଟି କୋଲବ୍ଲକ୍‌ରୁ କୋଇଲା ଉତ୍ତୋଳନ କରାଯାଉଛି। ଖୁବଶୀଘ୍ର ଆଉ ୨ରୁ ୩ କୋଇଲା ଖଣି ଆରମ୍ଭ ହେବ। ହେଲେ କୌଣସି କମ୍ପାନୀ କୋଇଲା ପରିବହନକୁ ନେଇ ସ୍ୱତନ୍ତ୍ର ବ୍ୟବସ୍ଥା ନ କରି ଏହି ରାସ୍ତାକୁ ବ୍ୟବହାର କରୁଛନ୍ତି। ଫଳରେ ରାସ୍ତାର ଅବସ୍ଥା ଶୋଚନୀୟ ହେବା ସହିତ ଅନେକ ସମୟରେ ଛୋଟ ବଡ଼ ଦୁର୍ଘଟଣା ଘଟି ଲୋକଙ୍କର ଜୀବନ ଯାଉଛି। ଆଗକୁ ଏହି ରାସ୍ତା ଦେଇ ହଜାର ହଜାର କୋଇଲା ଟ୍ରକ ଯାତାୟତ କରିବ। ଫଳରେ ରାସ୍ତାର ଅବସ୍ଥା ଶୋଚନୀୟ ହେବ। ଛେଣ୍ଡିପଦାରୁ ଅନୁଗୋଳ ୪୦ କିମି ଦୂର ଅତିକ୍ରମ କରିବାକୁ ୩ଘଣ୍ଟାରୁ ଅଧିକ ସମୟ ଲାଗୁଛି । ଜରୁରୀ କାମରେ ଗଲେ ଗନ୍ତବ୍ୟ ସ୍ଥଳରେ ଠିକ ସମୟରେ ପହଞ୍ଚିବା ସମ୍ଭବ ହେଉ ନାହିଁ ବୋଲି ଗ୍ରାମବାସୀ ବୈଠକରେ ଅସନ୍ତୋଷ ପ୍ରକାଶ କରିଛନ୍ତି। ତେଣୁ ଗାଁ ଓ ବଜାର ମଧ୍ୟରେ କୋଇଲା ପରିବହନ ନ କରି ସ୍ୱତନ୍ତ୍ର ରାସ୍ତା ନିର୍ମାଣ ପାଇଁ ଜିଲାପାଳଙ୍କୁ ଲିଖିତ ଅଭିଯୋଗ କରିବା ପାଇଁ ନିଷ୍ପତ୍ତି ନେଇଛନ୍ତି। ଯେ ପର୍ଯ୍ୟନ୍ତ ସ୍ୱତନ୍ତ୍ର ରାସ୍ତା ନିର୍ମାଣ କରା ନ ଯାଇଛି ସେ ପର୍ଯ୍ୟନ୍ତ ଗ୍ରାମଦେଇ କୋଇଲା ପରିବହନ କରାଇ ଦିଆଯିବ ନାହିଁ ବୈଠକରେ ଗ୍ରାମବାସୀ ନିଷ୍ପତ୍ତି ନେଇଛନ୍ତି। ଯଦି ପ୍ରଶାସନ ପକ୍ଷରୁ ଉକ୍ତ ରାସ୍ତାଦେଇ କୋଇଲା ପରିବହନ ପାଇଁ ଅନୁମତି ଦିଆଯାଏ ତେବେ ଗ୍ରାମର ସମସ୍ତ ପରିବାର ରାଜରାସ୍ତାରେ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଧାରଣା ଦେବେ ବୋଲି ନିଷ୍ପତି ନେଇଛନ୍ତି । ଏହି ବୈଠକରେ ଗ୍ରାମ ସମ୍ପାଦକ ସିଦ୍ଧାର୍ଥ ଶଙ୍କର ସାହୁ, ସରପଞ୍ଚ ଉଦିତ କୁମାର ପ୍ରଧାନ, ଆଞ୍ଚଳିକ ଅବସରପ୍ରାପ୍ତ କର୍ମଚାରୀ ସଂଘର ବାମଦେବ ସାହୁଙ୍କ ସମେତ କୋଶଳାରେ ଥିବା ସମସ୍ତ ଯୁବକ ସଂଘ, ପୂଜା କମିଟର କର୍ମକର୍ତ୍ତା ସାମିଲ ଥିଲେ।

ଧରିତ୍ରୀ 51 Years

# ଧରିତ୍ରୀ
DHARITRI

www.orissakhabar.com/ www.dharitri.com ପୃଷ୍ଠା ୧୨ Press Regd. No. R.N. 21326/74 Postal Regd. No. BN/42/24-26. ଭୁବନେଶ୍ୱର, ସୋମବାର, ନଭେମ୍ବର ୧୦/୨୦୨୫ Bhubaneswar, Monday, November 10/ 2025




# ଓଡ଼ିଶାରେ ହେବ ବିଚ୍ ଭଲିବଲ ଚ୍ୟାଲେଞ୍ଜର ଟ୍ରଫି

**ଭୁବନେଶ୍ୱର, ୯।୧୧ (ତପନ ସ୍ୱାଇଁ)**



କଟକରେ ରବିବାର ଅନୁଷ୍ଠିତ ବୈଠକରେ ଉପସ୍ଥିତ ଅତିଥି ଓ କର୍ମକର୍ତ୍ତା।

ଓଡ଼ିଶା ଭଲିବଲ ଆସୋସିଏଶନ (ଓଭିଏ)ର କାର୍ଯ୍ୟକାରିଣୀ ତଥା ବାର୍ଷିକ ସାଧାରଣ ବୈଠକ ରବିବାର କଟକସ୍ଥିତ ଓସିଏ କନ୍‌ଫରେନ୍ସ ହଲ୍‌ରେ ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ ଭଲିବଲର ବିକାଶ ପାଇଁ ଅନେକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନିଆଯାଇଛି। ତନ୍ମଧ୍ୟରୁ ଓଡ଼ିଶାରେ ଏଫ୍‌ଆଇଭିବି (ଅନ୍ତର୍ଜାତୀୟ ଭଲିବଲ ଫେଡେରେଶନ) ବିଚ୍ ଭଲିବଲ ଚ୍ୟାଲେଞ୍ଜର ଟ୍ରଫି ଆୟୋଜନ ଅନ୍ୟତମ। ୨୦୨୬ ଫେବୃଆରୀ ଶେଷ ଭାଗରେ ଏହି ପ୍ରତିଯୋଗିତା ଆୟୋଜନ ହେବ ଏବଂ ଏହି ଗ୍ଲୋବାଲ ଇଭେଣ୍ଟରେ ୪୦ ଦେଶର ପ୍ରତିଯୋଗୀ ଅଂଶଗ୍ରହଣ କରିବେ। ଏହା ବ୍ୟତୀତ ଏକ ୪ ଦିନିଆ ମହିଳା କୋଚେସ ଟ୍ରେନିଂ ପ୍ରୋଗ୍ରାମ ଆୟୋଜନ ପାଇଁ ମଧ୍ୟ ନିଷ୍ପତ୍ତି ନିଆଯାଇଛି। 'କନ୍ୟା କିରଣ' ନାମରେ ଏହି ପ୍ରୋଗ୍ରାମ ଡିସେମ୍ବର ୧୧ରୁ ୧୪ ପର୍ଯ୍ୟନ୍ତ ଭୁବନେଶ୍ୱରରେ ଆୟୋଜିତ ହେବ। ଏଫ୍‌ଆଇଭିବି ଇନ୍‌ଷ୍ଟ୍ରକ୍ଟର ଜନ କେସେଲ ଓ ଜାନା କୁଲାନଙ୍କ ତତ୍ତ୍ୱାବଧାନରେ ହେବାକୁଥିବା ଏହି ପ୍ରୋଗ୍ରାମର ଲକ୍ଷ୍ୟ ହେଉଛି ବିଶ୍ୱସ୍ତରୀୟ ଟ୍ରେନିଂ ମାଧ୍ୟମରେ ମହିଳା କୋଚ୍‌ଙ୍କୁ ସଶକ୍ତ କରିବା।

୭୨ତମ ଜାତୀୟ ସିନିୟର ଭଲିବଲ ଚାମ୍ପିୟନଶିପ୍ ଉତ୍ତର ପ୍ରଦେଶର ବାରାଣସୀରେ ୨୦୨୬ ଜାନୁଆରୀ ୪ରୁ ୧୧ ପର୍ଯ୍ୟନ୍ତ ଅନୁଷ୍ଠିତ ହେବ। ଏହି ଟୁର୍ଣ୍ଣାମେଣ୍ଟ ଲାଗି ପ୍ରସ୍ତୁତ ହେବାକୁ ରାଜ୍ୟ ଚାମ୍ପିୟନଶିପ୍ ପାରାଦୀପ ପୋର୍ଟରେ ଆୟୋଜନ ପାଇଁ ମଧ୍ୟ ନିଷ୍ପତ୍ତି ହୋଇଛି। ଓଭିଏ ସଭାପତି ତଥା କିଟ୍ ଓ କିସ୍‌ର ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତଙ୍କ ଅନୁପସ୍ଥିତିରେ କାର୍ଯ୍ୟକାରୀ ସଭାପତି କମଳାକାନ୍ତ ପାଣ୍ଡେ ବୈଠକରେ ସଭାପତିତ୍ୱ କରିଥିଲେ। ଓଭିଏ ସମ୍ପାଦକ ଗଗନେନ୍ଦୁ ଦାଶ କାର୍ଯ୍ୟକ୍ରମ ପରିଚାଳନା କରିବା ସହ ବାର୍ଷିକ ବିବରଣୀ ପାଠ କରିଥିଲେ। ବୈଠକ ପୂର୍ବରୁ ଓଭିଏର ପୂର୍ବତନ ଉପସଭାପତି ଜନାର୍ଦ୍ଦନ ଦାଶଙ୍କ ସ୍ମୃତିରେ ୨ ମିନିଟ ନୀରବ ପ୍ରାର୍ଥନା କରାଯାଇଥିଲା। ଉକ୍ତ ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଓଡ଼ିଶା ଅଲିମ୍ପିକ୍ସ ଆସୋସିଏଶନ ସମ୍ପାଦକ ଅଭିଜିତ ପାଲ, ଓଭିଏ ଉପସଭାପତି ସୟଦ ଆକମଲ ଅଲୀ, ବିଜୟ କୁମାର ଧଳ, ଶିବ ପ୍ରସାଦ ତ୍ରିପାଠୀ, ରବୀନ୍ଦ୍ର କୁମାର ଦାସ, ଭବାନୀ ପ୍ରସାଦ ପଣ୍ଡା, ମନୋରଞ୍ଜନ ଜିଓ, ବ୍ରହ୍ମାନନ୍ଦ ସାମନ୍ତରାୟ, ଯୁଗ୍ମ ସମ୍ପାଦକ ଆଦିତ୍ୟ କୁମାର ଆଚାର୍ଯ୍ୟ, ଜଗଦୀଶ ଚନ୍ଦ୍ର ବେହେରା ଓ କୋଷାଧ୍ୟକ୍ଷ ସୁଧାଂଶୁ ଭୂଷଣ ମିଶ୍ର ପ୍ରମୁଖ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ। ରାଜ୍ୟ ଭଲିବଲ ଚାମ୍ପିୟନଶିପ୍‌କୁ ଜୋନାଲ ଫର୍ମାଟରେ ଆୟୋଜନ ପାଇଁ ପ୍ରସ୍ତାବ ଆସିଥିବାରୁ ଏହାକୁ ତର୍ଜମା କରିବା ପାଇଁ ଏକ କମିଟି ଗଠନ କରାଯାଇଥିଲା।

# ଓଡ଼ିଶାର ପୁଣି ବ୍ୟାଟିଂ ବିପର୍ଯ୍ୟୟ

**ଭୁବନେଶ୍ୱର, ୯।୧୧ (ତପନ ସ୍ୱାଇଁ)**

**ରଣଜୀ ଟ୍ରଫି**

**ଦ୍ୱିତୀୟ ଦିବସରେ ୧୧ ଉଇକେଟର ପତନ**

ଚଳିତ ରଣଜୀ ଟ୍ରଫି କ୍ରିକେଟ ସିଜନରେ ଓଡ଼ିଶା ଦଳର ଖରାପ ବ୍ୟାଟିଂ ଜାରି ରହିଛି। ନାଗପୁରରେ ଚାଲିଥିବା ବିଦର୍ଭ ବିପକ୍ଷ ଏଲିଟ ଗ୍ରୁପ୍ 'ଏ' ମ୍ୟାଚରେ ଓଡ଼ିଶା ବ୍ୟାଟିଂ ବିପର୍ଯ୍ୟୟର ସମ୍ମୁଖୀନ ହୋଇଛି। ରବିବାର ଦ୍ୱିତୀୟ ଦିବସ ଶେଷ ବେଳକୁ ଓଡ଼ିଶା ପ୍ରଥମ ଇନିଂସରେ ୧୨୨ ରନ ମଧ୍ୟରେ ୬ ଉଇକେଟ ହରାଇ ସାରିଛି। ଫଳରେ ବିଦର୍ଭର ପ୍ରଥମ ଇନିଂସ ସ୍କୋର (୨୮୬ ରନ)ଠାରୁ ଓଡ଼ିଶା ଆହୁରି ୧୬୪ ରନ ପଛରେ ରହିଛି। ସମସ୍ତ ସ୍ପେଶାଲିଷ୍ଟ ବ୍ୟାଟର ଆଉଟ ହୋଇ ସାରିଥିବାରୁ ଏହି ମ୍ୟାଚରେ ଓଡ଼ିଶା ପ୍ରଥମ ଇନିଂସ ପଛୁଆ ରହିବା ଏକପ୍ରକାର ନିଶ୍ଚିତ ହୋଇଯାଇଛି। ଦ୍ୱିତୀୟ ଦିବସରେ ମୋଟ ୧୧ଟି ଉଇକେଟର ପତନ ଘଟିଛି। ପ୍ରକାଶଯୋଗ୍ୟ ଯେ, ଖରାପ ପ୍ରଦର୍ଶନ କାରଣରୁ ଓଡ଼ିଶା ଏହାର ପ୍ରଥମ ୩ ମ୍ୟାଚରୁ ୨ଟିରେ ପରାଜୟ ବରଣ କରିଥିବାବେଳେ ଅନ୍ୟ ମ୍ୟାଚଟି ଡ୍ର ରଖିଥିଲେ ହେଁ ପ୍ରଥମ ଇନିଂସ ପଛୁଆ ରହିବା କାରଣରୁ ମାତ୍ର ୧ ପଏଣ୍ଟ ପାଇଛି।

ପ୍ରଥମ ଦିବସର ଅସମାପ୍ତ ସ୍କୋର ୨୩୪/୫ରୁ ଖେଳ ଆରମ୍ଭ କରିଥିବା ବିଦର୍ଭ ଆଉ ୫୨ ରନ ଯୋଡ଼ି ଅବଶିଷ୍ଟ ୫ ଉଇକେଟ ହରାଇଥିଲା। ପୂର୍ବ ଦିନ ୧୨୮ ରନରେ ଅପରାଜିତ ରହିଥିବା ଧ୍ରୁବ ଶୋରେ ମୋଟ ୧୪୪ ରନକରି ଆଉଟ ହୋଇଥିଲେ। ଶେଷଭାଗ ବ୍ୟାଟରଙ୍କୁ ଅଧିକ ସମୟ ତିଷ୍ଠିବାକୁ ଦେଇ ନ ଥିଲେ ଓଡ଼ିଶା ବୋଲର। ଭ୍ରମଣକାରୀ ଦଳ ପକ୍ଷରୁ ସମ୍ବିତ ବରାଳ ସର୍ବାଧିକ ୩ଟି, ବାଦଲ ବିଶ୍ୱାଳ, ରାଜେଶ ମହାନ୍ତି ଓ ତାପସ ଦାସ ୨ଟି ଲେଖାଏ ଏବଂ ଜାମଲା ମହାପାତ୍ର ଗୋଟିଏ ଉଇକେଟ ନେଇଥିଲେ।

ଘରୋଇ ପିଚ୍‌ରୁ ଫାଇଦା ଉଠାଇ ବିଦର୍ଭ ବୋଲରମାନେ ଓଡ଼ିଶାକୁ ଭଲ ଆରମ୍ଭ ହେବାକୁ ଦେଇ ନ ଥିଲେ। ୩୩ ରନ ମଧ୍ୟରେ ୨ଟି ଉଇକେଟ ହରାଇ ଓଡ଼ିଶା ବ୍ୟାକ୍‌ଫୁଟକୁ ଚାଲି ଯାଇଥିଲା। ଦୁଇ ଓପନର ଗୌରବ ଚୌଧୁରୀ ୨୪ ଓ ସ୍ୱସ୍ତିକ ସାମଲ ୯ ରନ କରିବାକୁ ସକ୍ଷମ ହୋଇଥିଲେ। ସନ୍ଦୀପ ପଟ୍ଟନାୟକ ମଧ୍ୟ ମାତ୍ର ୧୬ ରନ କରିବାକୁ ସକ୍ଷମ ହୋଇଥିଲେ। ରାଜେଶ ଧୂପର(୮)ଙ୍କୁ ପ୍ୟାଭିଲିୟନ ପଠାଇ ଯଶ କଦମ ଏବଂ ଅଧିନାୟକ ଶୁଭ୍ରାଂଶୁ ସେନାପତିଙ୍କୁ ଆଉଟ କରି ଗୌରବ ଫର୍ଦେ ପ୍ରଥମଶ୍ରେଣୀ କ୍ରିକେଟ କ୍ୟାରିୟରରେ ନିଜ ନିଜର ପ୍ରଥମ ଉଇକେଟ ହାସଲ କରିଥିଲେ। ଆତ୍ମବିଶ୍ୱାସରେ ଥିବାପରି ଲାଗୁଥିବା ଶୁଭ୍ରାଂଶୁ ୧୧୨ ବଲ୍‌ରୁ ୪୧ ରନ କରିଥିବାବେଳେ ଫର୍ଦେଙ୍କ ବଲ୍‌ରେ ବୋଲ୍ଡ ହୋଇ ଯାଇଥିଲେ। ୫ ଉଇକେଟ ପତନ ହୋଇଯିବାରୁ ଅଭିଜ୍ଞ ଗୋବିନ୍ଦ ପୋଦ୍ଦାରଙ୍କ ନିକଟରୁ ଦଳ ଅନେକ କିଛି ଆଶା କରୁଥିଲା। ମାତ୍ର ସେ ୧୭ ରନ କରିଥିବାବେଳେ ଫର୍ଦେଙ୍କ ବଲ୍‌ରେ ଉଇକେଟ କିପର ଅକ୍ଷୟ ୱାଡକରଙ୍କୁ କ୍ୟାଚ ଦେଇ କ୍ରିଜ୍ ଛାଡ଼ିଥିଲେ। ଫଳରେ ଓଡ଼ିଶା ସ୍କୋର ୧୨୨/୬ ହୋଇଯିବା ସହ ଅମ୍ପାୟର ଷ୍ଟମ୍ପ ନିଷ୍ପତ୍ତି ନେଇଥିଲେ। ସେତେବେଳେ ସମ୍ବିତ ବରାଳ ୨ ରନରେ ଅପରାଜିତ ରହିଥିଲେ। ବିଦର୍ଭ ବୋଲରଙ୍କ ମଧ୍ୟରୁ ଗୌରବ ଫର୍ଦେ ୨ଟି ଏବଂ ପାର୍ଥ ରେଖାଦେ, ନଚିକେତ ଭୁତେ, ପ୍ରଫୁଲ୍ଲ ହିଙ୍ଗେ ଓ ଯଶ କଦମ ଗୋଟିଏ ଲେଖାଏ ଉଇକେଟ ନେଇଥିଲେ।

**ସଂକ୍ଷିପ୍ତ ସ୍କୋର**

ଓଡ଼ିଶା ପ୍ରଥମ ଇନିଂସ: ୨୮୬/ଅଲଆଉଟ (ଧ୍ରୁବ ଶୋରେ-୧୪୪, ରବିକୁମାର ସମର୍ଥ-୪୯, ସମ୍ବିତ ବରାଳ-୩/୬୯, ରାଜେଶ ମହାନ୍ତି-୨/୫୭, ତାପସ ଦାସ-୨/୩୩, ବାଦଲ ବିଶ୍ୱାଳ-୨/୨୭, ଜାମଲା ମହାପାତ୍ର-୧/୪୪)। ଓଡ଼ିଶା ପ୍ରଥମ ଇନିଂସ: ୧୨୨/୬ (ଶୁଭ୍ରାଂଶୁ ସେନାପତି-୪୧, ଗୌରବ ଫର୍ଦେ-୨/୨୦, ପାର୍ଥ ରେଖାଦେ-୧/୨୯, ନଚିକେତ ଭୁତେ-୧/୨୮, ପ୍ରଫୁଲ୍ଲ ହିଙ୍ଗେ-୧/୨୫, ଯଶ କଦମ-୧/୧୫)।

# ପ୍ରଥମଶ୍ରେଣୀ କ୍ରିକେଟରେ ଦ୍ରୁତତମ ଅର୍ଦ୍ଧଶତକ



ଆକାଶ କୁମାର ଚୌଧାରୀ

**ସୁରଟ, ୯।୧୧ (ପି.ଟି.)**

**୮ କ୍ରମାଗତ ଛକା, ୧୧ ବଲ୍‌ରେ ଅର୍ଦ୍ଧଶତକ**

ମେଘାଳୟର ଆକାଶ କୁମାର ଚୌଧାରୀ କ୍ରମାଗତ ୮ ଛକା ମାରି ପ୍ରଥମ ଶ୍ରେଣୀ କ୍ରିକେଟରେ ଏକ ନୂଆ ରେକର୍ଡ କରିଥିବା ବେଳେ ମାତ୍ର ୧୧ ବଲ୍‌ରେ ଦ୍ରୁତ ଅର୍ଦ୍ଧଶତକ ହାସଲ କରି ଏହି ଫର୍ମାଟରେ ଅନ୍ୟ ଏକ ନୂଆ ରେକର୍ଡର ଅଧିକାରୀ ହୋଇପାରିଛନ୍ତି। ଏଠାରେ ଅରୁଣାଚଳ ପ୍ରଦେଶ ବିପକ୍ଷରେ ଏକ ରଣଜୀ ଟ୍ରଫି ପ୍ଲେଟ୍ ଗ୍ରୁପ୍ ମ୍ୟାଚରେ ସେ ଏହି କୀର୍ତ୍ତିମାନ ଅର୍ଜନ କରିଛନ୍ତି। ସ୍ଥାନୀୟ ସି.କେ. ପିଠାୱାଲା ଗ୍ରାଉଣ୍ଡଠାରେ ମ୍ୟାଚର ଦ୍ୱିତୀୟ ଦିବସରେ ୮ନମ୍ବର ସ୍ଥାନରେ ବ୍ୟାଟିଂ କରିବାକୁ ଆସିଥିବା ୨୫ବର୍ଷୀୟ ଚୌଧାରୀ ଏହି ଚମକପ୍ରଦ ସଫଳତା ହାସଲ କରିଛନ୍ତି। ସେ ୧୪ବଲ୍‌ରେ ୫୦ ରନ କରି ଅପରାଜିତ ରହିଥିଲେ। ତାଙ୍କର ଏହି ଅର୍ଦ୍ଧଶତକ ସହାୟତାରେ ମେଘାଳୟ ଏହାର ପ୍ରଥମ ଇନିଂସ ୬୨୮/୬ରେ ଘୋଷଣା କରିଥିଲା। ଚୌଧାରୀ ପ୍ରଥମ ଶ୍ରେଣୀରେ ଦ୍ରୁତତମ ଅର୍ଦ୍ଧଶତକ ହାସଲରେ ରହିଥିବା ପୁରୁଣା ରେକର୍ଡକୁ ଭଙ୍ଗ କରିଦେଇଛନ୍ତି। ପୂର୍ବରୁ ଏହି ରେକର୍ଡ ଲିସେଷ୍ଟରଶାୟାର ୱେନ୍ ହ୍ୱାଇଟ୍‌ଙ୍କ ନାମରେ ରହିଥିଲା। ସେ ୨୦୧୨ରେ ଏସେକ୍ସ ବିପକ୍ଷ ମ୍ୟାଚରେ ମାତ୍ର ୧୨ଟି ବଲ୍‌ରେ ଅର୍ଦ୍ଧଶତକ ହାସଲ କରିଥିଲେ। ସେ ଆହୁରି ମଧ୍ୟ ପ୍ରଥମ ଶ୍ରେଣୀ କ୍ରିକେଟର କ୍ରମାଗତ ୬ ଛକା ଲଗାଇବାରେ ତୃତୀୟ ଖେଳାଳି। ଅନ୍ୟ ଦୁଇ ଜଣ ହେଲେ କିମ୍ବଦନ୍ତୀ ସାର୍ ଗାର୍‌ଫିଲ୍ଡ ସୋବର୍ସ ଏବଂ ଭାରତର ରବି ଶାସ୍ତ୍ରୀ।

# ପ୍ରେସିଡେଣ୍ଟ୍ସ ଟ୍ରଫି ଗଲ୍ଫ; ଅସିତ, ଲକ୍ଷ୍ମୀ ଚାମ୍ପିୟନ



ମହିଳା ବର୍ଗ ଚାମ୍ପିୟନ ଲକ୍ଷ୍ମୀ ସ୍ୱାଇଁ ପୁରସ୍କାର ଗ୍ରହଣ କରୁଛନ୍ତି।

**ଭୁବନେଶ୍ୱର, ୯।୧୧ (ତପନ ସ୍ୱାଇଁ)**

ଭୁବନେଶ୍ୱର ଗଲ୍ଫ କ୍ଲବ ଆନୁକୂଲ୍ୟରେ ଏଠାରେ ପ୍ରେସିଡେଣ୍ଟ୍ସ ଟ୍ରଫି ଗଲ୍ଫ ଟୁର୍ଣ୍ଣାମେଣ୍ଟ ରବିବାର ଉଦ୍‌ଯାପିତ ହୋଇଯାଇଛି। ୩ ଦିନ ବିଶିଷ୍ଟ ଏହି ପ୍ରତିଯୋଗିତାର ୦-୧୬ ହାଣ୍ଡିକାପ ବର୍ଗରେ ଅସିତ ତ୍ରିପାଠୀ ଚାମ୍ପିୟନ ଓ ଦିଗ୍‌ବିଜୟ ସିଂ ରନରଅପ୍ ହୋଇଛନ୍ତି। ବେଷ୍ଟ ଗ୍ରସ୍ ବିବେଚିତ ହୋଇଛନ୍ତି କ୍ୟାପ୍‌ଟେନ ସୁଭାଷ ଦାସ। ସେହିପରି ୧୭-୨୪ ହାଣ୍ଡିକାପ ବିଭାଗରେ ଧନଞ୍ଜୟ ବୋଷ ଓ ପି.ଭି. ମୋହନ ଯଥାକ୍ରମେ ଚାମ୍ପିୟନ ଓ ରନରଅପ୍ ହୋଇଛନ୍ତି। ମହିଳା ବର୍ଗରେ ଲକ୍ଷ୍ମୀ ସ୍ୱାଇଁ ଓ ସୁପର୍ଣ୍ଣା ପଣ୍ଡା ଯଥାକ୍ରମେ ଚାମ୍ପିୟନ ଓ ରନରଅପ୍ ଟ୍ରଫି ହାସଲ କରିଛନ୍ତି। ସିନିୟର ବିଭାଗରେ ବ୍ରିଗେଡିୟର କେ.ସି. ବେହେରା ଚାମ୍ପିୟନ ଓ ସୂର୍ଯ୍ୟକାନ୍ତ ମିଶ୍ର ରନରଅପ୍ ହୋଇଛନ୍ତି।

# ପ୍ରମୋଦଙ୍କୁ ୩ ସ୍ୱର୍ଣ୍ଣ ପଦକ

**ଭୁବନେଶ୍ୱର, ୯।୧୧ (ତପନ ସ୍ୱାଇଁ)**

**ଜାପାନ ପାରା ବ୍ୟାଡ୍‌ମିଣ୍ଟନ**



ପଦକ ସହ ପ୍ରମୋଦ ଭଗତ।

ଜାପାନର ଟୋକିଓରେ ଅନୁଷ୍ଠିତ ହୁଲିକ୍ ଦାଇହାତସୁ ଜାପାନ ପାରା ବ୍ୟାଡ୍‌ମିଣ୍ଟନ ଟୁର୍ଣ୍ଣାମେଣ୍ଟରେ ଓଡ଼ିଶାର ପ୍ରମୋଦ ଭଗତ ୩ ସ୍ୱର୍ଣ୍ଣ ପଦକ ହାସଲ କରିଛନ୍ତି। ଗତ ୫ରୁ ୯ ପର୍ଯ୍ୟନ୍ତ ଅନୁଷ୍ଠିତ ପ୍ରତିଯୋଗିତାରେ ପ୍ରମୋଦ ସିଙ୍ଗଲ୍ସ, ଡବଲ୍ସ ଓ ମିକ୍ସଡ ଡବଲ୍ସରେ ଏହି ସଫଳତା ପାଇଛନ୍ତି। ଏସ୍‌ଏଲ୍‌୩ ସିଙ୍ଗଲ୍ସ ଫାଇନାଲରେ ସେ ଜାପାନର ଦାଇସୁକେ ଫୁଜିହାରାଙ୍କୁ ୧୭-୨୧, ୨୧-୧୯, ୨୧-୧୦ରେ ହରାଇଥିଲେ। ଏସ୍‌ଏଲ୍‌୩-ଏସ୍‌ଏଲ୍‌୪ ପୁରୁଷ ଡବଲ୍ସ ଫାଇନାଲରେ ପ୍ରମୋଦ ଓ ସୁକାନ୍ତ କଦମଙ୍କ ଯୋଡ଼ି ଅନ୍ୟତମ ଭାରତୀୟ ଯୋଡ଼ି ଜଗଦୀଶ ଦେଲ୍ଲି ଓ ନବୀନ ଶିବକୁମାରଙ୍କୁ ୨୧-୧୭, ୧୮-୨୧, ୨୧-୧୬ରେ ପରାସ୍ତ କରିଥିଲେ। ସେହିପରି ମିକ୍ସଡ ଡବଲ୍ସ ଫାଇନାଲରେ ଏସ୍‌ଏଲ୍‌୩-ଏସ୍‌ୟୁ୫ ମିକ୍ସଡ ଡବଲ୍ସ ଫାଇନାଲରେ ପ୍ରମୋଦ ଓ ମନୀଷା ରାମଦାସଙ୍କ ଯୋଡ଼ି ଭାରତୀୟ ଯୋଡ଼ି ନୀତେଶ କୁମାର ଓ ଥୁଲସିମଥି ମୁରୁଗେଶନଙ୍କୁ ୨୧-୧୯, ୨୧-୧୯ରେ ହରାଇ ଦେଇଥିଲେ। ତେଣୁ ପ୍ରତିଯୋଗିତାରେ ଭାରତୀୟ ଖେଳାଳିମାନେ ହିଁ ପ୍ରାଧାନ୍ୟ ବିସ୍ତାର କରିଥିବା ପରିଲକ୍ଷିତ ହୋଇଥିଲା। ପାରା ସ୍ପୋର୍ଟ୍ସ ଆସୋସିଏଶନ ଅଫ୍ ଓଡ଼ିଶା ପକ୍ଷରୁ ପ୍ରମୋଦଙ୍କୁ ଅଭିନନ୍ଦନ ଜ୍ଞାପନ କରାଯାଇଛି।

# ଓଡ଼ିଶା ଓପନ ଟେନିସ ଉଦ୍‌ଯାପିତ

**ଭୁବନେଶ୍ୱର, ୯।୧୧ (ତପନ ସ୍ୱାଇଁ)**

ଖୋର୍ଦ୍ଧା ଜିଲା ଟେନିସ ଆସୋସିଏଶନ (କେଡିଟିଏ) ଆନୁକୂଲ୍ୟରେ ମେଜର ସନ୍ଦୀପ ମହାପାତ୍ର ସ୍ମାରକୀ ଓଡ଼ିଶା ଓପନ ଟେନିସ ଟୁର୍ଣ୍ଣାମେଣ୍ଟ ରବିବାର ଉଦ୍‌ଯାପିତ ହୋଇଛି। ୮ ଓ ୯ ତାରିଖ ଦୁଇଦିନ ଧରି ଅନୁଷ୍ଠିତ ପ୍ରତିଯୋଗିତାରେ ସିନିୟର ପୁରୁଷ ୪୫+ ଡବଲ୍ସ, ୫୫+ ଡବଲ୍ସ ଓ ୬୫+ ଡବଲ୍ସ ଟୁର୍ଣ୍ଣାମେଣ୍ଟ ଅନୁଷ୍ଠିତ ହୋଇଥିଲା। ୪୫+ ଡବଲ୍ସରେ ବିବେକ ତିବରୱାଲ-ଶାଶ୍ୱତ ଜେନା ଯୋଡ଼ି ଚାମ୍ପିୟନ ଓ ଗୁଲିଭର ଲୋଇ-ଅରୁଣ କୁମାର ନାୟକ ରନରଅପ୍ ହୋଇଛନ୍ତି। ୫୫+ ଡବଲ୍ସ ଫାଇନାଲରେ ପି.କେ. ମିଶ୍ର-ମନୋଜ ଭଟ୍ଟାଚାର୍ଜୀ ପ୍ରତିପକ୍ଷ ଏସ୍.ଏସ୍. ରଥ ଓ ଅଜୟ ସାହୁଙ୍କୁ ପରାସ୍ତ କରିଛନ୍ତି। ସେହିପରି ୬୫+ ଡବଲ୍ସ ଫାଇନାଲରେ ସୁଶୀଲ କୁମାର ମିଶ୍ର ଓ ପ୍ରଭାତ କୁମାର ବକ୍ସି ଯୋଡ଼ିଙ୍କୁ ହାଇ ଏସ୍.ଏସ୍. ରଥ ଓ ବି.ଏନ୍. ମହାନ୍ତି ଯୋଡ଼ି ଚାମ୍ପିୟନ ହୋଇଛନ୍ତି। ଓଡ଼ିଶା ରିୟଲ ଇଷ୍ଟେଟ ରେଗୁଲେଟୋରି ଅଥରିଟି ଚେୟାରମ୍ୟାନ ଅସିତ ମହାପାତ୍ର ମୁଖ୍ୟ ଅତିଥି ଏବଂ ଲଳିତ ଦାସ ସମ୍ମାନିତ ଅତିଥିଭାବେ ଯୋଗଦେଇ ପୁରସ୍କାର ପ୍ରଦାନ କରିଥିଲେ। କେଡିଟିଏ ସଭାପତି ମଧୁସୂଦନ ପାଢ଼ୀ, ସମ୍ପାଦକ ଅସିତ ପ୍ରଧାନ, କାର୍ଯ୍ୟକାରୀ ସଭାପତି ଦାମୋଦର ପ୍ରଧାନୀ ପ୍ରମୁଖ ଉପସ୍ଥିତ ଥିଲେ।

# ସ୍କୁଲ୍ସ ଓପନ ଚେସ୍: ଦିବ୍ୟାଂଶ ଚାମ୍ପିୟନ

**ଭୁବନେଶ୍ୱର, ୯।୧୧ (ତପନ ସ୍ୱାଇଁ)**

ଓଡ଼ିଶା ରାଜ୍ୟ ଚେସ୍ ଆସୋସିଏଶନ ଆନୁକୂଲ୍ୟରେ ୪ର୍ଥ ସନ୍ତୋଷ କୁମାର ସିଂ ସ୍ମାରକୀ ସ୍କୁଲ୍ସ ଓପନ ଚେସ୍ ରବିବାର ଅନୁଷ୍ଠିତ ହୋଇଯାଇଛି। ୫ ରାଉଣ୍ଡ ବିଶିଷ୍ଟ ପ୍ରତିଯୋଗିତାରେ ଦିବ୍ୟାଂଶ ନାୟକ ଓ ସାଇ କ୍ରିଷ୍ଣା ସାମଲ ୪.୫ ପଏଣ୍ଟ ଲେଖାଏ ପାଇ ଯଥାକ୍ରମେ ଚାମ୍ପିୟନ ଓ ରନରଅପ୍ ହୋଇଛନ୍ତି। ଓମ୍ ଶତପଥୀ, ମନୀଷ କୁମାର ଦାସ ଓ ସ୍ଥିତପ୍ରଜ୍ଞ ପଟ୍ଟନାୟକ ୪ ପଏଣ୍ଟ ସହିତ ପରବର୍ତ୍ତୀ ୩ ସ୍ଥାନରେ ରହିଛନ୍ତି। ଅନ୍ୟ କୃତୀ ପ୍ରତିଯୋଗୀଙ୍କୁ ଏଜ୍ ଗ୍ରୁପ୍ ଏବଂ ସ୍ୱତନ୍ତ୍ର ପୁରସ୍କାରରେ ସମ୍ମାନିତ କରାଯାଇଥିଲା। କେଶୁରାସ୍ଥିତ ରୟାଲ ପବ୍ଲିକ୍ ସ୍କୁଲ ପ୍ରିନ୍ସିପାଲ ସର୍ବେଶ୍ୱର ସାମଲ ପ୍ରତିଯୋଗିତାକୁ ଉଦ୍‌ଘାଟନ କରିଥିଲେ। ଶେଷରେ ଭାଇସ୍ ପ୍ରିନ୍ସିପାଲ ପାରମିତା ସାହୁ ଓ ଆୟୋଜକ ଆସୋସିଏଶନ ନିର୍ଦ୍ଦେଶକ ଦେବାଶିଷ ପାଣିଗ୍ରାହୀ ଉପସ୍ଥିତ ରହି ପୁରସ୍କାର ପ୍ରଦାନ କରିଥିଲେ।



ସ୍କୁଲ୍ସ ଓପନ ଚେସ୍‌ର କୃତୀ ପ୍ରତିଯୋଗୀମାନେ ଅତିଥିଙ୍କ ସହ।

# ଏଟିପି ଫାଇନାଲ୍ସରୁ ଓହରିଲେ ଜୋକୋଭିଚ୍

**ଏଥେନ୍ସ, ୯।୧୧ (ଏପି)**

ସର୍ବୀୟ ଟେନିସ ଷ୍ଟାର ନୋଭାକ୍ ଜୋକୋଭିଚ୍ କ୍ରମାଗତ ଦ୍ୱିତୀୟ ବର୍ଷ ଏଟିପି ଫାଇନାଲ୍ସରୁ ଓହରି ଯାଇଛନ୍ତି। ଜୋକୋଭିଚ୍ କହିଛନ୍ତି, କାନ୍ଧରେ ଆଘାତପ୍ରାପ୍ତ ଯୋଗୁ ସେ ଶ୍ରେଷ୍ଠ ପୁରୁଷ ଟେନିସ ୮ ଖେଳାଳିଙ୍କୁ ନେଇ ଅନୁଷ୍ଠିତ ହୋଇ ଆସୁଥିବା ସିଜନ ଶେଷ ଇଭେଣ୍ଟରୁ ଓହରିଯାଇଛନ୍ତି। ଟୁର୍ଣ୍ଣାମେଣ୍ଟ ଇଟାଲୀର ତୁରିନଠାରେ ରବିବାର ଆରମ୍ଭ ହୋଇଛି। ଏହି ନିଷ୍ପତ୍ତି ଯୋଗୁ ଜୋକୋଭିଚ୍‌ଙ୍କ ସ୍ଥାନ ମୁସେଟିଙ୍କୁ ମିଳିଛି।




Printed and published by Adyasha Satpathy on behalf of Navajat Printers & Media Pvt. Ltd. and printed at Navajat Printers, S-3/5, Industrial Estate, Angul. Editor- Tathagata Satpathy, ସମ୍ପାଦକ– ତଥାଗତ ସତପଥୀ